

ୱାର୍ଲ୍ଡ ବକ୍ସିଂ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣ ଜିଣିଲେ
**ଜଇସ୍ମିନ-ମୀନାକ୍ଷୀ**

▸କ୍ରୀଡ଼ା ପୃଷ୍ଠାରେ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
## THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-82 ◆MONDAY ◆15 SEPTEMBER 2025 ◆PAGE-12 ◆₹ 6.00

JEYPORE

◆ବର୍ଷ-୪୩ ◆ସଂଖ୍ୟା-୮୨ ◆ସୋମବାର ◆୧୫ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



www.metrogroup.ind.in

**METRO GROUP**

90 900 484 84

CELEBRATING 33 Years

33 YEARS OF BUILDING LANDMARKS, SHAPING ODISHA

80+ SIGNATURE PROJECTS

10,000+ FAMILIES SERVED

5+ MILLION SQ.FT. IN ACTIVE DEVELOPMENT

5X TIMES BUSINESS AWARD - EXCELLENCE IN REAL ESTATE

*For over three decades, Metro Group has been more than a developer - we have been a partner in creating homes, spaces and futures . From landmark projects in Odisha to communities across the state, Your trust has been our greatest achievement.*




*Thank You for Your Unwavering Trust !*

THE JOURNEY CONTINUES...

ORERA Regn No. : RP/19/2024/01115 | rera.odisha.gov.in | ORERA Regn No. : Phase1- MP/19/2022/00770

ସକାଳ
THE SAKALA


# ଶାରଦୀୟ ଆରାଧନା

# ଶକ୍ତିପୀଠରେ ମା'ଙ୍କ ଷୋଡ଼ଶ ଉପଚାର ଆରମ୍ଭ


ଯାଜପୁରରେ ମା' ବିରଜା


କଟକରେ ମା' କଟକ ଚଣ୍ଡୀ


କାକଟପୁରରେ ମା' ମଙ୍ଗଳା


ଝଙ୍କଡ଼ରେ ମା' ଶାରଳା


ସମ୍ବଲପୁରରେ ମା' ସମଲେଶ୍ୱରୀ

## ବାଇକ୍‌କୁ ଧକ୍କା ଦେଲା ଟ୍ରେଲର

# ସ୍ତ୍ରୀ ଆଗରେ ଚାଲିଗଲେ ସ୍ୱାମୀ

### ଉତ୍ତ୍ୟକ୍ତ ଲୋକଙ୍କ ଜାତୀୟ ରାଜପଥ ଅବରୋଧ



ସାରସକଣା,୧୪।୯ (ସମିସ): ସ୍ତ୍ରୀ ଆଖି ଆଗରେ ଚାଲିଗଲା ସ୍ୱାମୀଙ୍କ ଜୀବନ। ସାରସକଣା ବ୍ଲକ୍ ଝାରପୋଖରିଆ ଥାନା ଅଧୀନ ୧୮ ଓ ୪୯ ନଂ. ଜାତୀୟ ରାଜପଥର ମିଳନସ୍ଥଳ ବମ୍ବେ ଛକ ଓଭରବ୍ରିଜ୍ ତଳ ସର୍ଭିସ୍ ରୋଡ୍‌ରେ ଆଜି ଏହି ଅଘଟଣ ଘଟିଛି। ମୃତକ ହେଲେ, ଚାନ୍ଦୁଆ ଥାନା ଅନ୍ତର୍ଗତ ରଜାବସା ଗ୍ରାମର ସୁରେଶ ବିନ୍ଧାଣି (୩୫)।

ସୂଚନାନୁସାରେ, ସୁରେଶଙ୍କ ଶ୍ୱଶୁରଘର ଝାରଖଣ୍ଡ ରାଜ୍ୟ ଘୋଡ଼ାବାନ୍ଧା ଥାନା ମାଙ୍କଡି ଗ୍ରାମରେ। ଆଜି ସେ ଶ୍ୱଶୁରଘରୁ ସ୍ତ୍ରୀଙ୍କୁ ନେଇ ବାଇକ୍‌ରେ ଫେରୁଥିବା ବେଳେ ବମ୍ବେ ଛକ ଓଭରବ୍ରିଜ୍ ନିକଟରେ ଏକ ଲୁହାବୋଝେଇ ଟ୍ରେଲର୍ ତାଙ୍କୁ ଧକ୍କା ଦେଇଥିଲା। ଏଥିରେ ସୁରେଶଙ୍କ ଘଟଣାସ୍ଥଳରେ ମୃତ୍ୟୁ ଘଟିଥିବା ବେଳେ ସ୍ତ୍ରୀ ଅଳ୍ପକେ ବର୍ତ୍ତି ଯାଇଥିଲେ।

ଏହାକୁ ନେଇ ଘଟଣାସ୍ଥଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଦୀର୍ଘ ଦିନ ଧରି ଅସମ୍ପୂର୍ଣ୍ଣ ଓଭରବ୍ରିଜ୍ ପାଇଁ ବାରମ୍ବାର ଦୁର୍ଘଟଣାରେ ଜୀବନ ଯାଉଥିବା ଅଭିଯୋଗ କରି ଉତ୍ତ୍ୟକ୍ତ ଝାରପୋଖରିଆ ଅଞ୍ଚଳବାସୀ ଜାତୀୟ ରାଜପଥକୁ ଅବରୋଧ କରିଥିଲେ। ଫଳରେ ଶହଶହ ଯାନବାହନ ଚଳାଚଳ ଅଟକି ରହିଥିଲା। ଖବର ପାଇ ଝାରପୋଖରିଆ ଥାନା ଅଧିକାରୀ ପ୍ରଭୁକଲ୍ୟାଣ ଆଚାର୍ଯ୍ୟ ସଦଳବଳେ ଘଟଣାସ୍ଥଳରେ ପହଞ୍ଚି ବିକ୍ଷୋଭକାରୀଙ୍କୁ ବୁଝାସୁଝା କରିଥିଲେ। ପ୍ରତିଦିନ ଦୁଇଜଣ ହୋମ୍‌ଗାର୍ଡଙ୍କୁ ଓଭରବ୍ରିଜ୍ ତଳେ ଡ୍ୟୁଟି କରିବା, ମୁଖ୍ୟ ରାସ୍ତା ଉପରେ ବାରିକେଡ୍ ଦେବା ଏବଂ ହମ୍ପସ ନିର୍ମାଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ସେହିପରି ସାରସକଣା ଅତିରିକ୍ତ ତହସିଲଦାର ରେଡକ୍ରସ୍ ପକ୍ଷରୁ ମୃତକଙ୍କ ପରିବାରକୁ ୨୦ ହଜାର ଟଙ୍କା ସହାୟତା ପ୍ରଦାନ କରିବା ପରେ ପରିସ୍ଥିତି ସ୍ୱାଭାବିକ ହୋଇଥିଲା। ଝାରପୋଖରିଆ ପୁଲିସ ଶବକୁ ବ୍ୟବଚ୍ଛେଦ ପାଇଁ ବାରିପଦା ପଠାଇଥିଲା। ଅପରପକ୍ଷେ, ଦୁର୍ଘଟଣା ଘଟାଇଥିବା ଟ୍ରକ୍‌କୁ ପୁଲିସ୍ ଅଟକ ରଖି ତଦନ୍ତ ଚଳାଇଛି।

## ଦୁର୍ଘଟଣାରେ ୨ ମୃତ

ଯୋଡ଼ା, ୧୪।୯ (ସମିସ): କେନ୍ଦୁଝର ଜିଲ୍ଲା ରୁଗୁଡ଼ି ଥାନା ବାରବାଙ୍କ ଘାଟି ଜଙ୍ଗଲ ନିକଟରେ ଏକ ବାଇକ୍ ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହେବାରୁ ଦୁଇଜଣଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, କୋଇଡ଼ା ଥାନା କାଦଡିହି ଗ୍ରାମର ରାମ ମୁଣ୍ଡା(୨୦) ଓ ସାମୁଏଲ ମୁଣ୍ଡା(୧୬)। ଦୁହେଁ ଏକ ଜନ୍ମଦିନ କାର୍ଯ୍ୟକ୍ରମରେ ଯୋଗଦେଇ ବଡ଼ବିଲରୁ ଘରକୁ ଫେରୁଥିବା ବେଳେ ଏହି ଅଘଟଣ ଘଟିଥିଲା। ବାରବାଙ୍କ ଘାଟି ନିକଟରେ ବାଇକ୍‌ଟି ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ରୁଗୁଡ଼ି ପୁଲିସ ଶବଦ୍ୱୟକୁ ଜବତ କରି କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇବା ସହ ଏନେଇ ଦୁଇଟି ମାମଲା ରୁଜୁ କରି ତଦନ୍ତ ଚଳାଇଛି।

## ବାପାଙ୍କ ଶବ ନେଇ ଆସୁଥିବା ପୁଅ ଶବ ହୋଇଗଲା

ଠାକୁରମୁଣ୍ଡା, ୧୪।୯ (ସମିସ): କଟକରୁ ବାପାଙ୍କ ମୃତଦେହ ଆମ୍ବୁଲାନ୍ସରେ ନେଇ ଫେରୁଥିବା ବେଳେ ବାଟରେ ଦୁର୍ଘଟଣା ନେଇଗଲା ପୁଅର ଜୀବନ। ମୃତ ଯୁବକ ହେଲେ, ମୟୂରଭଞ୍ଜ ଜିଲ୍ଲା ଠାକୁରମୁଣ୍ଡା ବ୍ଲକ୍ ମିଟୁଆଣି ଗ୍ରାମର ଶୁଭ ପ୍ରକାଶ ନାୟକ। ଦିନକରେ ବାପା-ପୁଅଙ୍କ ମୃତ୍ୟୁକୁ ନେଇ ସ୍ଥାନୀୟ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।



ସୂଚନାନୁଯାୟୀ, ଶୁଭଙ୍କ ବାପା ଗୋପବନ୍ଧୁ ନାୟକ (୬୫)ଙ୍କ ଉଚ୍ଚ ରକ୍ତଚାପ ଥିଲା। ଏଥିଯୋଗୁଁ ପ୍ରାୟ ୩ ମାସ ତଳେ ସେ ଘର ସମ୍ମୁଖରେ ପଡ଼ି ଗୁରୁତର ହୋଇଥିଲେ। ଅଧିକ ଚିକିତ୍ସା ପାଇଁ କିଛି ଦିନ ତଳେ ଶୁଭ ତାଙ୍କୁ କଟକର ଏକ ମେଡିକାଲରେ ଭର୍ତ୍ତି କରାଇଥିଲେ। ତେବେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଗୋପବନ୍ଧୁଙ୍କ ମୃତ୍ୟୁ ହୋଇଯାଇଥିଲା। ଆଜି ଶୁଭ ଏକ ଆମ୍ବୁଲାନ୍ସରେ ବାପାଙ୍କ ମୃତଦେହକୁ ଠାକୁରମୁଣ୍ଡା ଆଣୁଥିଲେ। ମଧ୍ୟାହ୍ନ ପ୍ରାୟ ୧୨ଟାରେ ପାଣିକୋଇଲି-ଯାଜପୁର ରୋଡ୍ ମଧ୍ୟରେ ଥିବା ମାଧପୁର ନିକଟରେ ଆମ୍ବୁଲାନ୍ସ ଅଟକିଥିଲା। ଶୁଭ ଆମ୍ବୁଲାନ୍ସରୁ ଓହ୍ଲାଇ ଏକ ଦୋକାନକୁ ପାଣି ଆଣିବାକୁ ରାସ୍ତା ଅତିକ୍ରମ କରୁଥିବା ବେଳେ ଏକ ପିକଅପ୍ ଭ୍ୟାନ୍ ତାଙ୍କୁ ଧକ୍କା ଦେଇଥିଲା। ଗୁରୁତର ଶୁଭଙ୍କୁ ପ୍ରଥମେ ଯାଜପୁର ରୋଡ୍ ଓ ପରେ କଟକ ବଡ଼ ମେଡିକାଲକୁ ନିଆଯାଇଥିଲା। ହେଲେ ସେଠାରେ ପହଞ୍ଚିବା ପୂର୍ବରୁ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

## ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ମାନବାଧିକାର ଆୟୋଗଙ୍କ ନିର୍ଦ୍ଦେଶ

# 'ବେଆଇନ ଶିକ୍ଷାନୁଷ୍ଠାନ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଅ'

ଭୁବନେଶ୍ୱର, ୧୪।୯ (ସମିସ): ବିନା ଅନୁମତିରେ ରାଜ୍ୟ ସାରା ମାଳମାଳ ପ୍ରି-ସ୍କୁଲ୍ ଖୋଲିଛି। ମୌଳିକ ସୁବିଧା ନଥିବା ସତ୍ତ୍ୱେ କୋମଳମତି ଶିଶୁଙ୍କୁ ଶିକ୍ଷାଦାନ ଦିଆଯାଉଛି। କିନ୍ତୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଏନେଇ ନଜର ନାହିଁ। ଏପରି ଅଣ-ସ୍ୱୀକୃତିପ୍ରାପ୍ତ ଏବଂ ବେଆଇନ ଶିକ୍ଷାନୁଷ୍ଠାନ ଉପରେ କାର୍ଯ୍ୟାନୁଷ୍ଠାନ ନେବାକୁ ରାଜ୍ୟ ମାନବାଧିକାର ଆୟୋଗ ନିର୍ଦ୍ଦେଶ ଦେଇଛନ୍ତି। ନ୍ୟାସନାଲ୍ ପ୍ୟାରେଣ୍ଟ ଫେଡେରେସନ୍ ସଭାପତି ଭୂମୋହନ ବେବର୍ତ୍ତା ପଟ୍ଟନାୟକ ଦାୟର କରିଥିବା ମାମଲାର ଶୁଣାଣି କରି ଆୟୋଗ ଏହି ନିର୍ଦ୍ଦେଶ ଦେବା ସହ ସେପ୍ଟେମ୍ବର ୧୫ ତାରିଖ ମଧ୍ୟରେ କାର୍ଯ୍ୟାନୁଷ୍ଠାନ ସମ୍ପର୍କିତ ରିପୋର୍ଟ ଦାଖଲ କରିବାକୁ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

ଅଭିଯୋଗକାରୀ ଶ୍ରୀ ପଟ୍ଟନାୟକ ଦର୍ଶାଇଛନ୍ତି ଯେ ଓଡ଼ିଶା ଶିକ୍ଷା ଆଇନ ଏବଂ ଶିକ୍ଷା ଅଧିକାର ଆଇନକୁ ଉଲ୍ଲଂଘନ କରି ରାଜ୍ୟରେ ପ୍ରାୟ ୧୫ଶହ ବେସରକାରୀ ବିଦ୍ୟାଳୟ ଚାଲୁଛି। ଛାତ୍ରଛାତ୍ରୀଙ୍କ ନିରାପତ୍ତା, ସୁରକ୍ଷା ଏବଂ ଭବିଷ୍ୟତକୁ ବିପଦ ଭିତରକୁ ଠେଲି ଦେଇଛନ୍ତି। ଏପରି କରୁଥିବା ବିଦ୍ୟାଳୟଠାରୁ ଜରିମାନା ଆଦାୟ କରିବା ପାଇଁ ବ୍ୟବସ୍ଥା ରହିଥିଲେ ମଧ୍ୟ କାର୍ଯ୍ୟକାରୀ କରାଯାଉନାହିଁ। ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ୨୦୧୮ ରୁ କ୍ରମାଗତ ଭାବେ ଜିଲ୍ଲା ଶିକ୍ଷାଧିକାରୀ (ଡିଇଓ)ଙ୍କୁ କାର୍ଯ୍ୟାନୁଷ୍ଠାନ ନେବାକୁ ତାଗିଦ୍ କରୁଥିଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ ନିଆଯାଉନାହିଁ। ଏ ସମ୍ପର୍କରେ ନ୍ୟାସନାଲ୍ ପ୍ୟାରେଣ୍ଟ ଫେଡେରେସନ୍ ପକ୍ଷରୁ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ଓ ବିଭାଗୀୟ ସଚିବଙ୍କୁ ବାରମ୍ବାର ଅଭିଯୋଗ ପରେ ମଧ୍ୟ ଟାଳଟୁଳ ନୀତି ଅବଲମ୍ବନ କରାଯାଉଥିବାରୁ ଶ୍ରୀ ପଟ୍ଟନାୟକ ମାନବାଧିକାର କମିଶନଙ୍କ ଦ୍ୱାରସ୍ଥ ହୋଇଥିଲେ।

ଛାତ୍ରଛାତ୍ରୀଙ୍କ ଶିକ୍ଷା ଓ ସୁରକ୍ଷାକୁ ସରକାର ପ୍ରାଥମିକତା ଦେବାକୁ ଫେଡେରେସନ୍ ପକ୍ଷରୁ ଅନୁଷ୍ଠିତ ଏକ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ଉପଦେଷ୍ଟା ନାଗାର୍ଜୁନ ସେଠୀ, ଉପସଭାପତି ସ୍ୱପ୍ନେନ୍ଦୁ ସାମନ୍ତରାୟ, ନିର୍ମଳ ରାଉତ, ସଂପାଦକ ରମେଶ ଭାରତୀ ଏବଂ ସଞ୍ଜୟ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

## ଇଏସ୍ଆଇକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

# କମ୍ପାନୀ ପରିସର ପାଖରେ ସ୍ୱାସ୍ଥ୍ୟ ସୁବିଧା ଯୋଗାଅ

କଟକ, ୧୪।୯(ସମିସ): ଏକ ନିର୍ମାଣ କମ୍ପାନୀ କର୍ମଚାରୀମାନଙ୍କ ପାଇଁ ସେହି ପ୍ରତିଷ୍ଠାନ ନିକଟବର୍ତ୍ତୀ ଅଞ୍ଚଳରେ ଇଏସ୍ଆଇ ହସପିଟାଲ କିମ୍ବା ଡିସପେନସାରୀ ସୁବିଧା ନ ଥିବା ପ୍ରସଙ୍ଗରେ ରୁଜୁ ମାମଲାର ଶୁଣାଣିରେ ପୂର୍ଣ୍ଣଚ୍ଛେଦ ପକାଇଛନ୍ତି ହାଇକୋର୍ଟ। ସମ୍ପୃକ୍ତ ପ୍ରତିଷ୍ଠାନ ନିକଟବର୍ତ୍ତୀ ଅଞ୍ଚଳରେ କର୍ମଚାରୀଙ୍କୁ ଚିକିତ୍ସା ସୁବିଧା ପ୍ରଦାନ ପାଇଁ ରାଜ୍ୟ କର୍ମଚାରୀ ବୀମା ନିଗମ (ଇଏସ୍ଆଇ)କୁ ହାଇକୋର୍ଟ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଅଜୟ କୁମାର ଭ୍ରମରବର ରାୟଙ୍କ ତରଫରୁ ରୁଜୁ ମାମଲାର ଶୁଣାଣି କରି ଜଷ୍ଟିସ ସଂଜୟ କୁମାର ମିଶ୍ର ଏପରି ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ବିଭିନ୍ନ ସମୟରେ ଇଏସ୍ଆଇ ପକ୍ଷରୁ ଜାରି କରାଯାଇଥିବା ନିର୍ଦ୍ଦେଶାବଳୀ ଅନୁସାରେ ଏପରି କାର୍ଯ୍ୟ ୬ ମାସ ମଧ୍ୟରେ କରିବାକୁ ଅଦାଲତ କହିଛନ୍ତି। ଅନ୍ୟପଟରେ ଇଏସ୍ଆଇ ଆଇନର ଧାରା ୮୫-ବି ଅନ୍ତର୍ଗତ ୨୦ ଡିସେମ୍ବର, ୨୦୨୧ ତାରିଖରେ ଆବେଦନକାରୀଙ୍କ ଦାବିକୁ ଖାରଜ କରି ଇଏସ୍ଆଇର ଉପ-ନିର୍ଦ୍ଦେଶକ ପ୍ରଦାନ କରିଥିବା ଆଦେଶକୁ ହାଇକୋର୍ଟ ରଦ୍ଦ କରିଦେଇଛନ୍ତି। ମାମଲାରୁ ପ୍ରକାଶ ଯେ ଆବେଦନକାରୀ ଝାରସୁଗୁଡ଼ା ଜିଲ୍ଲାର ବେଲପାହାଡ଼ ଗୁମାଡେରାରେ ଅବସ୍ଥିତ ମେସର୍ସ ଅଜୟ କନଷ୍ଟ୍ରକ୍ସନର ମାଲିକ। ଇଏସ୍ଆଇ ଆଇନ ଅନୁସାରେ ଗତ ୨୦୧୭ରେ ତାଙ୍କର ପ୍ରତିଷ୍ଠାନ ପଞ୍ଜୀକୃତ କରାଯାଇଥିଲା। ଇଏସ୍ଆଇ ବାବଦରେ କର୍ମଚାରୀଙ୍କ ତରଫରୁ କମ୍ପାନୀ ଅର୍ଥ ଜମା କରିଆସୁଥିଲେ ମଧ୍ୟ ନିକଟବର୍ତ୍ତୀ ଅଞ୍ଚଳରେ କୌଣସି ଚିକିତ୍ସା ସୁବିଧା ଉପଲବ୍ଧ ନଥିଲା। ୨୨ କି.ମି ଦୂରରେ ଇଏସ୍ଆଇ ହସପିଟାଲ ରହିଥିଲା। କର୍ମଚାରୀଙ୍କ ବିରୋଧ ତଥା ଚିକିତ୍ସା ସୁବିଧା ନଥିବାରୁ କମ୍ପାନୀ ଇଏସଆଇ ଅର୍ଥ ଜମା କରୁନଥିଲା। ପରବର୍ତ୍ତୀ ସମୟରେ କାରଣଦର୍ଶାଅ ନୋଟିସ ପାଇ କମ୍ପାନୀ ସମସ୍ତ ଟଙ୍କା ଜମା କରିଥିଲେ ସୁଦ୍ଧା କମ୍ପାନୀ ଉପରେ ୩ ଲକ୍ଷ ୮୩ ହଜାର ୯୯୯ ଟଙ୍କା କ୍ଷତିପୂରଣ ଭରଣା ପାଇଁ ନିର୍ଦ୍ଦେଶ ଜାରି ହୋଇଥିଲା। ବେଲପାହାଡ଼ କିମ୍ବା ଆଖପାଖରେ ଚିକିତ୍ସା ଭିତ୍ତିଭୂମି ଯୋଗାଇବା ପାଇଁ କମ୍ପାନୀ ପକ୍ଷରୁ ଦାବି କରାଯାଇ ଆସିଥିଲେ ସୁଦ୍ଧା ଏହାକୁ ଖାରଜ କରି ଦିଆଯାଇଥିଲା। ଏହା ବିରୋଧରେ କମ୍ପାନୀ ମାଲିକ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

## ହୋମ୍‌ଗାର୍ଡ ଇଣ୍ଟରଭ୍ୟୁ ବେଳେ ଅଘଟଣ

# ଦୌଡ଼ିବା ବେଳେ ଟଳିପଡ଼ିଲେ ଆଶାୟୀ

ଛତ୍ରପୁର, ୧୩।୮ (ସମିସ): ହୋମ୍‌ଗାର୍ଡ ଇଣ୍ଟରଭ୍ୟୁ ବେଳେ ଅଘଟଣ। ଦୌଡ଼ ପରୀକ୍ଷା ବେଳେ ଅଧାରେ ଟଳି ପଡ଼ିଲେ ଆଶାୟୀ। ଗଞ୍ଜାମ ପୁଲିସ ଜିଲ୍ଲା ଅଧୀନ ଛତ୍ରପୁରଠାରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତକ ହେଲେ, ତାରସିଂ ଥାନା ତୁଳସୀପଲ୍ଲୀ ଅଞ୍ଚଳର ଶିବରାମ ପ୍ରଧାନ। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।



ସୂଚନାନୁଯାୟୀ, ଆଜି ଗଂଜାମ ପୁଲିସ୍ ଜିଲ୍ଲାରେ ହୋମ୍‌ଗାର୍ଡ ଆଶାୟୀଙ୍କ ଶାରୀରିକ ଦକ୍ଷତା ପରୀକ୍ଷା ଛତ୍ରପୁରଠାରେ ଅନୁଷ୍ଠିତ ହେଉଥିଲା। ଦୌଡ଼ ପରୀକ୍ଷା ବେଳେ ଶିବରାମ ହଠାତ୍ ଅସୁସ୍ଥ ହୋଇପଡ଼ିଥିଲେ। ସଙ୍ଗେସଙ୍ଗେ ତାଙ୍କୁ ଛତ୍ରପୁର ମେଡିକାଲ ନିଆଯାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବ୍ରହ୍ମପୁର ବଡ଼ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ତାଙ୍କର ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ଏହି ଦୁଃଖଦ ଘଟଣା ଯୋଗୁ ଅପରାହ୍ଣରେ ପରୀକ୍ଷାକୁ ଅଧାରୁ ବନ୍ଦ କରି ଦିଆଯାଇଥିଲା। ଆଶାୟୀମାନେ ନିଜନିଜ ଘରକୁ ଫେରିଯାଇଥିଲେ। ପରବର୍ତ୍ତୀ ନିର୍ଦ୍ଦେଶ ପରେ ପୁଣି ଇଣ୍ଟରଭ୍ୟୁ ଆରମ୍ଭ ହେବ ବୋଲି ସୂଚନା ମିଳିଛି।

## ପୁଲିସ୍ ପରୀକ୍ଷା ପାଇଁ ପ୍ରସ୍ତୁତି ବେଳେ ହୃଦ୍‌ଘାତ

# ନେପାଳୀ ଯୁବକ ମୃତ



ଝାରସୁଗୁଡ଼ା, ୧୪।୯ (ସମିସ): ଝାରସୁଗୁଡ଼ା ରିଜର୍ଭ ପୁଲିସ୍ ପଡ଼ିଆରେ ଆଜି ଏକ ଅଘଟଣ ଘଟିଛି। ଆସନ୍ତା ସପ୍ତାହରେ ହେବାକୁ ଥିବା ଓଡ଼ିଶା ସ୍ପେଶାଲ୍ ଆର୍ମଡ୍ ପୁଲିସ୍ (ଓଏସଏପି) ନିଯୁକ୍ତି ପରୀକ୍ଷା ପାଇଁ ଅଭ୍ୟାସ କରୁଥିବା ଜଣେ ନେପାଳୀ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ, ଗୋବିନ୍ଦ କୁମାଲ। ସେ ନେପାଳର ବାଗଲୁଙ୍ଗ ଜିଲ୍ଲା, ବାଡିଗାଡ଼ ପଞ୍ଚାୟତ, ୱାର୍ଡ ୨ର ଦୁର୍ଗା ବହାଦୁର କୁମାଲଙ୍କ ପୁଅ ବୋଲି ଜଣାଯାଇଛି। ସୂଚନାନୁଯାୟୀ, ଆସନ୍ତା ସେପ୍ଟେମ୍ବର ୧୭ ତାରିଖରେ ହେବାକୁ ଥିବା ଓଏସଏପି ଦ୍ୱିତୀୟ ବାଟାଲିଅନ୍‌ର ନିଯୁକ୍ତି ପରୀକ୍ଷା ପାଇଁ ଗୋବିନ୍ଦ ଝାରସୁଗୁଡ଼ା ଆସିଥିଲେ। ଆଜି ସେ ପଡ଼ିଆରେ ଶାରୀରିକ ପରୀକ୍ଷା ପାଇଁ ଅଭ୍ୟାସ କରୁଥିବା ବେଳେ ତାଙ୍କୁ ହୃଦ୍‌ଘାତ ହୋଇଥିଲା ଏବଂ ସେ ଟଳି ପଡ଼ିଥିଲେ। ଏହା ଦେଖି ସେଠାରେ ଉପସ୍ଥିତ ଅନ୍ୟମାନେ ତାଙ୍କୁ ନିକଟସ୍ଥ ଜିଲ୍ଲା ମୁଖ୍ୟ ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ବିନିକାରେ ମଦମୃତ୍ୟୁ!

ବିନିକା, ୧୪।୯ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବିନିକା ଥାନା ମହାଦେବପାଲି ଫାଣ୍ଡି ତୁଲୁଣ୍ଡପାଲି ଗ୍ରାମର ଜଣେ ବ୍ୟକ୍ତି ବିଷାକ୍ତ ମଦ ପିଇ ପ୍ରାଣ ହରାଇଥିବା ଅଭିଯୋଗ ହୋଇଛି। ମୃତକ ହେଲେ, ଗ୍ରାମର ରଘୁ ଭୋଇ (୪୩)। ରବିବାର ପୁଅଜିଉନ୍ତିଆ ପାଇଁ ରଘୁ ଦୁବଘାସ ତୋଳିବାକୁ ଯାଇଥିଲେ। ହେଲେ ଦୀର୍ଘ ସମୟ ଧରି ସେ ନ ଆସିବାରୁ ତାଙ୍କ ପରିବାରଲୋକେ ତାଙ୍କୁ ପୋଖରୀ ହୁଡାରେ ପଡ଼ିଥିବା ଦେଖିଥିଲେ। ତୁରନ୍ତ ତାଙ୍କୁ ବିନିକା ଡାକ୍ତରଖାନାକୁ ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ବିଷାକ୍ତ ମଦ ପିଇ ତାଙ୍କର ମୃତ୍ୟୁ ଘଟିଛି ବୋଲି ପରିବାରଲୋକେ ଅଭିଯୋଗ କରିଛନ୍ତି। ସୋମବାର ଶବ ବ୍ୟବଚ୍ଛେଦ କରାଯିବ। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ କେଉଁ କାରଣରୁ ମୃତ୍ୟୁ ଘଟିଛି, ତାହା ଜଣାପଡ଼ିବ ବୋଲି ପୁଲିସ ସୂଚନା ଦେଇଛି। ଗ୍ରାମରେ ବେଆଇନ ଭାବରେ ମଦବିକ୍ରି ହେଉଥିବାରୁ ଆଜି ଜଣେ ବ୍ୟକ୍ତିର ଜୀବନ ଯାଇଛି ବୋଲି ସାଧାରଣରେ ଚର୍ଚ୍ଚା ଜୋର୍ ଧରିଛି।

# ଛାତ୍ରୀନିବାସରେ ଝାଡ଼ାବାନ୍ତି; ୨୪ ଆକ୍ରାନ୍ତ

ଜୟପୁର/କୁନ୍ଦୁରା, ୧୪।୯ (ସମିସ): କୋରାପୁଟ ଜିଲ୍ଲା କୁନ୍ଦୁରା ବ୍ଲକ୍‌ର ଭେଜାହାଣ୍ଡି ୟୁପିଏସ୍ ନୋଡାଲ ବିଦ୍ୟାଳୟ ଛାତ୍ରୀନିବାସରେ ବ୍ୟାପୁଛି ଡାଇରିଆ। ଆଜି ୧୩ ଛାତ୍ରୀଙ୍କୁ ମିଶାଇ ଗତ ୩ ଦିନ ମଧ୍ୟରେ ୨୪ରୁ ଊର୍ଦ୍ଧ୍ୱ ଆକ୍ରାନ୍ତ ହୋଇଥିବା ଜଣାଯାଇଛି। ଗୁରୁତର ଛାତ୍ରୀମାନଙ୍କୁ ଜୟପୁରସ୍ଥିତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ତେବେ କେଉଁ କାରଣରୁ ଡାଇରିଆ ବ୍ୟାପିଛି, ତାହା ସ୍ପଷ୍ଟ ହୋଇନାହିଁ। ସୂଚନାନୁଯାୟୀ, ୧୦୦ ସିଟ୍ ବିଶିଷ୍ଟ ନୋଡାଲ ବିଦ୍ୟାଳୟର ଛାତ୍ରୀନିବାସରେ ଚତୁର୍ଥ ଶ୍ରେଣୀରୁ ୧୦ମ ଶ୍ରେଣୀର

## ଜିଲ୍ଲା ଚିକିତ୍ସାଳୟରେ ଭର୍ତ୍ତି

ଛାତ୍ରୀମାନେ ରହୁଛନ୍ତି। ୩ ଦିନ ତଳେ ପ୍ରଥମେ ୯ ଜଣ ଛାତ୍ରୀ ଡାଇରିଆରେ ଆକ୍ରାନ୍ତ ହୋଇଥିଲେ। ସେମାନଙ୍କୁ କୁନ୍ଦୁରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଥିମଧ୍ୟରୁ ୬ଜଣ ସୁସ୍ଥ ହୋଇଥିବା ବେଳେ ଅନ୍ୟ ୩ଜଣଙ୍କୁ ଜୟପୁରସ୍ଥିତ ଜିଲ୍ଲା ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ସେହିପରି, ଗତକାଲି ଆଉ ୪ ଛାତ୍ରୀ ଆକ୍ରାନ୍ତ ହେବାରୁ ସେମାନଙ୍କୁ ହଷ୍ଟେଲରେ ଔଷଧ ଦେଇ ଚିକିତ୍ସା କରାଯାଇଥିଲା। ତେବେ ଆଜି ପୁଣି ୧୩ଜଣ ଆକ୍ରାନ୍ତ ହୋଇଛନ୍ତି।



# ୨୦ରେ ବିଧାନସଭା ଘେରିବେ ଶିକ୍ଷକ

ଭୁବନେଶ୍ୱର,୧୪।୯ (ସମିସ): ଶିକ୍ଷା ଅଧିକାର ଆଇନକୁ ରାଜ୍ୟରେ ସଠିକ୍ ଭାବେ କାର୍ଯ୍ୟକାରୀ କରାଯାଉନାହିଁ। ଶିକ୍ଷାଦାନ ପାଇଁ ଆବଶ୍ୟକ ଭିତ୍ତିଭୂମି ନାହିଁ। ଲକ୍ଷାଧିକ ଶିକ୍ଷକ ପଦ ଖାଲି ପଡ଼ିଛି। ଠିକା, ଚୁକ୍ତି ବା ସ୍କିମ୍‌ରେ ଉଚ୍ଚଶିକ୍ଷିତ ଯୁବକଯୁବତୀଙ୍କୁ ନିଯୁକ୍ତ କରି ଶୋଷଣ କରୁଛନ୍ତି। ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ପଦ ପୂରଣ ହେଉନାହିଁ। ଅନୁରୂପ ଭାବେ ଶିକ୍ଷକଙ୍କ ଏକାଧିକ ଦାବିକୁ ମଧ୍ୟ ଦୀର୍ଘ ଦିନ ଧରି ସରକାର ଅଣଦେଖା କରୁଛନ୍ତି। ବାରମ୍ବାର ଆଲୋଚନା କରୁଥିଲେ ମଧ୍ୟ କୌଣସି ସ୍ଥାୟୀ ସମାଧାନ ବାହାର କରୁନାହାନ୍ତି। ଏଣୁ, ଆସନ୍ତା ୨୦ ତାରିଖରେ ବିଧାନସଭା ଘେରାଉ କରିବା ପାଇଁ ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘ ନିଷ୍ପତ୍ତି ନେଇଛି।

ସଂଘର ସଭାପତି ବ୍ରହ୍ମାନନ୍ଦ ମହାରଣା କହିଛନ୍ତି ଯେ ୨୦୧୧ ପରେ ଶିକ୍ଷକତା ପାଇଁ ଓଟିଇଟି ପରୀକ୍ଷା ବାଧ୍ୟତାମୂଳକ କରିବାକୁ ୨୦୧୯ ମସିହାରେ ନିର୍ଦ୍ଦେଶନାମା ଜାରି ହୋଇଥିଲା। ଏହାର ପ୍ରାୟ ୧୫ ବର୍ଷ ପରେ, ପୂର୍ବରୁ ନିଯୁକ୍ତ ଶିକ୍ଷକଙ୍କ ପାଇଁ ମଧ୍ୟ ଓଟିଇଟି ବାଧ୍ୟତାମୂଳକ କରିବା ନିନ୍ଦନୀୟ। ଏହାକୁ ଆଳ କରି ୪ବର୍ଷ ହେଲା ପଦୋନ୍ନତି ଦିଆଯାଉନାହିଁ। ସେହିପରି, ୨୨ଟି ରାଜ୍ୟରେ କେନ୍ଦ୍ରୀୟ ଢାଞ୍ଚାରେ ଦରମା ୪୨୦୦ ଗ୍ରେଡ୍ ପେ', ଚାକିରି ସର୍ତ୍ତାବଳୀ, ଗ୍ରାଚ୍ୟୁଇଟି ପ୍ରଦାନ କରାଯାଉଥିବା ବେଳେ ରାଜ୍ୟର



ଶିକ୍ଷକଙ୍କୁ ୨୨୦୦ ଗ୍ରେଡ୍-ପେ' ଦିଆଯାଉଛି।

ପ୍ରାଥମିକ ଶିକ୍ଷାରୁ ସ୍କିମାଟିକ୍ ଉଚ୍ଛେଦ ପାଇଁ ଘୋଷଣା ହୋଇଥିଲେ ମଧ୍ୟ କୌଣସି ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ଏଣୁ, ତୁରନ୍ତ ସ୍କିମାଟିକ୍ ଉଚ୍ଛେଦ ସହ କେନ୍ଦ୍ରୀୟ ହାରରେ ଦରମା, ୬ ବର୍ଷର ଠିକା କାର୍ଯ୍ୟକାଳକୁ ମୂଳ ଚାକିରିରେ ଗଣନା କରିବା, ସ୍ୱାସ୍ଥ୍ୟବୀମା ଓ ପୁରୁଣା ପେନସନ୍ ପରି ପ୍ରମୁଖ ଦାବିକୁ ସରକାର ଗୁରୁଦିବସରେ ପୂରଣ କରିବେ ବୋଲି ସଂଘ ଆଶା ରଖିଥିଲା। ହେଲେ ସରକାର କୌଣସି ପଦକ୍ଷେପ ନେଇ ନଥିବାରୁ ଆସନ୍ତା ୨୦ତାରିଖରେ ବିଧାସଭା ଘେରିବେ ବୋଲି ଶ୍ରମିକ ଭବନରେ ଅନୁଷ୍ଠିତ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦିଆଯାଇଛି। ଏହି କାର୍ଯ୍ୟକ୍ରମରେ ସଭାପତିଙ୍କ ସମେତ ସାଧାରଣ ସମ୍ପାଦକ ବିଭୁପ୍ରସାଦ ସାହୁ, କାର୍ଯ୍ୟକାରୀ ସଭାପତି କୃଷ୍ଣଚନ୍ଦ୍ର ବେହେରା, ସୁଧାଂଶୁ ମଣ୍ଡଳ, ଟୁଲୁ ଦେଇ, ଚିନ୍ତାମଣି ପାଢୀ, ଅଗାଧୁ ସେଠୀ, କେଶବ ଚନ୍ଦ୍ର ଦଳାଇ, ଗୋପାଳ ସେନ, ମୁକ୍ତିରାମ ପାଣିଗ୍ରାହୀ, ବିପିନ ବିହାରୀ ପାତ୍ର, ବିରୂପାକ୍ଷ ସେଠୀଙ୍କ ବହୁ କର୍ମକର୍ତ୍ତା ଉପସ୍ଥିତ ଥିଲେ।



‘ଦୃଶ୍ୟମ୍ ୩’ର ରିଲିଜ୍ ଡେଟ୍ ଫାଇନାଲ

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-82 ◆MONDAY ◆15 SEPTEMBER 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୮୨ ◆ସୋମବାର ◆୧୫ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦







## ଲକ୍ଷ୍ନୌ ବିମାନବନ୍ଦରରେ ଟଳିଲା ବଡ଼ ଦୁର୍ଘଟଣା

# ଅଳ୍ପକେ ବର୍ତ୍ତିଲେ ଡିମ୍ପଲ ଯାଦବଙ୍କ ସମେତ ୧୫୧ ଯାତ୍ରୀ



**ରନ୍‌ୱେରେ ବ୍ରେକ୍ ଲଗାଇ ରୋକିଲେ ପାଇଲଟ୍**

■ **ଲକ୍ଷ୍ନୌ, ୧୪।୯ (ଏଜେନ୍ସି):** ଉତ୍ତରପ୍ରଦେଶ ରାଜଧାନୀ ଲକ୍ଷ୍ନୌ ବିମାନ ବନ୍ଦରରେ ଏକ ବଡ଼ ଦୁର୍ଘଟଣା ଅଳ୍ପକେ ଟଳିଯାଇଛି। ଶନିବାର ସକାଳ ୧୧.୧୦ରେ ଲକ୍ଷ୍ନୌରୁ ଦିଲ୍ଲୀ ଅଭିମୁଖେ ଉଡ଼ାଣ ଆରମ୍ଭ ବେଳେ ରନୱେରେ ଇଣ୍ଡିଗୋ(୬-ଇ-୨୧୧୧) ବିମାନ ଇଞ୍ଜିନକୁ ଥ୍ରଷ୍ଟ ତଥା ଚାପ ନ ମିଳିବାରୁ ପାଇଲଟ ଉପସ୍ଥିତ ବୁଦ୍ଧି ଖଟାଇ ବିମାନକୁ ଉଡ଼ିବା ପୂର୍ବରୁ ବ୍ରେକ୍ ଲଗାଇ ରୋକି ଦେଇଥିଲେ। ଏଥିଯୋଗୁଁ ୧୫୧ ଯାତ୍ରୀଙ୍କ ଜୀବନ ବଞ୍ଚି ଯାଇଛି। ଏହି ଯାତ୍ରୀଙ୍କ ମଧ୍ୟରେ ସମାଜବାଦୀ ପାର୍ଟି ମୁଖ୍ୟ ଅଖିଳେଶ ଯାଦବଙ୍କ ପତ୍ନୀ ଡିମ୍ପଲ ଯାଦବ ସାମିଲ ଥିଲେ। ସବୁ ଯାତ୍ରୀଙ୍କୁ ସୁରକ୍ଷିତ ଭାବେ ବାହାରକୁ ଅଣାଯାଇ ଅନ୍ୟଏକ ବିମାନରେ ଦିଲ୍ଲୀ ପଠାଯାଇଥିଲା। ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ (ଡିଜିସିଏ) ଏହି ଘଟଣାର ରିପୋର୍ଟ ମାଗିଛି। ବୈଷୟିକ ତ୍ରୁଟି ଯୋଗୁଁ ଟେକଅଫ୍ ପୂର୍ବରୁ ରୋକିବାକୁ ପଡ଼ିଲା ବୋଲି ଇଣ୍ଡିଗୋ ତରଫରୁ କୁହାଯାଇଛି।

# ବୀମାରେ ୧୦୦% ଏଫ୍‌ଡିଆଇ

## ଶୀତ ଅଧିବେଶନରେ ଆସିବ ବିଲ୍



■ **ନୂଆଦିଲ୍ଲୀ, ୧୪।୯ (ଏଜେନ୍ସି):** ଭାରତୀୟ ବଜାରରେ ବଢ଼ିବ ବିଦେଶୀ ବୀମା କମ୍ପାନୀଙ୍କ ଦବ୍‌ଦବା। କାରଣ ଦେଶର ବୀମା କ୍ଷେତ୍ରରେ ଶତ ପ୍ରତିଶତ ପ୍ରତ୍ୟକ୍ଷ ବିଦେଶୀ ନିବେଶ (ଏଫ୍‌ଡିଆଇ) ପ୍ରସ୍ତାବକୁ କେନ୍ଦ୍ର ସରକାର ଅନୁମତି ପ୍ରଦାନ କରିଛନ୍ତି। ଏଥିପାଇଁ ସଂସଦର ଆଗାମୀ ଶୀତ ଅଧିବେଶନରେ ଏ ସମ୍ପର୍କରେ ଏକ ବିଲ୍ ଆଗତ ହେବାର ସମ୍ଭାବନା ରହିଛି। ରବିବାର କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଏ ସମ୍ପର୍କରେ ସୂଚନା ଦେଇଛନ୍ତି। ବୀମା କ୍ଷେତ୍ରରେ ଏଫ୍‌ଡିଆଇ ସୀମା ଶେଷ ଥର ପାଇଁ ୨୦୨୧ରେ ୪୯%ରୁ ୭୪%କୁ ବୃଦ୍ଧି କରାଯାଇଥିଲା। ସେହିପରି ୨୦୧୫ରେ ମଧ୍ୟ ସରକାର ଏଫ୍‌ଡିଆଇ ସୀମା ୨୬% ରୁ ୪୯% କୁ ବୃଦ୍ଧି କରିଥିଲେ। ଚଳିତବର୍ଷର ବଜେଟ୍ ଭାଷଣରେ, ଅର୍ଥମନ୍ତ୍ରୀ ନୂତନ ପିଢ଼ିର ଆର୍ଥିକ କ୍ଷେତ୍ର ସଂସ୍କାର ଅଧୀନରେ ବୀମା କ୍ଷେତ୍ରରେ ବିଦେଶୀ ନିବେଶ ସୀମାକୁ ବର୍ତ୍ତମାନର ୭୪% ରୁ ୧୦୦%କୁ ବୃଦ୍ଧି କରିବାକୁ ପ୍ରସ୍ତାବ ଦେଇଥିଲେ। ଏହି ବର୍ଦ୍ଧିତ ସୀମା ସେହି କମ୍ପାନୀଗୁଡ଼ିକ ପାଇଁ ଉପଲବ୍ଧ ହେବ ଯେଉଁମାନେ ସେମାନଙ୍କର ସମ୍ପୂର୍ଣ୍ଣ ପ୍ରିମିୟମ୍ ଭାରତରେ ନିବେଶ କରନ୍ତି।

ସଂସଦର ଶୀତକାଳୀନ ଅଧିବେଶନ ସାଧାରଣତଃ ନଭେମ୍ବର ଶେଷ ଭାଗରେ ଆରମ୍ଭ ହୁଏ ଏବଂ ଖ୍ରୀଷ୍ଟମାସ ପୂର୍ବରୁ ଶେଷ ହୋଇଥାଏ। ଏ ପର୍ଯ୍ୟନ୍ତ, ଭାରତର ବୀମା କ୍ଷେତ୍ର ଏଫ୍‌ଡିଆଇ ମାଧ୍ୟମରେ ୮୨,୦୦୦ କୋଟି ଟଙ୍କା ଆକର୍ଷିତ କରିଛି। ଅର୍ଥ ମନ୍ତ୍ରଣାଳୟ ବୀମା ଆଇନ ୧୯୩୮ର ବିଭିନ୍ନ ବ୍ୟବସ୍ଥାରେ ସଂଶୋଧନ ପ୍ରସ୍ତାବ ଦେଇଛି, ଯେଉଁଥିରେ ବୀମା କ୍ଷେତ୍ରରେ ପ୍ରତ୍ୟକ୍ଷ ବିଦେଶୀ ନିବେଶକୁ ୧୦୦%କୁ ବୃଦ୍ଧି କରିବା, ଦେୟପ୍ରାପ୍ତ ପୁଞ୍ଜି ହ୍ରାସ କରିବା ଏବଂ ଏକ ମିଶ୍ରିତ ଲାଇସେନ୍ସ ପାଇଁ ବ୍ୟବସ୍ଥା ଅନ୍ତର୍ଭୁକ୍ତ।

ପ୍ରସ୍ତାବିତ ସଂଶୋଧନଗୁଡ଼ିକ ମୁଖ୍ୟତଃ ପଲିସିଧାରକଙ୍କ ସ୍ୱାର୍ଥକୁ ପ୍ରୋତ୍ସାହିତ କରିବା, ସେମାନଙ୍କର ଆର୍ଥିକ ସୁରକ୍ଷା ବୃଦ୍ଧି କରିବା ଏବଂ ବୀମା ବଜାରରେ ଅଧିକ କମ୍ପାନୀଗୁଡ଼ିକର ପ୍ରବେଶକୁ ସହଜ କରିବା ଉପରେ କେନ୍ଦ୍ରିତ। ଏହି ପଦକ୍ଷେପ ଆର୍ଥିକ ଅଭିବୃଦ୍ଧି ଏବଂ ନିଯୁକ୍ତି ସୃଷ୍ଟି କରିବ ବୋଲି ସରକାରଙ୍କ ଆଶା। ବର୍ତ୍ତମାନ, ଭାରତରେ ୨୫ଟି ଜୀବନ ବୀମା କମ୍ପାନୀ ଏବଂ ୩୪ଟି ଅଣ-ଜୀବନ କିମ୍ବା ସାଧାରଣ ବୀମା କମ୍ପାନୀ କାର୍ଯ୍ୟରତ।

## ପ୍ରବାସୀ ବିରୋଧୀଙ୍କ ବିଶାଳ ବିକ୍ଷୋଭ

# ବ୍ରିଟେନ ଥରହର



- ରାସ୍ତାକୁ ଓହ୍ଲାଇଲେ ଲକ୍ଷଲକ୍ଷ ସ୍ଥାନୀୟ ବାସିନ୍ଦା
- ପ୍ରଧାନମନ୍ତ୍ରୀ ତୁରନ୍ତ ଇସ୍ତଫା ଦେବାକୁ ଦାବି
- ବ୍ରିଟେନର ମୋଟ ଜନସଂଖ୍ୟାର ୧୬% ପ୍ରବାସୀ
- ଗୋଟିଏ ବର୍ଷରେ ୪ ଲକ୍ଷ ଅବୈଧ ଅନୁପ୍ରବେଶ

■ **ଲଣ୍ଡନ, ୧୪।୯ (ଏଜେନ୍ସି):** ବ୍ରିଟେନରେ ଦିନକୁ ଦିନ ପ୍ରବାସୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ଏଥିସହ ଅବୈଧ ଅନୁପ୍ରବେଶ ମଧ୍ୟ ବଢ଼ିଚାଲିଛି। ଏହି ପ୍ରସଙ୍ଗକୁ ନେଇ ଆଜି(ରବିବାର) ଲକ୍ଷଲକ୍ଷ ଲୋକ ରାଜରାସ୍ତାକୁ ଓହ୍ଲାଇ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ‘ୟୁନାଇଟ୍ ଦ କିଙ୍ଗଡମ୍’ ନାମରେ ବିକ୍ଷୋଭ ସମୟରେ ସ୍ଥାନୀୟ ଜନସାଧାରଣ ‘ଲଢ଼ ନଚେତ୍ ମର’ ସ୍ଲୋଗାନ ଦେଇ ବିକ୍ଷୋଭକାରୀମାନେ ରାଜପଥ କମ୍ପାଇଛନ୍ତି। ବିରୋଧ କ୍ରମଶଃ ହିଂସାତ୍ମକ ରୂପ ନେବା ପରେ ବିକ୍ଷୋଭକାରୀଙ୍କୁ ରୋକିବାକୁ ଗ୍ରେଟ ବ୍ରିଟେନ୍ ପୁଲିସକୁ ନାକେଦମ୍ ହେବାକୁ ପଡ଼ିଛି। ଆନ୍ଦୋଳନକାରୀମାନେ ପ୍ରଧାନମନ୍ତ୍ରୀ କିର୍ ଷ୍ଟାର୍ମରଙ୍କ ବିରୋଧରେ ସ୍ଲୋଗାନ ଦେଇ ବେଆଇନ ଅନୁପ୍ରବେଶକାରୀଙ୍କୁ ଘରକୁ ପଠାଇବାକୁ ଦାବି କରିଛନ୍ତି।


ସମ୍ପ୍ରତି ବ୍ରିଟେନର ଜନସଂଖ୍ୟାର ମୋଟ ୧୬% ପ୍ରବାସୀ ଅଛନ୍ତି ଓ ଏମାନଙ୍କ ମଧ୍ୟରୁ ଅନେକ ବେଆଇନ ଭାବରେ ପ୍ରବେଶ କରିଥିବା ଅଭିଯୋଗ ହୋଇଛି। କେବଳ ୨୦୨୪ରେ ୪ ଲକ୍ଷରୁ ଅଧିକ ପ୍ରବାସୀ ବ୍ରିଟେନ୍‌ରେ ପ୍ରବେଶ କରିଛନ୍ତି ଓ ଏମାନଙ୍କ ମଧ୍ୟରୁ ୨୮ ହଜାରରୁ ଅଧିକ ପ୍ରବାସୀ ଇଂଲିଶ ଚ୍ୟାନେଲ ଦେଇ ବେଆଇନ ଭାବରେ ବ୍ରିଟେନରେ ପହଞ୍ଚିଥିବା ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି। ଅବୈଧ ପ୍ରବାସୀଙ୍କ ମଧ୍ୟରେ ସର୍ବାଧିକ ମଧ୍ୟପ୍ରାଚ୍ୟ ଓ ଏସିଆ ମହାଦେଶରୁ ଯାଇଥିବା ଏବଂ ଏମାନଙ୍କ ମଧ୍ୟରେ ୪.୧ ନିୟୁତ ଏକ ନିର୍ଦ୍ଦିଷ୍ଟ ଧର୍ମାବଲମ୍ବୀ ହୋଇଥିବା ମଧ୍ୟ ଅଭିଯୋଗ ହୋଇଛି। ଏପରିକି ଏହି ଆନ୍ଦୋଳନର ନେତୃତ୍ୱ ନେଉଥିବା ଟମି ରବିନ୍‌ସନ୍ ଏହି ଧର୍ମାବଲମ୍ବୀର ଲୋକଙ୍କ ବିରୋଧରେ ସ୍ଲୋଗାନ ଦେଇ ସବୁ ଅଶାନ୍ତି ଓ କ୍ରୁର ଆଚରଣ ପଛରେ ସେମାନଙ୍କ ହାତ ଥିବା କହିଥିଲେ। ଲଣ୍ଡନରେ ହୋଇଥିବା ଏହି ରାଲିକୁ ଦେଶର ସବୁଠୁ ବଡ଼ ଦକ୍ଷିଣପନ୍ଥୀ ରାଲି କୁହାଯାଉଛି।

ବେଆଇନ ପ୍ରବାସୀ ପ୍ରସଙ୍ଗରେ ଲକ୍ଷଲକ୍ଷ ସ୍ଥାନୀୟ ଜନସାଧାରଣ ଲଣ୍ଡନ ରାଜରାସ୍ତାକୁ ଓହ୍ଲାଇଥିବାବେଳେ ଏମିରେଟ୍ସ ଷ୍ଟାଡ଼ିୟମରେ ପ୍ରଧାନମନ୍ତ୍ରୀ କିର ଷ୍ଟାର୍ମର ପୁଅ ସହ ଫୁଟବଲ୍ ମ୍ୟାଚ ଦେଖୁଥିଲେ। ବିକ୍ଷୋଭକାରୀମାନେ ୟୁନିଅନ ଜ୍ୟାକ୍ ଏବଂ ଲାଲ-ଧଳା ରଙ୍ଗର ସେଣ୍ଟ ଜର୍ଜ କ୍ରସ୍ ପତାକା ଧରି ସଂସଦ ଅଭିମୁଖେ ଯିବା ସମୟରେ ପୁଲିସ ସେମାନଙ୍କୁ ବାଧା ଦେଇଥିଲା। ଫଳରେ ଉଭୟ ବିକ୍ଷୋଭକାରୀ ଓ ପୁଲିସ ମଧ୍ୟରେ ସଂଘର୍ଷରେ ଶତାଧିକ ଆହତ ହୋଇଛନ୍ତି ଓ ଏହି ଘଟଣାରେ ଅନେକ ବ୍ୟକ୍ତିଙ୍କୁ ପୁଲିସ ଗିରଫ କରିଥିଲା।

ଅନ୍ୟପକ୍ଷରେ ଆମେରିକା ରାଜନୀତିରେ ବିଫଳ ହୋଇଥିବା ଶିଳ୍ପପତି ଏଲନ ▶ପୃଷ୍ଠା-୭

## ରାଜସ୍ଥାନରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ

# ଅକ୍ଟୋବରରୁ ଓଡ଼ିଶା ଛାଡ଼ିବ




■ **ଭୁବନେଶ୍ୱର, ୧୪।୯ (ସମିସ):** ଦେଶରୁ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ପ୍ରତ୍ୟାବର୍ତ୍ତନ ଆରମ୍ଭ କରିଛି। ରବିବାର ରାଜସ୍ଥାନର କିଛି ଅଞ୍ଚଳରୁ ମୌସୁମୀ ଅପସରି ଯାଇଛି। ସେପ୍ଟେମ୍ବର ୧୭ ଅର୍ଥାତ ସ୍ୱାଭାବିକ ତାରିଖର ୩ ଦିନ ପୂର୍ବରୁ ମୌସୁମୀ ଅପସାରଣ ଆରମ୍ଭ ହୋଇଛି। ଆଗାମୀ ୨-୩ ଦିନ ମଧ୍ୟରେ ରାଜସ୍ଥାନର ଆଉ କିଛି ଅଞ୍ଚଳ ସହ ପଞ୍ଜାବ ଓ ଗୁଜୁରାଟରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ହେବାକୁ ▶ପୃଷ୍ଠା-୭

## ଗୁମର ଖୋଲିଦେଲେ ବାଲେଶ୍ୱର ସାଂସଦ

# ପୁଲିସ-ତହସିଲ-ଖଣି ବିଭାଗ ଅସାଧୁ ମେଣ୍ଟ

- ରାଜ୍ୟରେ ପଥର-ବାଲି ଚୋରି ଅଣାୟତ୍ତ
- ଆଖି ବୁଜିଦେଇଛନ୍ତି ଏସ୍‌ପି-ଜିଲ୍ଲାପାଳ
- ତୁରନ୍ତ ମାମଲା ରୁଜୁ କରିବାକୁ ପରାମର୍ଶ



■ **ଭୁବନେଶ୍ୱର, ୧୪।୯ (ସମିସ):** ସାରା ରାଜ୍ୟରେ ସୀମା ଟପିଛି ଲଘୁ ଖଣିଜ ସାମଗ୍ରୀ ବାଲି, ପଥରର ଚୋରା ଚାଲାଣ। ପ୍ରତିଦିନ ରାଜ୍ୟର କୋଣ ଅନୁକୋଣରୁ ଏପରି ଅଭିଯୋଗ ଆସୁଛି, ମାତ୍ର ସରକାର ଓ ବିଭାଗୀୟ ମନ୍ତ୍ରୀମାନେ ଏହାକୁ ବାଏଁ ବାଏଁ ଉଡ଼ାଇ ଦେଉଛନ୍ତି। ଗଣମାଧ୍ୟମ ପ୍ରଶ୍ନ କଲେ ରାଜସ୍ୱ ମନ୍ତ୍ରୀ ପ୍ରମାଣ ମାଗୁଛନ୍ତି। ମାତ୍ର ଏହି କଳା ସତ ଓ ସରକାରଙ୍କ ମିଛକୁ ପଦାରେ ପକାଇଛନ୍ତି ଖୋଦ ଶାସକ ଦଳର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ। ଭୋଗରାଇର ସୁବର୍ଣ୍ଣରେଖା ନଦୀପଠାକୁ ନିଜେ ସାଂସଦ ଅଚାନକ ଗସ୍ତରେ ଯାଇ ବାଲି ଚୋରା ଚାଲାଣ ଆଖିରେ ଦେଖିଛନ୍ତି। ଘଟଣାସ୍ଥଳରୁ ବାଲେଶ୍ୱର ଜିଲ୍ଲାପାଳଙ୍କୁ ଫୋନ କରି ଶ୍ରୀ ଷଡ଼ଙ୍ଗୀ ପୁଲିସ-ତହସିଲ- ଖଣି ବିଭାଗ ମିଳିତ ଭାବେ ଟଙ୍କା ଖାଇ ବାଲି ଚୋରିକୁ ପ୍ରଶ୍ରୟ ଦେଉଛନ୍ତି ବୋଲି ସାଂଘାତିକ ଅଭିଯୋଗ ଆଣିଛନ୍ତି। ▶ପୃଷ୍ଠା-୭

# ଭଗବାନଙ୍କ ଭରସାରେ ଉପକୂଳ ସୁରକ୍ଷା

## ତଟ ଜଗିବାକୁ ନାହାନ୍ତି ପୁଲିସ ବାବୁ ■ ୩ ଥାନା ଦାୟିତ୍ୱରେ ଜଣେ ଅଧିକାରୀ




**୫୪ଟି ସବ୍‌ଇନ୍ସପେକ୍ଟର ପଦରେ କାର୍ଯ୍ୟ କରୁଛନ୍ତି ୯ ଜଣ**

**ଡ୍ରାଇଭର ନ ଥିବାରୁ ଖତ ଖାଉଛି ସାମୁଦ୍ରିକ ଥାନା ଗାଡ଼ି**

■ **ଭୁବନେଶ୍ୱର, ୧୪।୯ (ସମିସ):** ପଡ଼ୋଶୀ ଦେଶମାନଙ୍କରେ ଅରାଜକତା ଏବେ ଦେଶର ଉପକୂଳ ରାଜ୍ୟଗୁଡ଼ିକ ପାଇଁ ସମସ୍ୟା ପାଲଟିଛି। ସମୁଦ୍ର ପଥରେ ଉପକୂଳବର୍ତ୍ତୀ ରାଜ୍ୟରେ ଅନୁପ୍ରବେଶର ଆଶଙ୍କା ବଢ଼ିଛି ଓ କୌଣସି ସମୟରେ ବି ଆତଙ୍କବାଦୀମାନେ ଏହି ରାଜ୍ୟରେ ପ୍ରବେଶ କରି କିଛି ବି ଅଘଟଣ ଘଟାଇ ପାରନ୍ତି ବୋଲି ଆଶଙ୍କା କରାଯାଉଛି। ଏପରି ସମୟରେ ଉପକୂଳ ସୁରକ୍ଷାକୁ ଓଡ଼ିଶା ପୁଲିସ ଗୁରୁତ୍ୱ ଦେଉଛି ବୋଲି ପୁଲିସ ଅଧିକାରୀମାନେ କରୁଥିବା ଦମ୍ଭର ବାସ୍ତବିକତାକୁ ନେଇ ଏବେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଓଡ଼ିଶାର ଦୀର୍ଘ ମୁକୁଳା ଉପକୂଳ ଦେଇ ଅନୁପ୍ରବେଶ ରୋକିବାକୁ ନା ଅଛନ୍ତି କର୍ମଚାରୀ ନା ଅଛି ପାଟ୍ରୋଲିଂ ପାଇଁ ଅନୁରୂପ ବ୍ୟବସ୍ଥା। ଓଡିଶା ତଟକୁ ଜଗିବାପାଇଁ ଥିବା ସାମୁଦ୍ରିକ ଥାନାରେ କିନ୍ତୁ ଆବଶ୍ୟକ ସୁରକ୍ଷାକର୍ମୀ ନାହାନ୍ତି। ଏହିସବୁ ଥାନାପାଇଁ ଯେତିକି ମଞ୍ଜୁରୀପ୍ରାପ୍ତ ପଦ ରହିଛି ତାହାଠାରୁ ଢେର କମ୍ କର୍ମଚାରୀ ଅଛନ୍ତି ଓ ଥାନାକୁ ମିଳିଥିବା ଯାନବାହନ ବି ଅଚଳ ହୋଇ ପଡ଼ିଛି। ଏପରି ସ୍ଥିତିରେ ଉପକୂଳ ସୁରକ୍ଷା କେବଳ ଘୋଷଣାରେ ଅଟକି ଯାଇଥିବା ଅଭିଯୋଗ ହୋଇଛି।

ରାଜ୍ୟର ୪୮୦ କିଲୋମିଟର ବ୍ୟାପ ସମୁଦ୍ର ତଟର ସୁରକ୍ଷା ପାଇଁ ୧୮ଟି ଉପକୂଳ ଥାନା ସ୍ଥାପନ ହୋଇଛି। ଏହି ଥାନାପାଇଁ ▶ପୃଷ୍ଠା-୭

## ଦୋକାନ ଭିତରକୁ ପଶିଗଲା ଟ୍ରକ୍

# ମା’ ମୃତ, ପୁଅ ଗୁରୁତର



■ **ଜୟପୁର, ୧୪।୯ (ସମିସ):** ଦୋକାନ ଭିତରକୁ ଟ୍ରକ୍ ମାଡ଼ିଯିବାରୁ ଜଣେ ମହିଳାଙ୍କ ମୃତ୍ୟୁ ଘଟିଥିବା ବେଳେ ତାଙ୍କ ପୁଅ ଗୁରୁତର ଆହତ ହୋଇଛନ୍ତି। ଜୟପୁର-କୋରାପୁଟ ୨୬ ନମ୍ବର ଜାତୀୟ ରାଜପଥର ବାରିଣିପୁଟ୍ ପୁଲିସ ଫାଣ୍ଡି ସମ୍ମୁଖ ବୁଲାଣିଠାରେ ଆଜି ଏହି ଦୁର୍ଘଟଣା ଘଟିଛି। ମୃତ ମହିଳାଜଣଙ୍କ ହେଲେ, ଲକ୍ଷ୍ମୀ ସ୍ୱାଇଁ(୬୫)। ଲକ୍ଷ୍ମୀଙ୍କ ପୁଅ ରବି ସାହୁ(୪୦) ଗୁରୁତର ଆହତ ହୋଇଛନ୍ତି। ତାଙ୍କ ଗୋଡ଼ ଭାଙ୍ଗିଯାଇଛି।

ସୂଚନାନୁସାରେ, ବାରିଣିପୁଟ୍ ଛକ ନିକଟରେ ଲକ୍ଷ୍ମୀଙ୍କ ଏକ ଫାଷ୍ଟଫୁଡ୍ ଦୋକାନ ରହିଛି। ଆଜି ଅପରାହ୍ଣରେ ୧୨ଚକିଆ ଏକ ମାଲବାହୀ ଟ୍ରକ୍ (ଓଡି୧୦-ଭି ୧୨୯୬) ଜୟପୁର ସହରରୁ କୋରାପୁଟ ଆଡ଼କୁ ଯାଉଥିବା ବେଳେ ବାରିଣିପୁଟ ବୁଲାଣି ନିକଟରେ ଚାଳକ ଗାଡ଼ି ଉପରୁ ନିୟନ୍ତ୍ରଣ ହରାଇବାରୁ ଟ୍ରକ୍‌ଟି ଲକ୍ଷ୍ମୀଙ୍କ ଫାଷ୍ଟଫୁଡ୍ ଦୋକାନ ଏବଂ ଅନ୍ୟ ଏକ ପାନ ଦୋକାନ ଭିତରକୁ ମାଡ଼ି ଯାଇଥିଲା। ଏହି ସମୟରେ ଦୋକାନ ଭିତରେ ଖାଦ୍ୟ ପ୍ରସ୍ତୁତ କରୁଥିବା ଲକ୍ଷ୍ମୀଙ୍କ ଉପରେ ଗୋଟିଏ ଚକା ▶ପୃଷ୍ଠା-୭

■ ଚୋରକୁ ନାହିଁ ପୁଲିସ ଭୟ

# ଜଳଯୋଗାଣ ବିଦ୍ୟୁତ୍ ତାର ପୁଣି ଚୋରି

ବୈପାରିଗୁଡ଼ା, ୧୪।୯ (ସମିସ): ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ଗାନ୍ଧୀପୁର ସ୍ଥିତ ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ଉପଖଣ୍ଡ କାର୍ଯ୍ୟାଳୟ ନିକଟରେ ଜଳ ଯୋଗାଣ ବିଦ୍ୟୁତ୍ ତାର ଚୋରି ହୋଇଛି । ଚୋରି ଅଭିଯୋଗ ନେଇ ବୈପାରୀଗୁଡା ପଞ୍ଚାୟତ କର୍ମଚାରୀ ଥାନାରେ ଜଣାଇଲେ। ପୁଲିସ ତଦନ୍ତରୁ ଜଣାପଡିଲା ଯେ, ଦୁର୍ବୃତ୍ତ ମାନେ ଚୋରି କରାଯାଇଥିବା ୨ ଶହ ମିଟର ତାରକୁ ଏକ କାଜୁ ଜଙ୍ଗଲକୁ ନେଇ ବିଦ୍ୟୁତ୍ ତାର ଭିତରେ ଥିବା ତମ୍ବା ତାରକୁ କାଢ଼ି ନେଇ ଯାଇଛନ୍ତି। ତମ୍ବା ତାର କାଢ଼ିବା ପାଇଁ ବ୍ୟବହୃତ କରୁଥିବା ସାମଗ୍ରୀ ଘଟଣା ସ୍ଥଳରୁ ଜବତ ହୋଇଛି। ଏଥିପୂର୍ବରୁ ସେହି ସ୍ଥାନରେ ଦୁଇଥର ଚୋରି ହୋଇଥିବା ବେଳେ ବୈପାରିଗୁଡା ଥାନାରେ ଏତଲା ମଧ୍ୟ ଦିଆଯାଇଥିଲା। ଚୋରକୁ ଆଉ ପୋଲିସ ଭୟ ନଥିବା ଏଥିରୁ ସ୍ପଷ୍ଟ ହୋଇଛି। ଦୁବୃର୍ତ୍ତ ମାନେ ବାରମ୍ବାର ପାଣି ମୋଟରର ବିଦ୍ୟୁତ୍ ତାର ଚୋରି କରୁଥିବାରୁ ଜଳ ଯୋଗାଣ ପ୍ରଭାବିତ ହେବା ସହ ପାଣି ପାଇଁ ଲୋକେ ହନ୍ତସନ୍ତ ହେଉଛନ୍ତି।

ସୂଚନାଯୋଗ୍ୟ, ବୈପାରିଗୁଡା ସଦରମହକୁମାର ୬ଟି ୱାର୍ଡବାସୀଙ୍କୁ ପାନୀୟ ଜଳ ଯୋଗାଣ ନିମନ୍ତେ ୧ ଲକ୍ଷ ଲିଟର ବିଶିଷ୍ଟ ଏକ ପାଣି ଟାଙ୍କି ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ଉପଖଣ୍ଡ କାର୍ଯ୍ୟାଳୟ ନିକଟରେ ବ୍ୟବସ୍ଥା କରାଯାଇଛି । ପାଣି ଯୋଗାଣ ତାର ବାରମ୍ବାର ଚୋରି ହେଉଛି। ଅପରପକ୍ଷେ ପୁଲିସ କହୁଛି, ତଦନ୍ତ ଆରମ୍ଭ କରାଯାଇଛି ଏବଂ ଯଥାଶୀଘ୍ର ଚୋରକୁ କାବୁ କରାଯିବ ।

# ମା' ବୁଢ଼ୀ ଠାକୁରାଣୀ ଟ୍ରାକ୍ଟର ମାଲିକ ସଂଘର ବୈଠକ



ପାପଡାହାଣ୍ଡି,୧୪।୯ (ସମିସ): ପାପଡାହାଣ୍ଡି ଡାକବଙ୍ଗଳା ଠାରେ ମା' ବୁଢ଼ୀ ଠାକୁରାଣୀ ଟ୍ରାକ୍ଟର ମାଲିକ ସଂଘର ବୈଠକ ଅନୁଷ୍ଠିତ ହୋଇଯାଇଛି। ସଂଘ ସଭାପତି ସୁବ୍ରତ କୁମାର ଜେନାଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ରୂପେ ବ୍ଲକ ଉପାଧ୍ୟକ୍ଷ ସୁଶାନ୍ତ କୁମାର ବେହେରା, ଅତିରିକ୍ତ ଆରକ୍ଷୀ ଅଧିକାରୀ ଆଦିତ୍ୟ ସେନ, ବିଡିଓ କପିଳଦେବ ସାହୁ, ଏସ୍‌ଡିପିଓ ସତ୍ୟଜିତ କଣ୍ଡେଲକାଲ, ଥାନା ଅଧିକାରୀ ଦୀପକ କୁମାର ଜେନା, ଦେବେନ୍ଦ୍ର ପଣ୍ଡା, ଶିବ ପ୍ରସାଦ ଅଗ୍ରୱାଲ ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ବୈଠକରେ ଆବାସ ଓ ସରକାର ଯୋଜନାରେ କିପରି ବାଲି ବୋଝେଇ ଟ୍ରାକ୍ଟର ନିୟମ ଅନୁଯାୟୀ ବାଲି ନେଇ ପାରିବ ଓ ଟ୍ରାକ୍ଟର ଡ୍ରାଇଭର ଲାଇସେନ୍ସ ଓ ଗାଡିର ସମସ୍ତ କାଗଜପତ୍ର ଠିକ୍ ରଖିବାକୁ ଆଲୋଚନା ହୋଇଥିଲା। ସମସ୍ତ ଗାଡିରେ କାମ କରୁଥିବା ଶ୍ରମିକ ଶ୍ରମ କାର୍ଯ୍ୟାଳୟ ଠାରେ ପଞ୍ଜିକରଣ କରିବାକୁ କହିଥିଲେ। ଦେବେନ୍ଦ୍ର ପଣ୍ଡା କାର୍ଯ୍ୟକ୍ରମରେ ଧନ୍ୟବାଦ ଅର୍ପଣ କରିଥିଲେ। ମା'ବୁଢ଼ୀ ଠାକୁରାଣୀ ଟ୍ରାକ୍ଟର ମାଲିକ ସଂଘର ସଭାପତି ସୁବ୍ରତ କୁମାର ଜେନା, ଉପସଭାପତି ରସାନନ୍ଦ ସତନାମୀ, ତୁଳାରାମ ମାଝୀ, ସମ୍ପାଦକ ଗୌତମ ଅଗ୍ରୱାଲ, ସହ ସମ୍ପାଦକ ଚନ୍ଦ୍ରଶେଖର ନାୟକ, କୋଷାଧ୍ୟକ୍ଷ ରବୀନ୍ଦ୍ର ପ୍ରଧାନ, ବିମଳ ଜୈନ, ରଜତ ଖଣ୍ଡପାଣି, ଶଶୀନାଥ ମାଝୀ, ରିଣ୍ଟୁ ଗନ୍ତାୟତ, ଲେବ ବିଷୋୟୀ, ଆନନ୍ଦ ରାଓ ଓ ଦିଲୀପ ସାଗରିଆ ପ୍ରମୁଖ ଉପସ୍ଥିତ ଥିଲେ।

# ଗୋଁଡ଼ ସମାଜ ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ୍




ଚନ୍ଦାହାଣ୍ଡି,୧୪।୯ (ସମିସ), ନବରଙ୍ଗପୁର ଜିଲ୍ଲା ଚନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ପୂଜାରୀଗୁଡା ସ୍ଥିତ ଗୋଁଡ଼ ସାଂସ୍କୃତିକ କାର୍ଯ୍ୟାଳୟ ପରିସରରେ ବ୍ଲକ ଗୋଁଡ଼ ସମାଜ ପକ୍ଷରୁ ନୁଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ଗୋଁଡ଼ ସମାଜ ସଭାପତି ଯଦୁନାଥ ପୂଜାରୀଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ପୂର୍ବତନ ସାଂସଦ ରମେଶ ଚନ୍ଦ୍ର ମାଝୀ, ଜିଲ୍ଲା ଉପ ସଭାପତି ଭକ୍ତଚନ୍ଦ୍ର ନାୟକ, ପୂର୍ବତନ ବିଧାୟକ ପ୍ରକାଶ ଚନ୍ଦ୍ର ମାଝୀ, ସରପଞ୍ଚ ଜଳନ୍ଧର ମାଝୀ, ଦୁଲବ ପୂଜାରୀ, ହୃଦାନନ୍ଦ ମାଝୀ, ପୂର୍ବତନ ସରପଞ୍ଚ ଲଛମନ ମାଝୀ, ହର ପୂଜାରୀ , ଖମ୍ବେଶ୍ୱର ମାଝୀ, ଶରତ କୁମାର ମାଝୀ, ଶ୍ୟାମ ସୁନ୍ଦର ମାଝୀ, ଅନ୍ୟାନ୍ୟ ବ୍ଲକ ସଭାପତିଙ୍କ ମଧ୍ୟରେ ଖେଦୁରାମ ମାଝୀ, ରୂପଧର ମାଝୀ, ହୀରାସିଂ ନେତାମ, ରମାକାନ୍ତି ମାଝୀ, ଅମ୍ବିକା ମର୍କାମ, ଟଙ୍କଧର ଅଣ୍ଟି, ବହାଦୁର ମାଝୀ, ହରେକୃଷ୍ଣ ନାୟକ, ବ୍ଲକ ଧଙ୍ଗଡ଼ା ମାଝୀ ସୋମନାଥ ମାଝୀ, ଓ ଭୁଜରାଜ ସୋରି ପ୍ରମୁଖଙ୍କ ସମେତ ସମସ୍ତ ବ୍ଲକର ଗୋଁଡ଼ ସମାଜ ସଭାପତି ଯୋଗ ଦେଇଥିଲେ। ବ୍ଲକର ୧୪ଟି ପଞ୍ଚାୟତ ସଭାପତି ଯୋଗ ଦେଇଥିଲେ। ସଭାକାର୍ଯ୍ୟ ପୂର୍ବରୁ ସମସ୍ତେ ପଟୁଆରରେ ପାରମ୍ପରିକ ବାଦ୍ୟ ନୃତ୍ୟ ସହ ସଭାସ୍ଥଳୀରେ ପହଞ୍ଚିଥିଲେ। ସେଠାରେ ବୁଢାଦେବଙ୍କ ପୂଜାର୍ଚ୍ଚନା ପରେ ନବାନ୍ନ ସେବନ କରି ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା। ଗଣପର୍ବ ନୂଆଁଖାଇର ବିଶେଷତ୍ୱ ଓ ପରମ୍ପରା ବିଷୟରେ ଅତିଥିମାନେ ମତ ପ୍ରକାଶ କରିଥିଲେ। ଟେକରାମ ମାଝୀ ମଞ୍ଚ ପରିଚାଳନା କରିଥିବା ବେଳେ କାର୍ଯ୍ୟକ୍ରମରେ ଚନ୍ଦାହାଣ୍ଡି ଅଞ୍ଚଳ ସରପଞ୍ଚ ଓ ସମିତି ସଭ୍ୟ ଯୋଗ ଦେଇଥିଲେ। ଚନ୍ଦାହାଣ୍ଡି ଅଞ୍ଚଳ ବ୍ୟତିତ ପଡୋଶୀ ଛତିଶଗଡ, ନୂଆପଡା, ନବରଙ୍ଗପୁର ଓ କଳାହାଣ୍ଡି ଜିଲ୍ଲାର ବହୁ ସାମାଜିକ କର୍ମକର୍ତ୍ତା ଯୋଗ ଦେଇଥିଲେ।

## ପାରମ୍ପରିକ ଦଶହରା ପର୍ବର ଶୁଭାରମ୍ଭ

# ଦେବୀ ଭଗବତୀ, ଦକ୍ଷିଣ କାଳୀ ମନ୍ଦିରରେ ପୂଜାର୍ଚ୍ଚନା



ଜୟପୁର,୧୪।୯ (ସମିସ): କୋରାପୁଟ ଜିଲ୍ଲା ଜୟପୁର ଠାରେ ଐତିହାସିକ ତଥା ରାଜାରାଜୁଡା ସମୟରୁ ପରମ୍ପରା ଓ ରୀତିନୀତିରେ ପ୍ରତ୍ୟେକ ବର୍ଷ ପାଳନ ହୁଏ ଦଶହରା ପର୍ବ। ଏଥର ପବିତ୍ର ମୂଳାଷ୍ଟମୀତିଥି ଷୋଡ଼ଶ ଉପଚାରରେ ରବିବାର ପୂଜାର୍ଚ୍ଚନା ଓ ହୋମଯଜ୍ଞ ମାଧ୍ୟମରେ ଶୁଭାରମ୍ଭ ହୋଇଛି। ଆଜି ସଂଧ୍ୟାରେ ଜୟପୁର ସହରର ଅଧିଷ୍ଠାତ୍ରୀ ଦେବୀ ଭଗବତୀ ମନ୍ଦିର ଠାରେ ଦଶହରା ଉତ୍ସବ ପାଳନ କମିଟିର ସଭାପତି ତଥା ବିଧାୟକ ତାରା ପ୍ରସାଦ ବାହନୀପତି ପାରମ୍ପରିକ ବେଶରେ ଉପସ୍ଥିତ ରହିବା ସହ ରୀତିନୀତିରେ ପୂଜାର୍ଚ୍ଚନା କରିଥିଲେ। ବିଶ୍ୱାସ ଓ ପରମ୍ପରା ଅନୁଯାୟୀ ଦେବୀ ଭଗବତୀଙ୍କ ପୀଠରେ ଦେବୀଙ୍କ ପ୍ରତିମୂର୍ତ୍ତି ବେକରୁ ଆଜ୍ଞାମାଳ ପଡିବା ପରେ ଏହାକୁ ବିଧାୟକ ଶ୍ରୀ ବାହିନୀପତି ପୂଜକଙ୍କ ଠାରୁ ଗ୍ରହଣ କରିବା ସହିତ କୋରାପୁଟ, ନବରଙ୍ଗପୁର ଜିଲ୍ଲାର ପ୍ରାୟ ୬୨ରୁ ଅଧିକ ଦେବୀ ପୀଠକୁ ନିମନ୍ତ୍ରଣ ଗୁଆକୁ ଦେବତ୍ତୋର କର୍ମଚାରୀ ତଥା ପୁରୋହିତ କୃଷ୍ଣଚନ୍ଦ୍ର ଦାଶ ଏବଂ ପରିଚ୍ଛା ସିଦ୍ଧେଶ୍ୱର ଦାଶଙ୍କୁ ପ୍ରଦାନ କରିଛନ୍ତି। ଏହି ଅବସରରେ ପୌରାଧ୍ୟକ୍ଷ ନରେନ୍ଦ୍ର ମହାନ୍ତି, କାଳି ପ୍ରସାଦ ଦାଶ ଏବଂ ଅନ୍ୟାନ୍ୟ ଭକ୍ତ ଓ ଶ୍ରଦ୍ଧାଳୁ ଉପସ୍ଥିତ ରହିଥିଲେ। ଆସନ୍ତା ଅମାବାସ୍ୟା ପରେ ସପ୍ତମୀ ତିଥିରୁ ଦଶହରା ପର୍ଯ୍ୟନ୍ତ ଯୋଗଦେବା ନେଇ ବିଭିନ୍ନ ପୂଜା ସାମଗ୍ରୀ ନେଇ ନିମନ୍ତ୍ରଣ ପ୍ରେରଣ କରାଯିବ। ଏହାପରେ ପ୍ରତୀକ ସ୍ୱରୂପ ବିଭିନ୍ନ ଗ୍ରାମର ଦେବୀ ପୀଠରୁ ଲାଠି, ଗାଦି ସପ୍ତମୀ ଏବଂ ଅଷ୍ଟମୀ ତିଥିରେ ପହଞ୍ଚିବା ପରେ ଦଶହରା ଦିବସ ବିଳମ୍ବିତ ରାତ୍ରିରେ ଶୋଭାଯାତ୍ରାରେ ଯୋଗଦେବେ। ଆଜି ପୂର୍ବାହ୍ନ ଠାରୁ ଷୋଡ଼ଶ ଉପଚାରରେ ମୁଖ୍ୟ ପୂଜକ ଧିରେନ୍ଦ୍ର ରଥଙ୍କ ନେତୃତ୍ୱରେ ଅନ୍ୟାନ୍ୟ ସହାୟକ ପୂଜକଙ୍କ ସହାୟତାରେ ଦେବୀଙ୍କ ପ୍ରତିମୂର୍ତ୍ତିକୁ ନଡିଆ ପାଣି, ଖିର, ଦହି, ଘିଅ, ଗଙ୍ଗାଜଳ, ମହୁ ଓ ଗୁଡରେ ପଞ୍ଚାମୃତ ଏବଂ ୧ ହଜାର କୁମ୍ଭଜଳାଭିଷେକ କରିଥିଲେ। ସେହିପରି ଆଜିଠାରୁ ଦେବୀଙ୍କ ନିକଟରେ ଚଣ୍ଡିପାଠ ଆରମ୍ଭ ହୋଇଯାଇଛି। ପୁରୁଣାଗଡ ଦକ୍ଷିଣ କାଳୀ ମନ୍ଦିର ଠାରେ ମୁଖ୍ୟ ପୂଜକ କାଳୀଦାସ ରଥଙ୍କ ନେତୃତ୍ୱରେ ଷୋଡ଼ଶ ଉପଚାରରେ ପୂଜାର୍ଚ୍ଚନା ଏବଂ ଚଣ୍ଡିପାଠ ଆରମ୍ଭ ହୋଇଯାଇଛି। ଜୟପୁର ସହରର ଘରୋଇ ମନ୍ଦିର ଭାବେ ଜଗତଜନନୀ ମନ୍ଦିର, ଭୁପତି ସାହି କନକ ଦୁର୍ଗା ମନ୍ଦିରରେ ପୂଜାର୍ଚ୍ଚନା ଓ ଚଣ୍ଡିପାଠ ଆରମ୍ଭ ହୋଇଛି। ଏହି ଅବସରରେ ଭଗବତୀ ମନ୍ଦିର ଠାରେ ସ୍ଥାନୀୟ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଉପସ୍ଥିତିରେ ବାଜା ବାଜଣା ସହିତ ଘଣ୍ଟ ଓ ମହିଳା ମାନଙ୍କ ହୁଳହୁଳିରେ ମନ୍ଦିର ପରିସରର ପ୍ରକମ୍ପିତ ହୋଇଥିଲା। ଏହିପରି ମନ୍ଦିର ଓ ପୀଠ ପକ୍ଷରୁ ସହସ୍ରା ଦୀପ ଏବଂ ମାନସିକଧାରୀ ମାନଙ୍କ ପକ୍ଷରୁ ମଧ୍ୟ ଆସନ୍ତା ଅଷ୍ଟମୀ ତିଥି ପର୍ଯ୍ୟନ୍ତ ଏହି ଅଖଣ୍ଡ ଦୀପ ପ୍ରଜ୍ୱଳନ ରହିବ। ସେହିପରି ଆସନ୍ତା କାଲି ଠାରୁ ଦେବତ୍ତୋର କର୍ମଚାରୀ ଏବଂ ପୂଜା କମିଟିର ସଦସ୍ୟ ମାନେ ମିଳିତ ଭାବେ ରାଜା ରାଜୁଡା ସମୟରେ ଯେଉଁ ପରମ୍ପରା ଅନୁଯାୟୀ ଅବିଭକ୍ତ କୋରାପୁଟ ଜିଲ୍ଲାର ବିଭିନ୍ନ ଦେବୀ ପୀଠକୁ ନିମନ୍ତ୍ରଣ ଗୁଆ, ଚାଉଳ ଏବ ଫୁଲ ଯାଉଥିଲା, ଉକ୍ତ ପରମ୍ପରା ଅନୁଯାୟୀ ନବରଙ୍ଗପୁର ଜିଲ୍ଲା ରାଇଘର, ପୋଡାଗଡ, ଉମରକୋଟ, ଧଡ୍ରା, କୋରାପୁଟ ଜିଲ୍ଲା ନନ୍ଦପୁର, ନାରାୟଣପାଟାଣା, ସଲପା, ହାଡିଆ, ପୁଟ୍ରା ଏବଂ ଅନ୍ୟାନ୍ୟ ଗ୍ରାମ ପୀଠ ଗୁଡିକ ନିମନ୍ତ୍ରଣ ପାଇଁ ଯାତ୍ରା କରିବେ।

# ହୃଦ୍‌ଘାତରେ ଆଇଆରବି ଯବାନଙ୍କ ପରଲୋକ

କୋରାପୁଟ,୧୪।୯ (ସମିସ): ସପ୍ତମ ଭାରତୀୟ ରିଜର୍ଭ ବାଟାଲିୟନର ଓଡରାଫ୍ ବିଭାଗରେ ଯବାନ ଭାବେ କାର୍ଯ୍ୟରତ ୩୪ ବର୍ଷୀୟ ସୂର୍ଯ୍ୟକାନ୍ତ ନାୟକଙ୍କର ରବିବାର ସକାଳେ ହୃଦ୍‌ଘାତରେ ପରଲୋକ ହୋଇଛି। ସ୍ୱର୍ଗତ ନାୟକଙ୍କ ନିଜ ଘର ଯାଜପୁର ଜିଲ୍ଲା ସଦର ମହକୁମା ବୋଲି ଜଣାପଡ଼ିଛି। ରବିବାର ସକାଳେ ତାଙ୍କର ହୃଦଘାତ ହେବାରୁ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଟାଉନ ଥାନାରେ ଏ ନେଇ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଥିବାବେଳେ ଏଏସଆଇ ଦୁଶା ପାଲକା ଘଟଣାର ତଦନ୍ତ କରୁଥିବା ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର ସୂଚନା ଦେଇଛନ୍ତି। ସେହିପରି କୋରାପୁଟ ପୌର ଅନ୍ତର୍ଗତ ଗୌତମ ନଗର ଷଷ୍ଠ ଲାଇନର କେଶବ ଚନ୍ଦ୍ର ଶତପଥୀଙ୍କ ପୁଅ ମନୋରଞ୍ଜନ ଶତପଥୀ (୩୭) କୌଣସି କାରଣରୁ ଗତକାଲି ରାତିରେ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ସେ ବେକରେ ଦଉଡ଼ି ଦେଇ ଆତ୍ମହତ୍ୟା କରିଥିବା ଥାନା ଅଧିକାରୀ ଶ୍ରୀ ପାତ୍ର ପ୍ରକାଶ କରିଛନ୍ତି। ଟାଉନ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଥିବାବେଳେ ସବ୍ ଇନ୍ସପେକ୍ଟର ଉମେଶ କୁମାର ଧାରୁଆ ଏହାର ତଦନ୍ତ କରୁଛନ୍ତି।

# ବାଇକ୍ ଦୁର୍ଘଟଣାରେ ଯୁବକ ମୃତ

କୋରାପୁଟ,୧୪।୯ (ସମିସ): କୋରାପୁଟ ସହର ଅନ୍ତର୍ଗତ କଳାନିକେତନ ଛକ ଠାରେ ବାଇକ୍ ଦୁର୍ଘଟଣାରେ ଜଣଙ୍କର ମୃତ୍ୟୁ ଘଟିଛି। ମୃତ ଯୁବକଙ୍କ ନାମ ଶେଖ ପିଣ୍ଟୁ ବାବୁ। ସେ ନେହେରୁ ନଗର ବାସିନ୍ଦା ବୋଲି ଜଣାପଡିଛି। ସୂଚନାଯୋଗ୍ୟ, ପିଣ୍ଟୁ କୋରାପୁଟ ସହର ପଟୁ ନିଜ ଘରକୁ ଫେରୁଥିବା ବେଳେ କଳାନିକେତନ ଛକଠାରେ ବିପରୀତ ଦିଗରୁ ଆସୁଥିବା ଏକ ବାଇକ୍‌କୁ ସାମ୍ନାସାମ୍ନି ଦେଖି ଗାଡ଼ିର ବ୍ରେକ୍ ମାରିବାରୁ ତଳେ ପଡ଼ିଯାଇଥିଲେ। ତଳେ ପଡିବାରୁ ମୁଣ୍ଡରେ ଆଘାତ ଲାଗି ପ୍ରବଳ ରକ୍ତସ୍ରାବ ହୋଇଥିଲା। ସଙ୍ଗେ ସଙ୍ଗେ ତାଙ୍କୁ ସହିଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜ ନିଆଯାଇଥିଲା। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। କୋରାପୁଟ ଟାଉନ୍ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ଦୁଇ ବାଇକ୍‌କୁ ଜବତ କରିବା ସହିତ ବିପରୀତ ଦିଗରୁ ବାଇକ୍‌ରେ ଆସୁଥିବା ୨ ଜଣଙ୍କୁ ଥାନାରେ ଅଟକ ରଖି ପଚରାଉଚରା ଜାରି ରଖିଛି।


■ ତୃତୀୟଜାତୀୟଲୋକଅଦାଲତ

# ୧୬୫୧୬ଟି କେସର ଫଏସଲା



ମାଲକାନଗିରି, ୧୪।୯ (ସମିସ): ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ତୃତୀୟ ଜାତୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଜିଲ୍ଲାର ବିଭିନ୍ନ ସ୍ଥାନରେ ମୋଟ ୧୬୫୧୬ଟି ମାମଲାର ଫଏସଲା କରାଯାଇଛି। ରାଜ୍ୟ ଆଇନ ସେବା ପ୍ରାଧିକରଣ ନିର୍ଦ୍ଦେଶ କ୍ରମେ ଆଜି ମାଲକାନଗିରି ଜିଲ୍ଲା ଆଇନ ସେବା ପ୍ରାଧିକରଣ, ତାଲୁକ ଆଇନ ସେବା ପ୍ରାଧିକରଣ ମୋଟୁ, ମାଥିଲି ଜେଏମଏଫସି କୋର୍ଟ, କୁଡୁମୁଲୁ ଗୁମ୍ମା , କୋରୁକୋଣ୍ଡା ଗ୍ରାମ ନ୍ୟାୟଳୟ ଦ୍ୱାରା ତୃତୀୟ ଜାତୀୟସ୍ତରୀୟ ଲୋକ ଅଦାଲତ ମାଲକାନଗିରିର ସମସ୍ତ ବିଚାରଳୟ ତଥା ମାଥିଲି, ମୋଟୁ, କୁଡୁମୁଲୁଗୁମ୍ମା ଅଦାଲତ ଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ଲୋକ ଅଦାଲତରେ ମାଲକାନଗିରି ଜିଲ୍ଲା ଜର୍ଜ ତଥା ଆଇନ ସେବା ପ୍ରାକରଣର ଅଧକ୍ଷ୍ୟ ଡା. ପ୍ରସନ୍ନ କୁମାର ପଣ୍ଡା, ଅତିରିକ୍ତ ଜିଲ୍ଲା ଜର୍ଜ ଶାନ୍ତନୁ କୁମାର ଦାସ, ମୁଖ୍ୟ ଦଣ୍ଡାକାରୀ ପ୍ରଦୀପ କୁମାର ପ୍ରଧାନ, ବରିଷ୍ଠ ଦେୱାନୀ ବିଚାରପତି ସନ୍ତୋଷ କୁମାର ଆଗରୱାଲ, ଜିଲ୍ଲା ଆଇନ ସେବା ପ୍ରାଧିକରଣ ରଣ ସଚିବ ତଥା ବରିଷ୍ଠ ଦେୱାନୀ ବିଚାରପତି ସୁଶ୍ରୀସଂଗୀତା ପାତ୍ର, ଉପଖଣ୍ଡ ଦଣ୍ଡାକାରୀ ପ୍ରତିମା ସାହୁ ଏବଂ ଗ୍ରାମ ନ୍ୟାୟଧିଶକାରୀ ପରିନିତା ନାୟକ, ମାଥିଲି ପ୍ରଥମ ଶ୍ରେଣୀ ଦଣ୍ଡାଧିକାରି ପଦ୍ମଲାଭ ମାଝି, କୁଡୁମୁଲୁଗୁମ୍ମା ପ୍ରଥମ ଶ୍ରେଣୀ ଦଣ୍ଡାଧିକାରୀ ବିମଳ ଲକ୍ଷ୍ମୀ ଚୌଧୁରୀ, ପ୍ରଥମ ଶ୍ରେଣୀ ଦଣ୍ଡାକାରୀ , ମାଲକାନଗିରି ଆଦିତ୍? କୁମାର ପୃଷ୍ଟୀ ପ୍ରମୁଖ ଉପସ୍ଥିତ ରହି ବିଭିନ୍ନ ପ୍ରକାର ମୋକଦମାର ଫଇସଲା କରିଥିଲେ। ଏହି ଜିଲ୍ଲାସ୍ତରୀୟ ଲୋକ ଅଦାଲତ ରେ ମୋଟ ୧୬୫୧୬ ଗୋଟି ମକଦ୍ଦମର ଫଇସଲା କରାଯାଇ ୨୪,୭୨,୭୬୩ଟଙ୍କା ଧାର୍ଯ୍ୟ କରଯାଇଥିଲା। ଏହି ଲୋକ କୋର୍ଟ, ଅତିରିକ୍ତ ଜିଲ୍ଲା ଜର୍ଜ କୋର୍ଟ, ସବ ଜର୍ଜ କୋର୍ଟ, ଏସଡ଼ିଜେଏମ କୋର୍ଟ , ମୋଟୁ ଜେଏମଏଫସି କୋର୍ଟ, ମାଥୁଲି ଜେଏମଏଫସି କୋର୍ଟ, କୁଡୁମୁଲୁଗୁମ୍ମା ଜେଏମଏଫସି ଜିଲ୍ଲା ଆଇନ ସେବା ପ୍ରାଧିକରଣ, ମାଲକାନଗିରି ଓ ତାଲୁକ ଆଇନ ସେବା ସମିତି ସମସ୍ତ କର୍ମଚାରୀ ଓ ମାଲକାନଗିରି ଓ ମୋଟୁର ଓକିଲ ସଂଘର ସଭ୍ୟ ମାନେ ଉପସ୍ଥିତ ରହି ଅଦାଲତ କାର୍ଯ୍ୟରେ ସମ୍ପୂର୍ଣ ସହଯୋଗ କରିଥିଲେ।

# ହସ୍ପିଟାଲରୁ ଦୌଡ଼ି ପଳାଇଲେ ମାନସିକ ବିକାରଗ୍ରସ୍ତ ବ୍ୟକ୍ତି



କୋରାପୁଟ,୧୪।୯ (ସମିସ): କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସ୍ପିଟାଲକୁ ଚିକିତ୍ସା ନିମନ୍ତେ ଆସିଥିବା ଜଣେ ମାନସିକ ବିକାରଗ୍ରସ୍ତ ବ୍ୟକ୍ତି ଭୟରେ କେଉଁ ଆଡ଼େ ଦୌଡ଼ି ପଳାଇଛନ୍ତି। ଶନିବାର ରାତି ତମାମ ପୁଅ ଅତୁଲ ବିଶ୍ୱାସ ସହରର ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ନପାଇବା ଯୋଗୁଁ ରବିବାର ଟାଉନ ଥାନାରେ ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ ମାଲକାନଗିରିର ଅତୁଲ ବିଶ୍ୱାସ ମାନସିକ ବିକାରଗ୍ରସ୍ତ ରୋଗରେ ପୀଡ଼ିତ ବାପା ଦୀନବନ୍ଧୁ ବିଶ୍ୱାସଙ୍କୁ ଶନିବାର ରାତିରେ ଚିକିତ୍ସା ନିମନ୍ତେ କୋରାପୁଟ ମେଡ଼ିକାଲ କଲେଜ ଓ ହସ୍ପିଟାଲ ଆଣିଥିଲେ। ଦିନବନ୍ଧୁଙ୍କୁ ଜଏନ କରିବାକୁ ଡାକ୍ତର କହିବା ପରେ ପୁଅ ଅତୁଲ ଫର୍ମ ପୂରଣ ପାଇଁ କାଉଣ୍ଟରକୁ ଯାଇଥିଲେ ଓ କିଛି ସମୟ ପରେ ଫେରିବା ବେଳକୁ ବାପା କେଉଁ ଆଡ଼େ ଦୌଡ଼ି ପଳାଇଥିବା ମା'ଙ୍କ ଠାରୁ ଜାଣିବାକୁ ପାଇଲେ। ବାପାଙ୍କର ମାନସିକ ସ୍ଥିତି ଠିକ୍ ନଥିବାରୁ ତାଙ୍କୁ ମାରିଦେବାକୁ ଏଠାକୁ ଆଣିଛି କହି ଭୟରେ ସେ ଚାଲି ଯାଇଥିବା ପୁଅ ଅତୁଲ କହିଛନ୍ତି। ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ନପାଇବା ପରେ ସେ କୋରାପୁଟ ଟାଉନ ଥାନାରେ ଏତଲା ଦେଇଥିବା ଜଣାପଡ଼ିଛି।

# ସରପଞ୍ଚଙ୍କ ପରଲୋକ

ଜୟପୁର,୧୪।୯ (ସମିସ): ବୋରିଗୁମ୍ମା ବ୍ଲକ ଅନ୍ତର୍ଗତ କାଠରଗଡା ପଞ୍ଚାୟତର ସରପଞ୍ଚ କୁନି ସଉରାଙ୍କ ପରଲୋକ ହୋଇଯାଇଛି। ଆଜି ହଠାତ୍ ଛାତିରେ ଯନ୍ତ୍ରଣା ଅନୁଭବ କରିବା ପରେ ତାଙ୍କୁ ଡାକ୍ତରଖାନା ନିଆଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବର ପ୍ରଚାର ହେବା ପରେ ପୂର୍ବତନ ମନ୍ତ୍ରୀ ରବିନାରାୟଣ ନନ୍ଦ ବିଜେଡି ବ୍ଲକ ସଭାପତି ଶିବ ପଟ୍ଟନାୟକ, ଜିଲ୍ଲା ବିଜେଡି କାର୍ଯ୍ୟକାରୀ ସଭାପତି ଦୁର୍ଗା ମିଶ୍ର ଶେଷ ଦର୍ଶନ କରି ଶୋକାକୁଳ ପରିବାରଙ୍କୁ ସମବେଦନା ଜଣାଇଥିଲେ। ସେହପରି ନାଗରାଜ ଦୋରା, ସୁରେନ୍ଦ୍ର ତ୍ରିପାଠୀ ପ୍ରମୁଖ ଶୋକ ପ୍ରକାଶ କରିଛନ୍ତି।

# ବସ୍‌ରୁ ଡେଇଁ ପଳାଇଥିବା ଯୁବକଙ୍କ ଆତ୍ମହତ୍ୟା

ଡାବୁଗାଁ,୧୪।୯ (ସମିସ): ନବରଙ୍ଗପୁର ଜିଲ୍ଲା ଡାବୁଗାଁ ଥାନା ଅଧୀନ ଝାଲିଆଗୁଡା ଗ୍ରାମ ନିକଟ କାଜୁ ବଗିଚାରେ ବେକରେ ଗାମୁଛା ବାନ୍ଧି ଜଣେ ଯୁବକ ଆତ୍ମହତ୍ୟା କରିଥିବା ରବିବାର ଡାବୁଗାଁ ଥାନାରେ ଅଭିଯୋଗ ହୋଇଛି। ସୂଚନାଯୋଗ୍ୟ, ଛତିଶଗଡ଼ ରାଜ୍ୟ କଣ୍ଡାଗାଁ ଜିଲ୍ଲାର ଅନନ୍ତପୁର ଥାନା ଅଧୀନ ଅମରାବତୀ ଗ୍ରାମର ରେତୁରାମ ଯାଦବ ଓ ହେମଲାଲ ବଘେଲ କିଛି ଦିନ ତଳେ ଆନ୍ଧ୍ରପ୍ରଦେଶ ରାଜ୍ୟର ବିଜୟନଗରମ ଅଞ୍ଚଳରେ କୁଲି କାମ କରିବାକୁ ଯାଇଥିଲେ। ସେଠାରେ କିଛି ଦିନ କୁଲି କାମ କରୁଥିଲେ। ହେମଲାଲ ବଘେଲ (୨୫) ଙ୍କ ମାନସିକ ବିକୃତ ଥିବାରୁ ସେଠାକାର ଠିକାଦାର ରତୁରାମ ଯାଦବଙ୍କ ସହ ହେମଲାଲ ବଘେଲ ନିଜ ଘରେ ଛାଡି ଆସିବାକୁ କହିଥିଲେ। ଏକ ସରକାରୀ ବସରେ ୨ ଜଣ ନିଜ ଘରକୁ ଫେରୁଥିବା ବେଳେ ରବିବାର ଭୋର ସମୟରେ ଝାଲିଆଗୁଡା ଗ୍ରାମ ନିକଟର ଏକ ଡାଇଭର୍ସନ ରାସ୍ତାରେ ବସ୍ ସ୍ଲୋ ହେବାରୁ ହେମଲାଲ ବଘେଲ ବସ୍‌ରୁ ଡେଇଁ ପଡି ରାସ୍ତା କଡରେ ଥିବା କାଜୁ ଜଙ୍ଗଲ ଭିତରକୁ ଦୌଡି ପଳାଇଥିଲେ। ବସ କିଛି ବାଟ ଗଲାପରେ ରେତୁରାମ ଯାଦବ ବସ୍ ଅଟକାଇ ଓହ୍ଲାଇ ହେମଲାଲକୁ ଖୋଜି ଥିଲେ। ରାତି ପାହିବା ପରେ ଝାଲିଆଗୁଡା ଗ୍ରାମକୁ ଯାଇ ଗ୍ରାମର କିଛି ଯୁବକଙ୍କ ସହାୟତା ନେଇ କାଜୁ ବଗିଚାରେ ଖୋଜିବା ପରେ ଗୁରୁବାରୁ ଜାନୀଙ୍କ କାଜୁ ବଗିଚା ମଧ୍ୟରେ ଏକ କାଜୁ ଗଛରେ ହେମଲାଲ ବଘେଲ ବେକରେ ଗାମୁଛା ବାନ୍ଧି ଆତ୍ମହତ୍ୟା କରିଥିବା ଦେଖିଥିଲେ। ଏହାପରେ ରେତୁରାମ ମୃତକର ପରିବାର ଲୋକଙ୍କୁ ଖବର ଦେଇଥିଲେ। ଖବର ପାଇ ମୃତକର ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚିଥିଲେ। ମଧ୍ୟାହ୍ନରେ ମୃତକର ବଡ଼ଭାଇ ସୋନୁ ବଘେଲ ଡାବୁଗାଁ ଥାନାରେ ଏତଲା ଦେଇଥିଲେ। ଉକ୍ତ ଏତଲାକୁ ଭିତ୍ତି କରି ଥାନା ସବ୍ ଇନ୍ସପେକ୍ଟର ଚନ୍ଦନ ସାହୁ ଘଟଣାସ୍ଥଳରେ ପହଞ୍ଚି ଶବ ଜବତ କରି ପଞ୍ଚନାମା କରି ବ୍ୟବଚ୍ଛେଦ ପାଇଁ ଡାବୁଗାଁ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ପରେ ଶବ ବ୍ୟବଚ୍ଛେଦ କରାଯାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ଏନେଇ ଥାନା କେସ ନଂ ୨୯/୨୫ରେ ଏକ ଅପମୃତ୍ୟୁ ମାମଲା ରୁଜୁ କରାଯାଇଛି।

# ଅଲେଖ ମହିମା ଧର୍ମାବଲମ୍ବୀଙ୍କ ନୂଆଁଖାଇ ଭେଟ୍‌ଘାଟ୍



ବେହେଡା, ୧୪।୯ (ସମିସ): ନବରଙ୍ଗପୁର ଜିଲ୍ଲାର ବେହେଡା ବସଷ୍ଟାଣ୍ଡ ଠାରେ ଅଲେଖ ମହିମା ଧର୍ମାବଲମ୍ବୀଙ୍କର ନୂଆଁଖାଇ ଭେଟ୍‌ଘାଟ୍ ଧୁମ୍‌ଧାମରେ ପାଳିତ ହୋଇଯାଇଛି। ଏହା ଏକ ଆଦିବାସୀ ଅଞ୍ଚଳ, ଅଲେଖ ମହିମାଙ୍କୁ ଅଧିକାଂଶ ଲୋକ ମାନନ୍ତି । ଲୋକଙ୍କ ଜୀବନ ଶୈଳୀ ଉପରେ ଏହା ବିଶେଷ ଭାବରେ ପ୍ରଭାବ ପକାଇଛି। ଆଜିର ଭେଟ୍‌ଘାଟରେ ଛତିଶଗଡ ସମେତ ବିଭିନ୍ନ ଜିଲ୍ଲାରୁ ଭକ୍ତ ସମାଗମ ଦେଖିବାକୁ ମିଳିଛି। ଗୌରାଙ୍ଗ ବାବା, ମଣ୍ଟୁ ବାବା, ନର୍ସି ବଡଭାଇ, ସୁକୁରାମ, ଗୋବର୍ଦ୍ଧନ, ବୈକୁଣ୍ଠ ସାହୁ, ରାମସିଂ ଅଧିକାରୀ, ରାମୁ ଓ ବହୁତ ଦୀକ୍ଷା ନେଇ ଥିବା ଲୋକଙ୍କ ଗହଳି ହୋଇଥିବା ଦେଖିବାକୁ ମିଳିଛି। ଭକ୍ତ ମାନେ କହିବା ଅନୁସାରେ ଏଠାରେ କିଛିବି ସୁବିଧା ନାହିଁ। ଯାହାକୁ ନେଇ ଭକ୍ତ ଅସନ୍ତୁଷ୍ଟ ପ୍ରକାଶ କରିଛନ୍ତି। କଲ୍ୟାଣ ମଣ୍ଡପ, ପାଣି, ପାଚେରୀ, ବିଦ୍ୟୁତ୍, ରହିବା ପାଇଁ ଘର ଇତ୍ୟାଦିର ସୁବିଧା ହେଲେ ଭକ୍ତମାନେ ଉପକୃତ ହେବେ। ଅଲେଖ ଧର୍ମ ଆହୁରି ବିସ୍ତାର ରୂପ ଧାରଣ କରିବ ବୋଲି ସମସ୍ତେ ମତ ପ୍ରକାଶ କରିଛନ୍ତି। ଯୋରନ୍ଦା ଗାଦୀରୁ ବାବା ମାନେ ଆସନ୍ତି, ମାତ୍ର ସୁବିଧା ନ ଥିବାରୁ ଯାଇଥାନ୍ତି। ସେମାନେ ଗୋଟିଏ ଜାଗାରେ ଗୋଟେ ଦିନ ହିଁ ରହିଥାନ୍ତି।

# ବିଶ୍ୱ ହିନ୍ଦୀ ଦିବସ; ବରିଷ୍ଠ ହିନ୍ଦୀ ଶିକ୍ଷକ ସମ୍ମାନିତ



ମାଲକାନଗିରି, ୧୪।୯ (ସମିସ):

ମାଲକାନଗିରିରେ ବିଶ୍ୱ ହିନ୍ଦୀ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ବରିଷ୍ଠ ହିନ୍ଦୀ ଶିକ୍ଷକ ସମ୍ମାନିତ ହୋଇଛନ୍ତି। ଏହାସହ ହିନ୍ଦୀ କବିତା ପାଠ ଉତ୍ସବ ଆୟୋଜନ କରାଯାଇଛି। ଆଜି ମାଲକାନଗିରି ଜିଲ୍ଲା ସଦରମହକୁମା ସ୍ଥିତ ସରକାରୀ ନୋଡାଲ ବାଳିକା ଉଚ୍ଚ ବିଦ୍ୟାଳୟରେ, ଜିଲ୍ଲାର ବରିଷ୍ଠ ହିନ୍ଦୀ ଶିକ୍ଷକ ଜୟଦେବ ପଣ୍ଡାଙ୍କ ତତ୍ତ୍ୱାବଧାନରେ ମହାସମାରୋହରେ 'ବିଶ୍ୱ ହିନ୍ଦୀ ଦିବସ' ପାଳିତ ହୋଇଯାଇଛି। ଉକ୍ତ ସମାରୋହରେ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ଶାନ୍ତି ରାଣୀ ବିଶ୍ୱାସ ଅଧକ୍ଷତା କରିଥିଲେ ,ଏଜି ଓଡ଼ିଶା ଅଡିଟ ଏବଂ ଆକାଉଣ୍ଟସର ହିନ୍ଦୀ ଅଧିକାରୀ ରବୀନ୍ଦ୍ରନାଥ ଚାନ୍ଦ ମୁଖ୍ୟ ବକ୍ତା, ଶିକ୍ଷାବିତ୍ ଶିବ ପ୍ରସାଦ କୀର୍ତ୍ତନିୟା, ବରିଷ୍ଠ ହିନ୍ଦୀ ଶିକ୍ଷକ ମାନସ ରଞ୍ଜନ ନାୟକ ଏବଂ ମାଲକାନଗିରି ହିନ୍ଦୀ ଶିକ୍ଷକ ସଂଘର ସଭାପତି ଶଙ୍କର କୁଞ୍ଜାମି ସମ୍ମାନୀୟ ଅତିଥି ଭାବରେ ଯୋଗଦେଇ ଛାତ୍ରଛାତ୍ରୀ ମାନଙ୍କୁ ବର୍ତ୍ତମାନ ଭାରତ ତଥା ସମଗ୍ର ବିଶ୍ୱରେ, ଭାରତର ରାଜଭାଷା ହିନ୍ଦୀର ମହତ୍ତ୍ୱ ବିଷୟରେ ଅବଗତ କରାଇବା ସଙ୍ଗେସଙ୍ଗେ ଭାରତର ଏକତା ଓ ଅଖଣ୍ଡତା ପାଇଁ ହିନ୍ଦୀ ଭାଷାର ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ ଆଲୋକପାତ କରିଥିଲେ ଏବଂ ଛାତ୍ରଛାତ୍ରୀ ମାନଙ୍କୁ ମାତୃଭାଷା ଓଡ଼ିଆ ସହିତ ହିନ୍ଦୀ ଭାଷାକୁ ମଧ୍ୟ ସମାନ ଗୁରୁତର ସହିତ ଅଧ୍ୟୟନ କରିବା ପାଇଁ ପରାମର୍ଶ ଦେଇଥିଲେ। ମୁଖ୍ୟବକ୍ତା ଶ୍ରୀ ଚାନ୍ଦ ହିନ୍ଦୀ ଦିବସ କାହିଁକି ପାଳନ କରାଯାଏ ଏବଂ କିପରି ଭାବରେ ଶିକ୍ଷା ଦାନ କଲେ ଓଡ଼ିଆ ଛାତ୍ରଛାତ୍ରୀମାନଙ୍କୁ ସହଜରେ ହିନ୍ଦୀ ଶିଖାଇ ହେବ, ସେହି ବିଷୟରେ ମାଲକାନଗିରି ଜିଲ୍ଲାର ବିଭିନ୍ନ ବ୍ଲକରୁ ଆସିଥିବା ହିନ୍ଦୀ ଶିକ୍ଷକ ଶିକ୍ଷୟିତ୍ରୀ ମାନଙ୍କୁ ପ୍ରାଞ୍ଜଳ ଭାବରେ ବୁଝାଇଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ପୁରସ୍କାର ଲାଭ କରିଥିବା ହିନ୍ଦୀ ଶିକ୍ଷକ ରାଜେଶ କୁମାର ମେହେର, ବରିଷ୍ଠ ହିନ୍ଦୀ ଶିକ୍ଷକ ଜୟଦେବ ପଣ୍ଡା ଓ ବିଜୟ କୁମାର ପୁହାଣଙ୍କୁ ହିନ୍ଦୀ ଭାଷାର ପ୍ରଚାର ପ୍ରସାର ପାଇଁ ସେମାନଙ୍କ ଅବଦାନ ନିମନ୍ତେ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ମାନିତ କରାଯାଇଥିଲା। ଏହାପରେ ବିଦ୍ୟାଳୟର ଛାତ୍ରଛାତ୍ରୀ ମାନେ ଦେଶାତ୍ମବୋଧକ ସଙ୍ଗୀତ ପରିବେଷଣ କରିଥିଲେ। ଶେଷରେ ମୁଖ୍ୟମନ୍ତ୍ରୀ ପୁରସ୍କାର ପ୍ରାପ୍ତ ଶିକ୍ଷକ ରାଜେଶ କୁମାର ମେହେରଙ୍କ ସ୍ୱରଚିତ ହିନ୍ଦୀ କବିତା ପାଠ ସହିତ ସମାରୋହ ସମାପ୍ତ ହୋଇଥିଲା।




## ବିଶ୍ୱ ପ୍ରାଥମିକ ପ୍ରତିବିଧାନ ଦିବସ



ଡାବୁଗାଁ, ୧୪।୯ (ସମିସ): ନବରଙ୍ଗପୁର ଜିଲ୍ଲା ଡ଼ାବୁଗାଁ ବ୍ଲକ ସଦରମହକୁମା ସ୍ଥିତ ଭୈରବ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଠାରେ ଭାରତୀୟ ରେଡକ୍ରସ ଓଡିଶା ରାଜ୍ୟ ଶାଖା ତରଫରୁ ବିଶ୍ୱ ପ୍ରାଥମିକ ପ୍ରତିବିଧାନ ଦିବସ ଶନିବାର ପାଳିତ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧକ୍ଷ ରମେଶ ଚନ୍ଦ୍ର ନାହାକଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ଡ଼ାବୁଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଡା. ବଦ୍ରି ପ୍ରାସାଦ ନୟକ ଯୋଗ ଦେଇ ରେଡକ୍ରସ୍ ଓ ପ୍ରାଥମିକ ପ୍ରତିବିଧାନ ଉପରେ ବିଷଦ ଭାବରେ ବୁଝାଇଥିଲେ। ପରେ ଉକ୍ତ ବିଦ୍ୟାଳୟର ଅଧକ୍ଷ ରମେଶ ଚନ୍ଦ୍ର ନାହାକ ଛାତ୍ର ଛାତ୍ରୀ ମାନଙ୍କୁ ରେଡକ୍ରସ୍ ବିଷୟରେ ବୁଝାଇବା ସହ ରେଡକ୍ରସ ଉପରେ ସ୍ୱରଚିତ ସଙ୍ଗୀତ ଗାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ସମସ୍ତ ଅଧ୍ୟାପିକା, ଅଧ୍ୟାପକ ଓ ସମସ୍ତ ଛାତ୍ରଛାତ୍ରୀ ମାନେ ଉପସ୍ଥିତ ଥିବା ବେଳେ ରେଡ୍ ରିବନ କାଉନ୍‌ସିଲର ପ୍ରତୀକ୍ଷା ପ୍ରିୟଦର୍ଶନୀ ସ୍ୱାଇଁ ମଞ୍ଚ ପରିଚାଳନା କରିଥିଲେ।

## ଆରଏସ୍ଏସ୍ ପକ୍ଷରୁ ଦଶମୀ ଉତ୍ସବ ପ୍ରସ୍ତୁତି ବୈଠକ



ଗୁଡାରୀ,୧୪।୯ (ସମିସ): ଗୁଡାରୀ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ପରିସରରେ ରାଷ୍ଟ୍ରୀୟ ସେବକ ସଂଘ ତରଫରୁ ବିଜୟା ଦଶମୀ ଉତ୍ସବ ପ୍ରସ୍ତୁତି ବୈଠକ ଗତ ରବିବାର ଦିନ ଅନୁଷ୍ଠିତ ହୋଇଯାଇଛି । ପ୍ରଥମ କରି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ଗୁଡାରି ଶାଖା ତରଫରୁ ଥିବା ବିଜୟ ଦଶମୀ ଦିନ ମା'ଙ୍କ ନାମରେ ଏକ କାର୍ଯ୍ୟକ୍ରମ ଆୟୋଜନ କରିବା ପାଇଁ ନିଷ୍ପତ୍ତି ନିଆ ଯାଇଥିଲା। ଏହି କାର୍ଯ୍ୟକ୍ରମ ଚଳିତ ମାସ ୨୯ ତାରିଖ ସୋମବାର ଦିନ ଗୁଡାରୀ ସରକାରୀ ଉଚ୍ଚ ବିଦ୍ୟାଳୟ ଖେଳ ପଡିଆରେ ମହାଆଡମ୍ବରରେ କରିବା ପାଇଁ ବୋଲି ସମସ୍ତ ସ୍ୱୟଂ ସେବକ ତରଫରୁ ନିଷ୍ପତ୍ତି ନିଆଯାଇଛି । ସଂଘର ସଂଯୋଜକ ମାଲୁ ବାରିକ, ସହ ସଂଯୋଜକ ଏସ ତିରୁମୂଳା, ସଦସ୍ୟ ଭି ଆଦିତ୍ୟ, ରଞ୍ଜନ ରଥ,ବି ତିରୁମୂଳା, ବାସୁଦେବ ପାଣିଗ୍ରାହୀ, ଅମୀୟ ପୁରୋହିତ ଏବଂ ସ୍ୱୟଂସେବକ ମାନେ ଉପସ୍ଥିତ ରହି ବିଜୟା ଦଶମୀ କିପରି ଶାନ୍ତି ଶୃଙ୍ଖଳାରେ ହେବ ନିଷ୍ପତ୍ତି ନେଇଥିଲେ। ସେହିପରି ଗୌଡ଼ ଢେପାଗୁଡା ଖଣ୍ଡରେ ୩୦ ତାରିଖ ଏବଂ ଏମ୍‌କେ ରାଇଖଣ୍ଡରେ ୨୮ ତାରିଖରେ ଆୟୋଜନ କରାଯିବ ବୋଲି ସଂଘ ତରଫରୁ ସୂଚନା ଦେଇଛନ୍ତି।

## ଛାତ୍ରଛାତ୍ରୀଙ୍କୁ ତାଲୁକା ଆଇନ୍ ସେବା କମିଟିର ସଚେତନତା



ପଦ୍ମପୁର,୧୪।୯ (ସମିସ): ରାୟଗଡ଼ା ଜିଲ୍ଲାର ପଦ୍ମପୁର ଆରଜି କଲେଜ ପରିସରରେ ଗୁଣପୁର ତାଲୁକା ଆଇନ୍ ସେବା କମିଟି ଆନୁକୂଲ୍ୟରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଛାତ୍ରଛାତ୍ରୀ ମାନେ ଅତିଥି ମାନଙ୍କୁ ପୁଷ୍ପଗୁଚ୍ଛ ଓ ସଂଗୀତ ମାଧ୍ୟମରେ ସ୍ୱାଗତ ଓ ଅଭ୍ୟର୍ଥନା ଜଣାଇଥିଲେ। କାର୍ଯ୍ୟକ୍ରମରେ ଅତିଥି ପରିଚୟ ସହ ମଞ୍ଚ ପରିଚାଳନା କରିଥିଲେ ଆରଜି କଲେଜ ଅଧ୍ୟକ୍ଷ ଅଶୋକ କୁମାର ଦାସ ଏବଂ ଆଇନଜୀବୀ ରମେଶ ଚନ୍ଦ୍ର ଲିମା। ଏହି ସଚେତନତା କାର୍ଯ୍ୟକ୍ରମରେ ପ୍ରାୟ ୩ ଶହରୁ ଅଧିକ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ସଚେତନତା କାର୍ଯ୍ୟକ୍ରମରେ ଗୁଣପୁର ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ଦେବଦତ୍ତ ପଟ୍ଟନାୟକ, ଗୁଣପୁର ବରିଷ୍ଠ ,ଦେଓନୀ ବିଚାରପତି ସୁମିତ୍ରା ସାହୁ, ଗୁଣପୁର ଉପଖଣ୍ଡୀୟ ବିଚାର ବିଭାଗୀୟ ଦଣ୍ଡାଧିକାରୀ ତଥା ଦେଓନୀ ବିଚାରପତି (କନିଷ୍ଠ) ସୁଶ୍ରୀ ବିଜୟଲକ୍ଷ୍ମୀ ମହାପାତ୍ର, ପଦ୍ମପୁର ଜୁଡିସିଆଲ୍ ମାଜିଷ୍ଟ୍ରେଟ କୋର୍ଟ ବିଚାରପତି ଶୁଭଙ୍କର ମହାନ୍ତି, ଗୁଣପୁର ସବ୍ କଲେକ୍ଟର ଦୁଧାଲା ଅଭିଷେକ ଦିଲୀପ, ଗୁଣପୁର ଓକିଲ ସଂଘ ସଭାପତି ଗୌରୀଶଙ୍କର ଦାସ, ଡ.ମନୋଜ ଶତପଥୀ ପ୍ରମୁଖ ଯୋଗ ଦେଇଥିଲେ। ସରକାରଙ୍କ ନୂତନ ଆଇନ ସଂପର୍କରେ ଅବଗତ କରାଯାଇଥିଲା। ଏହି ସମୟରେ ପଦ୍ମପୁର ଥାନା ଅଧିକାରୀ ଧରଣୀଧର ପ୍ରଧାନ ଉପସ୍ଥିତ ଥିଲେ। ଏହି ସଚେତନତା କାର୍ଯ୍ୟକ୍ରମରେ ଆରଜି ମହାବିଦ୍ୟାଳୟର ଅଧ୍ୟାପକ ସୁବାଷ ଚନ୍ଦ୍ର ସାହୁ, ରମେଶ ଚନ୍ଦ୍ର ପଣ୍ଡା, ରମେଶ ଚନ୍ଦ୍ର ଦୋରା, ବାଞ୍ଛାନିଧି ଦାସ, ରଶ୍ମିତା ସ୍ୱାଇଁ, ପଞ୍ଚାନନ ଶତପଥି, ଶଙ୍କର ପ୍ରସାଦ ନାୟକ, ସନ୍ତୋଷ, ଭବାନୀ ରାଓ,ମଲିକେଶ୍ୱର ନାଇଡୁ, ରମେଶ ପାଣିଗ୍ରାହୀଙ୍କ ସହ ବହୁ ଛାତ୍ରଛାତ୍ରୀ ଓ ମହାବିଦ୍ୟାଳୟର ବହୁ କମଚାରୀ ସହଯୋଗ କରିଥିଲେ। ଶେଷରେ ଅଧ୍ୟାପକ ମନୋଜ କୁମାର ଶତପଥୀ ଧନ୍ୟବାଦ୍ ଅର୍ପଣ କରିଥିଲେ।

### ବିନା ଟେଣ୍ଡରରେ ପାର୍କିଂ ଫି' ଆଦାୟ

# ବଟି ଆଦାୟ ମାମଲାରେ ୪ ଗିରଫ

ବୈପାରିଗୁଡ଼ା,୧୪।୯ (ସମିସ):



ବିନା ଟେଣ୍ଡରରେ ପାର୍କିଂ ଫି ଆଦାୟ ପଡିଲା ମହଙ୍ଗା। ବଟି ଆଦାୟ ମାମଲାରେ ୪ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚଲାଣ କରିଛି ପୁଲିସ। ଗିରଫ ଅଭିଯୁକ୍ତ ହେଲେ ରାମଗିରି ଅଞ୍ଚଳର ରଞ୍ଜିତ ସାଗର (୧୯), ଭଗବାନ ଖରା (୧୯), ଆକାଶ ହରିଜନ (୨୦) ଏବଂ କିରଣ ଡଙ୍ଗରି । ସୂଚନା ଅନୁଯାୟୀ, ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ରାମଗିରି ସାପ୍ତାହିକ ହାଟରେ ଆସୁଥିବା ଦୁଇ ଚକିଆ ବାଇକ୍‌କୁ ଦଶ ଟଙ୍କା ଏବଂ ୩ ଚକିଆ ଅଟୋ ଓ ଚାରି ଚକିଆ ଗାଡିକୁ ୨୦ ଟଙ୍କା ଲେଖାଏଁ ପାର୍କିଂ ଫି ଆଦାୟ କରୁଥିଲେ ଅଭିଯୁକ୍ତ ମାନେ। ଯାହାକି ବିନା ଟେଣ୍ଡର ରେ ଆଦାୟ କରାଯାଉଥିଲା । ଯାହାକୁ ନେଇ ବୈପାରୀଗୁଡା ଥାନାରେ ମାଁ ବୀରଖମ୍ବ ମୋଟର ଚାଳକ ସଂଘ ଏବଂ ଓଡିଶା ଡ୍ରାଇଭର ସଂଘ ପକ୍ଷରୁ ଏତଲା ଦିଆଯାଇଥିଲା। ଏତଲା ଅନୁଯାୟୀ, ଚାରି ଅଭିଯୁକ୍ତଙ୍କୁ ଗିରଫ କରି ଆଜି କୋର୍ଟ ଚଲାଣ କରାଯାଇଛି। ସୂଚନା ଥାଉକି, ରାମଗିରି ପଞ୍ଚାୟତ ତରଫରୁ ସାପ୍ତାହିକ ହାଟରେ ସାଇକଲ ଷ୍ଟାଣ୍ଡ ପାଇଁ ଟେଣ୍ଡର ହୋଇଥାଏ। ଗତବର୍ଷ ବୀରଖମ୍ବ ଯୁବକ ସଂଘ ସାଇକେଲ ଷ୍ଟାଣ୍ଡର ଟେଣ୍ଡର ପାଇଥିଲେ। ରସିଦ ଦ୍ୱାରା ପାର୍କିଂ ଫି ଆଦାୟ କରୁଥିଲେ। କିନ୍ତୁ ଚଳିତ ବର୍ଷ ସାଇକଲ୍ ଷ୍ଟାଣ୍ଡ ପାଇଁ ପଞ୍ଚାୟତ ତରଫରୁ କୌଣସି ଟେଣ୍ଡର ଆହ୍ୱାନ କରାଯାଇନଥିବା ବେଳେ କିଛି ଯୁବକ ରାମଗିରି ସାପ୍ତାହିକ ହାଟରେ ଆସୁଥିବା ଗାଡ଼ି ଗୁଡ଼ିକୁ ରସିଦ ଦେଇ ଜୋରଜବରଦସ୍ତ ଟଙ୍କା ଆଦାୟ କରୁଛନ୍ତି। ଯଦି ଯିଏ ନ ଦିଏ ସେମାନଙ୍କୁ ମାରପିଟ୍ କରିବା ସହ ଜୋରଜବରଦସ୍ତ ବଟି ଆଦାୟ କରାଯାଉଥିଲା। ଯାହାକୁ ବିରୋଧ କରି ଥାନାରେ ଅଭିଯୋଗ ପରେ ଅଭିଯୁକ୍ତ ମାନେ ଗିରଫ କରାଯାଇଛି ବୋଲି ଥାନା ଅଧିକାରୀ ଡମ୍ବୁରୁଧର ବାତ୍ରିଆ ସୂଚନା ଦେଇଛନ୍ତି।

## ସିଟି ଉଚ୍ଚ ବିଦ୍ୟାଳୟରେ ହିନ୍ଦୀ ଦିବସ



ଜୟପୁର,୧୪।୯ (ସମିସ): କୋରାପୁଟ ଜିଲ୍ଲା ଜୟପୁର ସିଟି ଉଚ୍ଚ ବିଦ୍ୟାଳୟ ଠାରେ ରାଷ୍ଟ୍ରଭାଷା ହିନ୍ଦୀ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ଅନୁବାଦକ ମହେନ୍ଦ୍ର କୁମାର ସାମନ୍ତରାୟ, ସମ୍ମାନିତ ଅତିଥି ଭାବେ ବିଶିଷ୍ଟ ସଂଗୀତଜ୍ଞ ଧିରେନ ମୋହନ ପଟ୍ଟନାୟକ ରମଣ ସ୍ମାରକୀ ଟ୍ରଷ୍ଟ ସଦସ୍ୟ ତଥା ଅବସରପ୍ରାପ୍ତ ହିନ୍ଦୀ ଶିକ୍ଷକ ରାଧାମୋହନ ପଣ୍ଡା, ତେଲୁଗୁ ସଂସ୍କୃତି ସମିତିର ସଭାପତି ବୀରେଶ ପଟନାୟକ, ସିଟି ଇଂରାଜୀ ମାଧ୍ୟମ ବିଦ୍ୟାଳୟର ଅଧ୍ୟକ୍ଷ ସୁଧାକର ପଟନାୟକ ଏବଂ ଉଚ୍ଚ ବିଦ୍ୟାଳୟର ଅଧ୍ୟକ୍ଷ ଏ. ଶ୍ରୀନିବାସ ରାଓ ଏବଂ ଅବସରପ୍ରାପ୍ତ ହିନ୍ଦୀ ଶିକ୍ଷକ ମହମ୍ମଦ ୱାହେଦ ଶରିଫ ଯୋଗଦେଇଥିଲେ। ଏହି ଅବସରରେ ମୁଖ୍ୟ ଅତିଥି ଶ୍ରୀ ସାମନ୍ତରାୟ ହିନ୍ଦୀ ଭାଷାକୁ ନେଇ ନିଜ ବୃତ୍ତିଗତ ଜୀବନ ଗଢ଼ିବାର ବିଭିନ୍ନ ସୁଯୋଗ ବିଷୟରେ କହିଥିଲେ ଏବଂ ଛାତ୍ରଛାତ୍ରୀମାନଙ୍କୁ ହିନ୍ଦୀ ଶିଖିବାକୁ ଆହ୍ୱାନ ଦେଇଥିଲେ। ସମ୍ମାନିତ ଅତିଥି ଶ୍ରୀ ପଟ୍ଟନାୟକ ଜୟପୁରରେ ହିନ୍ଦୀକୁ ଲୋକପ୍ରିୟ କରିଥିବା ସ୍ୱର୍ଗତ ହିନ୍ଦୀ ଶିକ୍ଷକ ଭଙ୍କେଟରମଣଙ୍କ ନିଃସ୍ୱାର୍ଥପର ସମର୍ପଣକୁ ସ୍ମରଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଛାତ୍ର ଚକ୍ର ସୁପ୍ରିୟା ପରିଚାଳନା କରିଥିଲେ। ସାଇ ସୃତି ପଟନାୟକ, ଅନନ୍ୟା ଶତପଥୀ ବିଭିନ୍ନ ପ୍ରତିଯୋଗିତାରେ ଛାତ୍ରଛାତ୍ରୀମାନଙ୍କୁ ପୁରସ୍କାର ବଣ୍ଟନ କରିଥିଲେ। ବରିଷ୍ଠଙ୍କ ପାଇଁ ପ୍ରବନ୍ଧ, ବିତର୍କ ଏବଂ କବିତା ଲେଖା ଏବଂ ଜୁନିଅରଙ୍କ ପାଇଁ କବିତା ପାଠ, ପୋଷ୍ଟର ତିଆରି, କାହାଣୀ କହିବା ଏବଂ ସୁଧା ଲିଖନ କରାଯାଇଥିଲା। ଏହି ଅବସରରେ ସିଟି ଇଂରାଜୀ ମାଧ୍ୟମ ବିଦ୍ୟାଳୟର ହିନ୍ଦୀ ଶିକ୍ଷୟିତ୍ରୀ କଳ୍ପନା ରଥ ଏବଂ ସରକାରୀ ଉଚ୍ଚ ବିଦ୍ୟାଳୟର ହିନ୍ଦୀ ଶିକ୍ଷୟିତ୍ରୀ ପପିତା ପ୍ରଧାନଙ୍କୁ ସମ୍ମାନିତ କରାଯାଇଥିଲା। ନବମ ଶ୍ରେଣୀର ଛାତ୍ର ଆୟୁଷ ପଟ୍ଟନାୟକ କି-ବୋର୍ଡ ମାଧ୍ୟମରେ ସଂଗୀତ ଧୁନ୍ ବଜାଇଥିଲେ। ଶେଷରେ ବରିଷ୍ଠ ଶିକ୍ଷକ ପ୍ରତାପ କୁମାର ପଟ୍ଟନାୟକ ଧନ୍ୟବାଦ ପ୍ରଦାନ କରିଥିଲେ।

## ନିର୍ମାଣ ଶ୍ରମିକ କାର୍ଡ ପାଇଁ ଅର୍ଥ ଆଦାୟ !

ଉମରକୋଟ,୧୪।୯ (ସମିସ): ଲେବର କାର୍ଡକୁ ପ୍ରତିବର୍ଷ ନବୀକରଣ ହେଉ କି ନୂତନ କାର୍ଡ କରାଯିବା ନେଇ ଶ୍ରମିକମାନେ ଅଜ୍ଞ ଥିବାବେଳେ ତିନି ବର୍ଷ ମଧ୍ୟରେ ନବୀକରଣ କରାନଗଲେ କାର୍ଡ ବାଜ୍ୟାପ୍ତ ହେବା ନେଇ ରାଜ୍ୟ ଶ୍ରମ ବିଭାଗର ନିୟମ ରହିଛି । ତେଣୁ ଶ୍ରମ ବିଭାଗ ତରଫରୁ ଏହି ବିଷୟ ନେଇ ସଚେତନତାର ଅଭାବ ରହିଥିବା ସାଧାରଣରେ ଆଲୋଚନା ହେଉଛି। କମୁ ନାହିଁ ଦଲାଲ ରାଜ୍। ନବରଙ୍ଗପୁର ଜିଲ୍ଲା ଉମରକୋଟ,ରାଇଘର, ଝରିଗାଁ, ଚନ୍ଦାହାଣ୍ଡି ଅଞ୍ଚଳ ଏକ ଆଦିବାସୀ ଅଧ୍ୟୁଷିତ ଅଞ୍ଚଳ ଗାଁ ଗାଁ ରେ ଦଲାଲ ମାନେ ସକ୍ରିୟ ହେଉଥିବା ବେଳେ ଗରିବ ଖଟିଖିଆ ମାନଙ୍କୁ ପ୍ରବର୍ତ୍ତାଇ ଦଲାଲ ମାନେ ସକ୍ରିୟ ହୋଇ ଅର୍ଥ ଆଦାୟ କରୁଥିବା ଦେଖିବାକୁ ମିଳିଛି। ଅସାଧୁ ବ୍ୟକ୍ତିଙ୍କ ହାତରେ ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନାରେ ଅନ୍ତର୍ଭୂକ୍ତ ପାଇଁ ଶ୍ରମିକ ପଞ୍ଜିକରଣ ଓ ନିର୍ମାଣ ଶ୍ରମିକ କାର୍ଡ କରାଇଦେବା ନାଁରେ କରାଯାଉଛି ଶୋଷଣ। ଯାହା ଏବେ ଉମରକୋଟ, ଝରିଗାଁ, ଚନ୍ଦାହାଣ୍ଡି, ରାଇଘର ଅଞ୍ଚଳରେ ଦେଖିବାକୁ ମିଳିଛି। ତେବେ କାର୍ଡ ପିଛା ପାଞ୍ଚଶହରୁ ହଜାରେ ଟଙ୍କା ଲେଖାଏଁ ଚଳୁ କରି ଶ୍ରମିକଙ୍କୁ ଠକୁଛନ୍ତି ଦଲାଲ ମାନେ। ଜିଲ୍ଲାର ଶହ ଶହ ନିର୍ମାଣ ଶ୍ରମିକଙ୍କଠାରୁ ଦଲାଲ ମାନେ ଲେବର କାର୍ଡ କରାଇ ଦେବା ନାଁରେ ପାଞ୍ଚଶହରୁ ହଜାରେ ଟଙ୍କା ଲେଖାଏଁ ଠକି ନେଉଥିବା ନଜରକୁ ଆସିଛି। ମହିଳା ଓ ପୁରୁଷ ଦଲାଲ ଶ୍ରମିକଙ୍କୁ ଠକୁଥିବା ଜଣାପଡିଛି। ଗାଁ ଗାଁ ବୁଲି ଶ୍ରମିକଙ୍କୁ ଲେବର କାର୍ଡ କରାଇ ଦେବା ନାଁରେ ଟଙ୍କା ଆଦାୟ କରୁଛନ୍ତି। ଏହାର ବାସ୍ତବ ଚିତ୍ର ଜାଣିବା ପାଇଁ ଶ୍ରମ ବିଭାଗ ଅଧିକାରୀଙ୍କୁ ପଚାରିବାରୁ ସେ କହିଛନ୍ତି, ଶ୍ରମିକ ପଞ୍ଜିକରଣ ଏକ ସରକାରୀ ବ୍ୟବସ୍ଥା। କୌଣସି ବେସରକାରୀ ଲୋକ ବା ଦଲାଲ ଏହା କରିପାରିବେ ନାହିଁ। ଯଦି ଦଲାଲ ସକ୍ରିୟହୋଇ କରୁଛନ୍ତି , ତେବେ ଏହାର ତଦନ୍ତ ହେବ। ଯଦି ଦଲାଲମାନେ ନିରୀହ ଗରିବ ଖଟିଖିଆ ଦିନ ମଜୁରିଆ ମାନଙ୍କୁ ଶ୍ରମକାର୍ଡ କରାଇଦେବା ନାଁରେ ଟଙ୍କା ଠକି ନେଉଛନ୍ତି। ତଦନ୍ତ କରି ଦଲାଲ ମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି।

## ଜିଲ୍ଲାସ୍ତରୀୟ ଏକ୍ସକ୍ୟାଡ଼ର ଶିକ୍ଷକ ସଂଘ ବୈଠକ

ପାପଡାହାଣ୍ଡି,୧୪।୯ (ସମିସ): ନବରଙ୍ଗପୁର ଜିଲ୍ଲା ପାପଡାହାଣ୍ଡି ଡାକ ବଙ୍ଗଳା ଠାରେ ଜିଲ୍ଲାସ୍ତରୀୟ ଏକ୍ସକେଡର ଶିକ୍ଷକ ସଂଘ ବୈଠକ ଅନୁଷ୍ଠିତ ହୋଇଯାଇଛି। ଏକ୍ସ କ୍ୟାଡର ଶିକ୍ଷକ ସଂଘ ଜିଲ୍ଲା ସଭାପତି ସୁଜିତ କୁମାର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ବୈଠକରେ ରାଜ୍ୟ ଏକ୍ସକ୍ୟାଡର ମହାସଂଘର ସଭାପତି ଜୟନ୍ତଲାଲ ସାହୁ, ରାଜ୍ୟ ସଂଘ କାର୍ଯ୍ୟକାରୀ ସଭାପତି ଅଲେଖ ସାହୁ ଓ ରାଜ୍ୟ ସଂଘ ସାଧାରଣ ସମ୍ପାଦକ ହନେସ ପାତ୍ର ଯୋଗ ଦେଇଥିଲେ। ଏହି ବୈଠକରେ ମହାସଂଘକୁ କିପରି ସୁଦୃଢ କରାଯାଇପାରିବ ସେ ବିଷୟରେ ଆଲୋଚନା କରାଯାଇଥିଲା। ଦୀର୍ଘ ୨୫ ବର୍ଷ ଧରି ଏକ୍ସ କ୍ୟାଡର ଶିକ୍ଷକମାନେ ଶିକ୍ଷା ବିଭାଗରେ ଶିକ୍ଷକର ସମସ୍ତ ଦାୟିତ୍ୱ ତୁଲାଇ ଥିବା ବେଳେ ସରକାର ସେମାନଙ୍କୁ କ୍ୟାଡର ଭୁକ୍ତ ନ କରିବା ଅତ୍ୟନ୍ତ ଦୁଃଖ ଓ ପରିତାପର ବିଷୟ ବୋଲି ରାଜ୍ୟ ସଂଘ ସଭାପତି ଶ୍ରୀ ସାହୁ ମତବ୍ୟକ୍ତ କରିଛନ୍ତି। ଆଗାମୀ ଦିନରେ ରାଜ୍ୟରେ କାର୍ଯ୍ୟରତ ସମସ୍ତ ଏକ୍ସ କ୍ୟାଡର ଶିକ୍ଷକ କିପରି କ୍ୟାଡର ଭୁକ୍ତ ହୋଇ ପାରିବେ ଏଥିପାଇ ରାଜ୍ୟ ସଂଘ ସରକାରଙ୍କ ନିକଟରେ ଦୃଢ ଦାବି ଉପସ୍ଥାପନା କରିଥିବା ରାଜ୍ୟ ସଂଘର କର୍ମକର୍ତ୍ତା ମାନେ ବୈଠକରେ ସୂଚନା ପ୍ରଦାନ କରିଥିଲେ। ଏହି ବୈଠକରେ ଜିଲ୍ଲା ସଂଘର ସମସ୍ତ କର୍ମକର୍ତ୍ତା ମାନେ ଉପସ୍ଥିତ ଥିବା ବେଳେ ୧୦ଟି ବ୍ଲକ ସଭାପତି ଓ ସମ୍ପାଧକ ଏକ୍ସ କ୍ୟାଡର ଶିକ୍ଷକ ମାନେ ଉପସ୍ଥିତ ଥିଲେ। ଏହି ବୈଠକକୁ ଶିକ୍ଷକ ଦିଲୀପ ସ୍ୱାଇଁ ପରିଚାଳନା କରିଥିଲେ।

## ଅସ୍ଥାୟୀ କର୍ମଚାରୀଙ୍କ ଗୋଟିଏ ମାସର ଦରମା ଦେଲା ଠିକାସଂସ୍ଥା

ଜୟପୁର,୧୪।୯ (ସମିସ): କୋରାପୁଟ ଜିଲ୍ଲା ଜୟପୁର ଜିଲ୍ଲା ଚିକିତ୍ସାଳୟର କାର୍ଯ୍ୟରତ ଅସ୍ଥାୟୀ ସଫେଇ ଏବଂ ସୁରକ୍ଷା କର୍ମୀ ମାନେ ଗତକାଲି କାର୍ଯ୍ୟବନ୍ଦ ଆନ୍ଦୋଳନ ଏବଂ ଧାରଣା ଦେଇଥିଲେ। ସେମାନଙ୍କ ଅଭିଯୋଗ ଅନୁଯାୟୀ ଗତ ୨ ମାସରୁ ଊଣର ହେଲାଣି ମାସିକ ଦରମା ଠିକାସଂସ୍ଥା ପକ୍ଷରୁ ପ୍ରଦାନ କରାଯାଇନାହିଁ। ଏହିପରି ଚିକିତ୍ସାଳୟରେ କାର୍ଯ୍ୟରେ ବାଧାସୃଷ୍ଟି ହେବା ଯୋଗୁଁ ଚିକିତ୍ସାଳୟ କର୍ତ୍ତୃପକ୍ଷ ଠିକାସଂସ୍ଥା ଉପରେ ଚାପ ସୃଷ୍ଟି କରିଥିଲେ। ଗତକାଲି ସଂଧ୍ୟାରେ ସଫେଇ କର୍ମଚାରୀ, ସୁରକ୍ଷା କର୍ମୀ, ସେବିକା, ନର୍ସ ଏବଂ ଅନ୍ୟାନ୍ୟ ବିଭାଗରେ କାର୍ଯ୍ୟରତ କର୍ମଚାରୀ ମାନଙ୍କ ଗତ ଏକମାସ ଦରମା ପ୍ରଦାନ କରାଯାଇଥିବା ବେଳେ ଆସନ୍ତା ସୋମବାର ସୁଦ୍ଧା ବକେୟା ରହିଥିବା ଅନ୍ୟଏକ ମାସର ଦରମା ପ୍ରଦାନ କରିବା ନେଇ ପ୍ରତିଶୃତି ଦେଇଛନ୍ତି। ଗତକାଲି ସଂଧ୍ୟାରୁ ସେବିକା ଏବଂ ସଫେଇ କର୍ମଚାରୀ କାର୍ଯ୍ୟରେ ଯୋଗ ଦେଇଥିଲେ ଏବଂ ଆଜି ପୂର୍ବାହ୍ନ ଠାରୁ ଅନ୍ୟାନ୍ୟ କର୍ମଚାରୀ ମାନେ କାର୍ଯ୍ୟରେ ଯୋଗଦେବା ସହ ଚିକିତ୍ସାଳୟର ସ୍ୱାସ୍ଥ୍ୟସେବା ସ୍ୱାଭାବିକ ହୋଇଛି। ଅସ୍ଥାୟୀ କର୍ମଚାରୀ ମାନଙ୍କୁ ପ୍ରଦାନ କରାଯାଇଥିବା ନୂତନ ଭବନରେ ଏକ ଗୋଟିଏ କୋଠରୀକୁ ପୁଲିସ ଆଉଟପୋଷ୍ଟ ପାଇଁ ପ୍ରଦାନ କରାଯିବ ଏବଂ ଭବନରେ ଅନ୍ୟ ଏକ କୋଠରୀକୁ ଅସ୍ଥାୟୀ କର୍ମଚାରୀଙ୍କୁ ବିଶ୍ରାମ ପାଇଁ ପ୍ରଦାନ କରାଯାଇଛି। ସେହିପରି ଭବନର ଏମସିସି ଚିକିତ୍ସାଳୟରେ ମଧ୍ୟ ଏକ କୋଠରୀ ବିଶ୍ରାମ ପାଇଁ ଅସ୍ଥାୟୀ କର୍ମଚାରୀ ମାନଙ୍କୁ ପୂର୍ବରୁ ପ୍ରଦାନ କରାଯାଇଛି। ଆବଶ୍ୟକ କକ୍ଷର ଅଭାବ ଯୋଗୁଁ ପ୍ରତ୍ୟେକ ମହଲାରେ ବିଶ୍ରାମ କକ୍ଷ ପ୍ରଦାନ କରିବାରେ ସମସ୍ୟା ରହିଛି ବୋଲି ଚିକିତ୍ସାଳୟ କର୍ତ୍ତୃପକ୍ଷଙ୍କ ପକ୍ଷରୁ ପ୍ରକାଶ କରାଯାଇଛି।

## ଏସ୍‌ବିଆଇର ମେଗା ସିଏସ୍‌ପି ବୈଠକ




ବାଲଡ଼ା,୧୪।୯ (ସମିସ): ଷ୍ଟେଟ୍‌ବ୍ୟାଙ୍କ ଅଫ୍ ଇଣ୍ଡିଆ, ଆଞ୍ଚଳିକ ବ୍ୟବସାୟ କାର୍ଯ୍ୟାଳୟ ଜୟପୁରର ଏସ ଏସ କନଭେନସନ ହଲରେ ଏକ ମେଗା ସିଏସପି ବୈଠକ ଅନୁଷ୍ଠିତ ହୋଇଛି। ପ୍ରାୟ ୩୭୦ ସିଏସପି ଏବଂ ବିସି ପ୍ରତିନିଧି ଏହି ବୈଠକରେ ଯୋଗ ଦେଇଥିଲେ। ଆଞ୍ଚଳିକ ପରିଚାଳକ ସୁବାଷ ଚନ୍ଦ୍ର ବେହେରା ଏହି ଅବସରରେ ଯୋଗଦେଇଥିଲେ। ତାଙ୍କ ଅଭିଭାଷଣରେ ଆରଏମ୍‌ସାର୍ ସିଏସପିଗୁଡ଼ିକର ମାର୍ଗଦର୍ଶନ ଏବଂ ଉନ୍ନତି ପାଇଁ ନିଷ୍କ୍ରିୟ ପିଏମଜେଡିୱାଇ ଆକାଉଣ୍ଟଗୁଡ଼ିକର କେୱାଇସି ଅପଡେସନ୍, ଆଇଆରଏଆର୍ ଆକାଉଣ୍ଟ ଖୋଲିବା ଫର୍ମ ସଂଗ୍ରହ, ସାମାଜିକ ସୁରକ୍ଷା ଯୋଜନା ଅଧୀନରେ ସମସ୍ତ ଯୋଗ୍ୟ ବ୍ୟକ୍ତିଙ୍କୁ ଅନ୍ତର୍ଭୁକ୍ତ କରିବା।, ଆକାଉଣ୍ଟ ଖୋଲିବା ବୃଦ୍ଧି କରିବା ପ୍ରଭୃତି ଉପରେ ଆଲୋଚନା ହୋଇଥିଲା। କାର୍ଯ୍ୟକ୍ରମ ସମୟରେ ଆରବିଓ ଏବଂ ବିସି ପ୍ରତିନିଧିଙ୍କ ଏଫଆଇ ଅଧିକାରୀ ଏବଂ ଆରଏମସାର୍ ଦ୍ୱାରା ସିଏସପିମାନଙ୍କ ପ୍ରଶ୍ନର ଉତ୍ତର ଦେବା ପାଇଁ ଏକ ଖୋଲା ମଞ୍ଚ ଅଧିବେଶନ ମଧ୍ୟ ଆୟୋଜନ କରାଯାଇଥିଲା। ପ୍ରତ୍ୟେକ ବର୍ଗରେ ଶ୍ରେଷ୍ଠ ପ୍ରଦର୍ଶନକାରୀ ଏବଂ ଆଞ୍ଚଳିକ କାର୍ଯ୍ୟାଳୟ/ଜୋନାଲ କାର୍ଯ୍ୟାଳୟ ଦ୍ୱାରା ଆରମ୍ଭ ହୋଇଥିବା ବିଭିନ୍ନ ଅଭିଯାନର ବିଜେତାମାନଙ୍କୁ ଜଗ ସାର୍ ସମ୍ମାନିତ କରିଥିଲେ। କାର୍ଯ୍ୟକ୍ରମଟି ପରିଚାଳକ ଜିତେନ ଜେନାଙ୍କ ଦ୍ୱାରା ସଂଯୋଜିତ ହୋଇଥିଲା।

## ଯୁବ ବିଜେଡ଼ି ନେତାଙ୍କ ପିତୃ ବିୟୋଗ



ନନ୍ଦପୁର,୧୪।୯ (ସମିସ): ନନ୍ଦପୁର ବ୍ଲକର ଯୁବ ବିଜେଡ଼ି ନେତା ନୁର୍ ମହମ୍ମଦଙ୍କ ପିତା ଗୁଲ ମହମ୍ମଦଙ୍କ ପରଲୋକ ହୋଇଯାଇଛି। ରବିବାର ମଧ୍ୟାହ୍ନ ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା। ଥିବା ଗ୍ରାମକୁ ମର ଶରୀର ଆସିବା ପରେ ସୋମବାର ଅନ୍ତ୍ୟେଷ୍ଟି କ୍ରିୟା ହେବ ବୋଲି ଜଣାପଡିଛି। ସ୍ୱର୍ଗତ ଗୁଲ ମହମ୍ମଦ ଏହି ଅଞ୍ଚଳର ଜଣେ ଜଣାଶୁଣା ଠିକାଦାର ଭାବେ ପରିଚିତ ରହିଥିଲେ।

# ଟାୱାର ଅଛି, ନେଟୱର୍କ ନାହିଁ

### ସମସ୍ୟା ସମାଧାନ ପାଇଁ ଦାବି



କଲ୍ୟାଣସିଂହପୁର,୧୪।୯ (ସମିସ): ରାୟଗଡ଼ା ଜିଲ୍ଲା କଲ୍ୟାଣସିଂହପୁର ବ୍ଲକ ପାର୍ଶାଲି ପଞ୍ଚାୟତରେ ଜିଓ ନେଟୱାର୍କ ସଂଯୋଗ ନଥିବାରୁ ଅଞ୍ଚଳବାସୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ନିୟମଗିରି ପାହାଡ଼ରେ ବସବାସ କରୁଥିବା ଆଦିମ ବିରଳ ଡଙ୍ଗରିଆ କନ୍ଧଙ୍କୁ ମୁଖ୍ୟ ସ୍ରୋତକୁ ଆଣିବା ପାଇଁ ସରକାର ଚେଷ୍ଟା କରୁଛନ୍ତି। ଅଞ୍ଚଳକୁ ରାସ୍ତାଘାଟ, ବିଜୁଳି, ଶିକ୍ଷା, ଅଙ୍ଗନବାଡି, ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ସହ ଜିଓ ନେଟୱର୍କର ବ୍ୟବସ୍ଥା କରାଯାଇଛି। ପାର୍ଶାଲି ପଞ୍ଚାୟତର ଡଙ୍ଗରିଆ ଗ୍ରାମ ମଧ୍ୟରୁ ୯ଟି ଗ୍ରାମରେ ପାର୍ଶାଲି, ଭାଲେରି, ପାତଲମ୍ବା ,ପାରାମାଲି, ପଞ୍ଚକୁଡି, ତେନ୍ତୁଳିପଦର, ଟାମକଶିଲି, ନିର୍ଗୁଣ୍ଡି, ବଡ଼ଡେଙ୍ଗିଲେଲି, ରିଲିଆନ୍ସ ଜିଓ ଟାୱାର ନେଟୱର୍କର କାର୍ଯ୍ୟ ଶେଷ କରାଯାଇଛି। ସେଥିରୁ କିଛି ଜିଓ ନେଟୱାର୍କ ଚାଲୁଥିବା ବେଳେ ବଡଡେଙ୍ଗିନେଲି, ନିଶିଖାଲ ଓ ନିରଗୁଣ୍ଡି ଟାୱାରରେ ଜିଓ ନେଟୱାର୍କ ଲାଇନ ସଂଯୋଗ କରାଯାଉନାହିଁ। ସେଥିରୁ ବଡ଼ ଡେଙ୍ଗିଲେଲି ଗ୍ରାମରେ ଦୁଇବର୍ଷ ହେବ ଟାୱାର କାର୍ଯ୍ୟ ଶେଷ ହୋଇଛି। କିନ୍ତୁ ନେଟୱାର୍କ ସଂଯୋଗ କରାଯାଇ ନାହିଁ ବୋଲି ଉକ୍ତ ଗ୍ରାମର ଲେଲି କୌଶଲ୍ୟା, ସାନ କୌଶଲ୍ୟା, ବଡ଼ ସିକକା, କାଟ୍ରୁ ଶିକକା, ଡମ୍ବୁ ସିକକା, ଶ୍ୟାମ ସିକକା ପ୍ରମୁଖ ଅଭିଯୋଗ କରିଛନ୍ତି।


## ରକ୍ତଦାନ ଶିବିରରେ ୪୮ ୟୁନିଟ୍ ରକ୍ତ ସଂଗ୍ରହ



ଜୟପୁର,୧୪।୯ (ସମିସ): ଜୟପୁର ସହରର ଅରବିନ୍ଦନଗର ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ଏବଂ କେଶବ ସେବା ଟ୍ରଷ୍ଟ ମିଳିତ ଆନୁକୂଲ୍ୟରେ ଏକ ରକ୍ତଦାନ ଶିବିର ଆଜି ବିଦ୍ୟାମନ୍ଦିର ପରିସରରେ ଅନୁଷ୍ଠିତ ହୋଇଥିଲା। ଏହି ରକ୍ତଦାନ ଶିବିରଟିକୁ ଆୟୋଜନ କରିଥିଲେ ବିଦ୍ୟା ମନ୍ଦିରର ପୂର୍ବ ଛାତ୍ର ସଂଗଠନ ଏବଂ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜର ରକ୍ତଭଣ୍ଡାର କର୍ମଚାରୀମାନେ ଉପସ୍ଥିତ ରହି ରକ୍ତ ସଂଗ୍ରହ କରିଥିଲେ। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘର ପଶ୍ଚିମ ପ୍ରାନ୍ତ ବ୍ୟବସ୍ଥା ପ୍ରମୁଖ ସୁଶିଲ ଜୈନ, ନଗର ସଂଘ ଚାଳକ ଡ. ନିରଞ୍ଜନ ମିଶ୍ର ,ବିଦ୍ୟାମନ୍ଦିର ପରିଚାଳନା କମିଟିର ସଭାପତି ପ୍ରେମାନନ୍ଦ ନାୟକ ଏବଂ ଦାମନଯୋଡ଼ିରୁ ଆସିଥିବା ରକ୍ତଦାନ ପ୍ରବର୍ତ୍ତକ ଡ.ନରେଶ ଚନ୍ଦ୍ର ସାହୁ, ଡ.ରମଣୀ ରଞ୍ଜନ ଦାସ ମଞ୍ଚାସୀନ ଥିଲେ। ଏହି ଅବସରରେ ବିଦ୍ୟାମନ୍ଦିରର ପ୍ରଧାନଆଚାର୍ଯ୍ୟ ଡ.ରମଣୀ ରଞ୍ଜନ ଦାଶଙ୍କୁ ସମ୍ବର୍ଧିତ କରାଯାଇଥିଲା ପୂର୍ବତନ ଛାତ୍ର ସଂଗଠନର ପବିତ୍ର ମୋହନ ଦାସ, ଦେବାଶିଷ ରଥ, ଶ୍ରୀକାନ୍ତ ମହାରଣା, ପ୍ରଭାକର ରଥ, ପ୍ରଦୀପ ତ୍ରିପାଠୀ ରକ୍ତଦାତା ପ୍ରବର୍ତକ ମିହିର ମିଶ୍ର, ସତ୍ୟବାଦୀ ମିଶ୍ର ପ୍ରମୁଖ ଉପସ୍ଥିତ ରହି ରକ୍ତଦାନ କରିବା ସହ ସହଯୋଗ କରିଥିଲେ। ଏଥିରେ ସମୁଦାୟ ୪୮ ୟୁନିଟ ରକ୍ତ ସଂଗ୍ରହ ହୋଇଥିଲା। ସମସ୍ତ ରକ୍ତଦାତାଙ୍କୁ ସାର୍ଟିଫିକେଟ ପ୍ରଦାନ କରାଯାଇ ସମ୍ମାନିତ କରାଯାଇଥିଲା।

ସକାଳ
THE SAKALA

# ସମ୍ପାଦକୀୟ



ଧର୍ମଧାରଣା ବିଶ୍ୱାସରୁ ଜନ୍ମନିଏ ଏବଂ ବିଶ୍ୱାସ ଜନ୍ମନିଏ ସୀମାବଦ୍ଧ ଚିନ୍ତାଧାରାରୁ।
-ଜିଡ୍ଡୁ କ୍ରିଷ୍ଣମୂର୍ତ୍ତି

## ବାଣ ବିପଦ

ବାଣ କେବଳ ଆଉ ପାର୍ବଣର ମନୋରଞ୍ଜନ କିମ୍ବା ଉତ୍ସବ ପାଳନରେ ସୀମିତ ନାହିଁ। ଏହା ଏକ ପ୍ରାଣଘାତୀ ପ୍ରତିଯୋଗିତାରେ ପରିଣତ ହୋଇସାରିଛି। ଦୀପାବଳୀ ସମୟରେ ଦେଶର ରାଜଧାନୀ ଦିଲ୍ଲୀର ବାୟୁମଣ୍ଡଳ ବିଷପ୍ରକୋଷ୍ଠ ଭଳି ହୋଇଯାଉଥିବା ବେଳେ କ୍ରମଶଃ ଅନ୍ୟାନ୍ୟ ମେଟ୍ରୋସହରର ଆତସବାଜୀ ଜନିତ ପ୍ରଦୂଷଣସ୍ଥିତି ସେହି ସ୍ତରକୁ ଚାଲିଗଲାଣି। ଏହାଛଡ଼ା ବାଣର ବୁକୁଫଟା ଶବ୍ଦରେ କେତେ ଯେ ପ୍ରାଣ ଯାଉଛି ତାହାର ସରକାରୀ ହିସାବ ନାହିଁ। ବାଣର ଏହି ପ୍ରାଣଘାତୀ ପରିଣାମକୁ ଗୁରୁତ୍ୱ ଦେବାକୁ କେହି ପ୍ରସ୍ତୁତ ଥିବା ଭଳି ଲାଗୁନାହିଁ। ଏହି ପରିପ୍ରେକ୍ଷୀରେ ଦେଶର ସର୍ବୋଚ୍ଚ ନ୍ୟାୟାଳୟଙ୍କ ଉଦ୍‌ବେଗ ପ୍ରକାଶ ଏବଂ ସମଗ୍ର ଦେଶରେ ବାଣକୁ ନିଷେଧ କରିବା ଲାଗି ଦେଇଥିବା ପରାମର୍ଶ ଯଥାର୍ଥ ଓ ସ୍ୱାଗତଯୋଗ୍ୟ।

ବାଣ ଫୁଟା ଜନିତ ଭୟଙ୍କର ପରିବେଶ ପ୍ରଦୂଷଣକୁ କିଛିମାତ୍ରାରେ ନିୟନ୍ତ୍ରଣ କରିବା ପାଇଁ ଦେଶର ସର୍ବୋଚ୍ଚ ନ୍ୟାୟାଳୟ ଗତବର୍ଷ ଦିଲ୍ଲୀ ମହାନଗରରେ ସମ୍ପୂର୍ଣ୍ଣ କଟକଣା ଜାରି କରିଥିଲେ। କଟକଣା ମାନିବା ଦୂରେ ଥାଉ ଦିଲ୍ଲୀ ସମେତ ଦେଶରେ ରେକର୍ଡ ସଂଖ୍ୟକ ବାଣ ଫୁଟିଥିଲା। ଓଡ଼ିଶା ମଧ୍ୟ ଏଥିରୁ ବାଦ୍ ପଡ଼ି ନଥିଲା। ଦ୍ୱୈତନଗରୀରେ ଦୀପାବଳୀ ଦିନ ରାତି ତିନିଟା ପରେ, ଏପରିକି ଦୀପାବଳୀ ଆଗଦିନ ରାତି ୧୨ଟା ପର୍ଯ୍ୟନ୍ତ ବାଣ ଫୁଟିବା ଶୁଣିବାକୁ ଓ ଦେଖିବାକୁ ମିଳିଥିଲା। ସତେଯେମିତି ସର୍ବୋଚ୍ଚ ଅଦାଲତଙ୍କ ଉଦ୍‌ବେଗ ପ୍ରତି ବାଣପ୍ରେମୀଙ୍କ କୌଣସି ଆନ୍ତରିକତା ନଥିଲା। ଏହାପଛର କାରଣ ଦର୍ଶାଗଲା ଯେ ଅଦାଲତଙ୍କ ନିର୍ଦ୍ଦେଶ ଆସିବାର ଯଥେଷ୍ଟ ପୂର୍ବରୁ ଆତସବାଜି ବଜାର ଓ ଗ୍ରାହକଙ୍କ ହାତକୁ ଚାଲିଯାଇଥିଲା। ବାଣ ବିକ୍ରେତାମାନେ ମଧ୍ୟ ଲାଇସେନ୍ସ ପାଇ ସାରିଥିଲେ। ତେଣୁ ଚଳିତ ବର୍ଷ ଯଥେଷ୍ଟ ସମୟ ପୂର୍ବରୁ ସର୍ବୋଚ୍ଚ ଅଦାଲତର ପ୍ରଧାନ ବିଚାରପତି ସତର୍କ ସୂଚନା ଦେଇସାରିଛନ୍ତି। ଏହାର କାର୍ଯ୍ୟକାରିତା ଲୋକ ମାନସିକତା ଉପରେ ନିର୍ଭର କରେ।

ବାଣ ପ୍ରସ୍ତୁତି, ଚାଲାଣ ଓ ବିକ୍ରିବଟା ଉପରେ ସରକାରୀ କଟକଣା ବା ନିଷେଧାଦେଶ ଆଗୁଆ ରହିଲେ ଏହାର ବ୍ୟବହାର କମି ପାରନ୍ତା କିମ୍ବା ଆଦୌ ହୁଅନ୍ତା ନାହିଁ। କିନ୍ତୁ ବାଣ ବଜାର ସହିତ ଜଡ଼ିତ ଅର୍ଥନୀତିକୁ ଦ୍ୱାହି ଦେଇ ଏଭଳି ପଦକ୍ଷେପ ନେବାରେ କୁଣ୍ଠା ପ୍ରକାଶ ପାଉଛି। ଜୀବନ ଥିଲେ ବେପାର ଓ ବଜାର ତିଷ୍ଠି ରହିବ - ଏ କଥା ବାଣପ୍ରେମୀମାନେ ସ୍ମରଣକୁ ଆଣିବା ଦରକାର। ସର୍ବୋପରି ବାଣବଜାର-ଅର୍ଥନୀତି ତୁଳନାରେ ଜୀବନର ମୂଲ୍ୟ କାହିଁ କେତେ ଅଧିକ ମୂଲ୍ୟବାନ - ଏ କଥା ହିଁ ସର୍ବୋଚ୍ଚ ନ୍ୟାୟାଳୟ ପରୋକ୍ଷରେ ପୁଣି ଥରେ ଚେତାଇ ଦେବାକୁ ଚାହିଁଛନ୍ତି। ଆମେ ଯଦି ପରମ୍ପରା ଆଳରେ ସଂଯମର ସୀମା ଉଲ୍ଲଂଘନ କରିବା ଅଦାଲତ କିମ୍ବା ସରକାର ତାହାକୁ ବନ୍ଦ କରିପାରିବେ ନାହିଁ। ଆମ ଚରିତ୍ରର ମନୋରଞ୍ଜନ ଓ ପ୍ରତିଯୋଗିତା ପ୍ରତି ଥିବା ଦୁର୍ବଳ ଦିଗ ସହିତ ଆମକୁ ଅନ୍ୟ ବିଷୟ ପ୍ରତି ଦୃଷ୍ଟି ଦେବାକୁ ପଡ଼ିବ। ତା' ନହେଲେ ଆମ ମନୋରଞ୍ଜନର ପ୍ରତିଯୋଗିତା ଅର୍ଥହୀନ ହୋଇ ଗଣମୃତ୍ୟୁର ଘଣ୍ଟି ବଜାଇବ। ଏବେ ସମୟ ଆସିଛି ଆମକୁ ପ୍ରାଣ କିମ୍ବା ବାଣ ମଧ୍ୟରୁ ଗୋଟିଏକୁ ଆପଣେଇ ନେବାକୁ ପଡ଼ିବ।

## ଖବର ତନଖି ଚିନ୍ତା

ନେପାଳର ସଦ୍ୟତମ ଶାସକ ବିରୋଧୀ ବିକ୍ଷୋଭରେ ସାମାଜିକ ଗଣମାଧ୍ୟମର ଭୂମିକାକୁ ନେଇ ବିଶ୍ୱ ଶାସକବର୍ଗ ଚିନ୍ତିତ। ସ୍ୱାଭାବିକ ଭାବେ ବିଶ୍ୱର ସର୍ବବୃହତ୍ ଗଣତନ୍ତ୍ର ଓ ସର୍ବାଧିକ ଜନବହୁଳ ଦେଶ ଭାରତ ମଧ୍ୟ ଏହାକୁ ଗୁରୁତ୍ୱର ସହ ନେଇଛି। ସାମାଜିକ ଗଣମାଧ୍ୟମ ଗୁଜବରେ ଭାରତରେ ନେପାଳ ସଦୃଶ ବିକ୍ଷୋଭର ସମ୍ଭାବନା ନଥିଲେ ମଧ୍ୟ ଅଧୁନା କ୍ରମବର୍ଦ୍ଧିଷ୍ଣୁ ବିଭ୍ରାନ୍ତିକର ଓ ମିଥ୍ୟା ଖବର ପ୍ରଚାର ଓ ପ୍ରସାରଣ ଉଦ୍‌ବେଗର କାରଣ ହୋଇଛି। ଦେଶର ସଂହତି, ସାର୍ବଭୌମ, ଅଖଣ୍ଡତା, ସାମ୍ପ୍ରଦାୟିକ ସଦ୍‌ଭାବନା ଓ ଏକତା ପ୍ରତି ମିଥ୍ୟା ଓ ବିଭ୍ରାନ୍ତିକର ଖବରର ନକାରାତ୍ମକ ପ୍ରଭାବକୁ ଦୃଷ୍ଟିରେ ରଖି ଭାରତ ସରକାର ଏ ସଂକ୍ରାନ୍ତ ଆଇନ ଓ କଟକଣା ଜାରି କରିଛନ୍ତି। ତଥାପି ସେଥିରେ ରହିଯାଉଥିବା ବିଭିନ୍ନ ଗଳାବାଟ ଯୋଗୁଁ ଅବୈଧ ଓ ଅନିୟନ୍ତ୍ରିତ ମିଥ୍ୟା ଖବର ପ୍ରଚାର ପ୍ରସାର ବଢ଼ିବାରେ ଲାଗିଛି ଏବଂ ବିଭିନ୍ନ ସମୟରେ ବିଭ୍ରାଟ ସୃଷ୍ଟି କରୁଛି। ଏବେ ପୁଣି ଥରେ ନେପାଳ ଘଟଣାକୁ ଦୃଷ୍ଟିରେ ରଖି ଗଣମାଧ୍ୟମ ଖବର ଉପରେ କଡ଼ା କଟକଣା ଜାରି କରିବା ପାଇଁ ସଂସଦୀୟ ସ୍ଥାୟୀ କମିଟି ସରକାରଙ୍କୁ ସୁପାରିସ କରିଛି। ଏଥିରେ ସାମାଜିକ ଗଣମାଧ୍ୟମ ସହିତ ପାରମ୍ପରିକ ମୁଖ୍ୟସ୍ରୋତର ଗଣମାଧ୍ୟମକୁ ଉତ୍ତରଦାୟୀ କରିବା ସହିତ ପ୍ରସାରିତ/ମୁଦ୍ରିତ ଖବର ଯଦି ମିଥ୍ୟା, ମନଗଢ଼ା କିମ୍ବା ବିଭ୍ରାନ୍ତିକର ପ୍ରମାଣିତ ହୁଏ ତେବେ ସମ୍ପୃକ୍ତ ସଂସ୍ଥାର ସମ୍ପାଦକ ଓ ପ୍ରକାଶକ, ମୁଦ୍ରାକର ଓ ମାଲିକଙ୍କୁ ଯେପରି ଦଣ୍ଡିତ କରାଯାଇପାରିବ ସେଥିଲାଗି ଆଇନରେ ସଂଶୋଧନ ଆଣିବା ଲାଗି କମିଟି ପରାମର୍ଶ ଦେଇଛି।

ଗଣମାଧ୍ୟମରେ ମିଥ୍ୟା ଖବର ପ୍ରସାରଣ ଅଭିଯୋଗ ଏବଂ ତନଖି(ଫ୍ୟାକ୍ଟ ଚେକିଂ) ବ୍ୟବସ୍ଥା ସପକ୍ଷରେ ଯୁକ୍ତି ନୂଆ ନୁହେଁ। ସମୟସମୟରେ କୌଣସି ଖବର ବିଭ୍ରାଟ ବା ସଙ୍କଟ ସୃଷ୍ଟି କଲେ ଏଭଳି ମତାମତ ପ୍ରକାଶ ପାଏ ଏବଂ ସରକାର ତାହାକୁ ଗୁରୁତ୍ୱର ସହ ନିଅନ୍ତି। ଆଇନ୍ କାନୁନ ଓ କଟକଣାକୁ ମାନିବା ପାଇଁ କେତେକ ସଂସ୍ଥା ଫ୍ୟାକ୍ଟ ଚେକିଂ ବ୍ୟବସ୍ଥା ମଧ୍ୟ ଆପଣେଇଛନ୍ତି। କିନ୍ତୁ ସରକାରୀ ତଦାରଖ ବ୍ୟବସ୍ଥାର ଅନୁପସ୍ଥିତି ଯୋଗୁଁ କିଛିଦିନ ପରେ ତାହା ପ୍ରହସନରେ ପରିଣତ ହୋଇଯାଉଛି।

ବସ୍ତୁତଃ ଫ୍ୟାକ୍ଟଚେକିଂ ସହଜସାଧ୍ୟ ବ୍ୟାପାର ନୁହେଁ। ଏଥିରେ ଆଇନଗତ ଜଟିଳତା ସାଙ୍ଗକୁ ପ୍ରଚୁର ମାନବ ସମ୍ବଳ ଓ ଅର୍ଥଶକ୍ତିର ଆବଶ୍ୟକତା ରହିଛି। ଯାହା ପାଖରେ ସ୍ମାର୍ଟଫୋନ୍ ଅଛି ସେ ଯଦି ସାମାଜିକ ଗଣମାଧ୍ୟମରେ କିଛି ବିଷୟରେ ଲେଖିବାକୁ ଇଚ୍ଛା କରେ ଏବଂ ପରିପ୍ରକାଶ କରେ ତାହାକୁ ତନଖି କରିବ କିଏ? ଏସବୁ ବିଷୟବସ୍ତୁ ପ୍ରସାରିତ କରୁଥିବା ମଞ୍ଚ କେତେ ସତର୍କ ହୋଇପାରିବ ଏବଂ କିଭଳି ତ୍ୱରିତ କାର୍ଯ୍ୟାନୁଷ୍ଠାନ ନେବ ତାହା ଉପରେ ଫ୍ୟାକ୍ଟ ଚେକିଂ ବ୍ୟବସ୍ଥା ନିର୍ଭର କରେ। ମିଥ୍ୟା ଖବର କେବଳ ଦେଶ ପ୍ରତି ନୁହେଁ, ସମ୍ପୃକ୍ତ ସଂସ୍ଥା ଓ ସାମଗ୍ରିକ ଭାବେ ଗଣମାଧ୍ୟର ବିଶ୍ୱସନୀୟତା ପ୍ରତି ବିପଦ ହୋଇଥିବାରୁ ଫ୍ୟାକ୍ଟ ଚେକିଂ ବ୍ୟବସ୍ଥା ରହିବା ଜରୁରୀ। କିନ୍ତୁ କେବଳ ଆଇନ ଏହାକୁ ସମ୍ଭବ କରିପାରିବ ନାହିଁ। ତେଣୁ ଆନୁସଙ୍ଗିକ ବିକଳ୍ପ ବ୍ୟବସ୍ଥା ବିଷୟରେ ନୀତିନିର୍ଦ୍ଧାରକମାନେ ଚିନ୍ତା କରନ୍ତୁ।

# ଦାମ୍ଭିକ ହାତେ ବିଶ୍ୱ-ଭାଗ୍ୟଡୋରି

ଡ. ମନୋଜ କୁମାର ମହାନ୍ତି

ବିଶ୍ୱ ଏକ ଜଟିଳ ପରିସ୍ଥିତି ଦେଇ ଏବେ ଗତି କରୁଛି। ପ୍ରାୟ ସବୁଠି ଯୁଦ୍ଧର ଘନଘଟା। ଶାନ୍ତି-ମୈତ୍ରୀ-ପ୍ରେମ, ଦୟା-କରୁଣା-ଅନୁକମ୍ପାର ସ୍ୱର ଧୀରେଧୀରେ ଉଭେଇଯିବାରେ ଲାଗିଛି। ଲୁହ-ଲହୁ ଏକାସାଥିରେ ବୋହିଚାଲିଛି। ଅହଂକାର ଓ ଜିଦ୍‌ଖୋର ମନୋବୃତ୍ତିର ବୀଜ କେଉଁକାଳରୁ ବିଶ୍ୱର କୋଣଅନୁକୋଣରେ ବପନ ହୋଇସାରିଛି। ସମୟ ସହିତ ତାହା ଅଙ୍କୁରୋଦଗମ୍ ହୋଇ ମହାବୃକ୍ଷର ରୂପ ନେଉଛି। ବିଗତ ଦୁଇରୁ ତିନି ଦଶନ୍ଧି ଧରି ବିଶ୍ୱର ମାନବିକତା ନଷ୍ଟହୋଇ ନରସଂହାର ଭଳି ଘଟଣାମାନ ବଢ଼ିବାରେ ଲାଗିଛି। ରାଜତନ୍ତ୍ରର ସ୍ୱେଚ୍ଛାଚାରୀ ନରସଂହାର ମନୋବୃତ୍ତି ଆଜି ମଧ୍ୟ ଗଣତନ୍ତ୍ରରେ ଦେଖିବାକୁ ମିଳୁଛି।



୨୦୦୧ରୁ ଆରମ୍ଭ ହେଇଥିବା ଆଫଗାନିସ୍ତାନ ଯୁଦ୍ଧର ସୂତ୍ରପାତ ହୋଇଥିଲା ଅଲକାଏଦା ଆତଙ୍କୀଗୋଷ୍ଠୀର ମୁଖ୍ୟ ଓସେମା ବିନ୍ ଲାଦେନ ଦ୍ୱାରା ୯/୧୧ରେ ଆମେରିକାର ବିଶ୍ୱବାଣିଜ୍ୟ କେନ୍ଦ୍ର ଉପରେ ଆକ୍ରମଣ ପରେ। ପ୍ରତିଶୋଧ ପାଇଁ ଆମେରିକା ଦୀର୍ଘଦିନ ପର୍ଯ୍ୟନ୍ତ ଆଫଗାନିସ୍ତାନରେ ଲାଦେନର ଲୁଚିଥିବା ବିଭିନ୍ନ ଠିକଣା ଉପରେ ବୋମା ନିକ୍ଷେପ କରି ଧ୍ୱଂସସାଧନ କରିବାର କାହାଣୀ ଏବେବି ମନେପଡୁଛି। ଇରାକ ସହ ଆମେରିକାର ୨୦୦୩-୨୦୧୧ ପର୍ଯ୍ୟନ୍ତ ଲଢ଼େଇର ପରିଣାମ ହେଲା ଇରାକ ଶାସନଗାଦିରୁ ସଦ୍ଦାମ ହୁସେନଙ୍କୁ ଗାଦିଚ୍ୟୁତ ଏବଂ ପରିଶେଷରେ ଫାଶୀଦଣ୍ଡ। ୨୦୧୧ରୁ ସିରିଆରେ ଲାଗି ରହିଥିବା ଗୃହଯୁଦ୍ଧ ଏଯାଏଁ ବଳବତ୍ତର। ୟେମେନ, ସୁଦାନ, ମିଆଁମାର, ଇଥୋପିଆ, ବାଂଲାଦେଶ ଓ ନେପାଳ ଆଦି ଦେଶରେ ଚାଲିଛି ଗୃହଯୁଦ୍ଧ। ୨୦୨୨ରୁ ଏଯାବତ ରୁଷ-ୟୁକ୍ରେନ ମଧ୍ୟରେ ଯୁଦ୍ଧ ଚାଲିଥିବା ବେଳେ ଇସ୍ରାଏଲ୍-ପାଲେଷ୍ଟାଇନ, ଇସ୍ରାଏଲ-ଇରାନ ମଧ୍ୟରେ ଯୁଦ୍ଧର ପରିଣାମ ଅତ୍ୟନ୍ତ ଭୟଙ୍କର। କେହି ଯୁଦ୍ଧରୁ ନିଜକୁ ନିବୃତ୍ତ ରଖିବାକୁ ଚାହୁଁନାହାନ୍ତି।

ରୁଷର ଭୟଙ୍କର ଆକ୍ରମଣ ସହ ୟୁକ୍ରେନର ପ୍ରତିଆକ୍ରମଣ ଯୁଦ୍ଧକୁ ଆହୁରି ଲମ୍ବିତ କରୁଛି। ନିଜର ସର୍ବସ୍ୱକୁ ହରେଇଲା ପରେ ବି ୟୁକ୍ରେନ କୌଣସି ପରିସ୍ଥିତିରେ ନା ପରାଜୟକୁ ସ୍ୱୀକାର କରୁଛି ନା ଆତ୍ମସମର୍ପଣ ପାଇଁ ଇଚ୍ଛା ପ୍ରକାଶ କରୁଛି। ଆମେରିକା ଓ ନାଟୋ ସଦସ୍ୟ ଦେଶର ସହଯୋଗରେ ରୁଷର ଅହଙ୍କାରକୁ ଭାଙ୍ଗିବା ପାଇଁ ୟୁକ୍ରେନର ପ୍ରଚେଷ୍ଟା ଜାରିରହିଛି। ଅପରପକ୍ଷେ ଶକ୍ତିଶାଳୀ ରୁଷ ତା'ନିଜ ଲକ୍ଷ୍ୟରେ ଅଟଳ। ସେହିପରି ପାଲେଷ୍ଟାଇନର ଅତାଙ୍କୀସଂସ୍ଥା ହମାସର ବାରମ୍ବାର ଇସ୍ରାଏଲ ଉପରେ ଆକ୍ରମଣ ଏବଂ ପ୍ରତ୍ୟୁତ୍ତରରେ ଇସ୍ରାଏଲ ପାଲେଷ୍ଟାଇନର ଗାଜାକୁ ନର୍କରେ ପରିଣତ କରିବା ପରେ ମିଳିତ ଜାତିସଂଘ ଗାଜାରେ ଦୁର୍ଭିକ୍ଷ ଘୋଷଣା କରିଛି। ଏସିଆ ମହାଦେଶର ଆର୍ଥିକ ଶକ୍ତିଶାଳୀ ରାଷ୍ଟ୍ର ଚୀନର ମଧ୍ୟ ବିସ୍ତାର ନୀତି ଦିନକୁଦିନ ବୃଦ୍ଧି ପାଇବାରେ ଲାଗିଛି। ଉଭୟ ଗୃହଯୁଦ୍ଧ ଓ ସୀମାବିବାଦରେ ଲିପ୍ତଥିବା ଆର୍ଥିକ ଶକ୍ତିଶାଳୀ ଦେଶମାନଙ୍କ ମଧ୍ୟରେ ଏବେ ବିଶ୍ୱାସର ଘୋର ଅଭାବ। ଦାରିଦ୍ର୍ୟ, ଅଶିକ୍ଷା, ରୋଗ ନିରାକରଣ ପରିବର୍ତ୍ତେ କୂଟନୀତି, ସାମରିକ ଓ ଆଣବିକ ଶକ୍ତି ବିକାଶରେ ଅଧିକାଂଶ ଦେଶ ଲିପ୍ତ।

ଲୋକତନ୍ତ୍ର ଶାସନ ବ୍ୟବସ୍ଥାକୁ ଶେଷ ବିକଳ୍ପଭାବେ ଗ୍ରହଣ କରି ଗଣତନ୍ତ୍ର ରାଷ୍ଟ୍ର ସ୍ଥାପନ ଲାଗି ବିଶ୍ୱ ପ୍ରୟାସ ଆରମ୍ଭ କଲା। ୨୪, ଅକ୍ଟୋବର ୧୯୪୫ରେ ୫୧ଦେଶର ମିଳିତ ଉଦ୍ୟମରେ ସ୍ଥାପିତ ହେଲା ମିଳିତ ଜାତିସଂଘ। ମିଳିତ ଜାତିସଙ୍ଘର ଦୁଇ ଅଙ୍ଗ ନିରାପତ୍ତା ପରିଷଦ ଓ ସାଧାରଣ ସଭା ସମଗ୍ର ବିଶ୍ୱର କଲ୍ୟାଣକୁ ଅଗ୍ରାଧିକାର ଦେବେ ବୋଲି ବୁଦ୍ଧଜୀବୀମାନେ ଆଶାପୋଷଣ କରିଥିଲେ। ଯଦିଓ ମିଳିତ ଜାତିସଂଘର ପ୍ରଧାନ ଅଙ୍ଗ ଭାବେ ସାଧାରଣ ସଭାର ସଦସ୍ୟ ୧୯୩ଟି ଦେଶ କାର୍ଯ୍ୟରତ, କିନ୍ତୁ ପନ୍ଦର ସଦସ୍ୟଭିତ୍ତିକ ନିରାପତ୍ତା ପରିଷଦ ହିଁ ଜାତିସଂଘର ମୁଖ୍ୟ ନିଷ୍ପତ୍ତି ଗ୍ରହଣକାରୀ ଅଙ୍ଗଭାବେ ଆରମ୍ଭରୁ ପରିଚିତ। ନିରାପତ୍ତା ପରିଷଦର ପନ୍ଦର ସଦସ୍ୟ ମଧ୍ୟରୁ ଦଶ ଅସ୍ଥାୟୀ, ଯେଉଁଥିରେ ଭାରତ ଅନ୍ତର୍ଭୁକ୍ତ।

ରୁଷ୍, ଆମେରିକା, ଫ୍ରାନ୍ସ, ଇଂଲଣ୍ଡ ଓ ଚୀନ- ଏହି ପାଞ୍ଚ ଶକ୍ତିଶାଳୀ ଦେଶ ସ୍ଥାୟୀ ସଦସ୍ୟଭାବେ ଭିଟୋ ପ୍ରୟୋଗ କ୍ଷମତାର ଅଧିକାରୀ। ବିଶ୍ୱକୁ ନିୟନ୍ତ୍ରଣ କରିବାରେ ଏହି ପାଞ୍ଚ ସ୍ଥାୟୀ ସଦସ୍ୟ ସର୍ବେସର୍ବା। କିନ୍ତୁ ନିଜର ବିକାଶ, ଅଭିବୃଦ୍ଧି ସହ ବିଶ୍ୱକୁ ନିଜ ନିୟନ୍ତ୍ରଣରେ ରଖିବା ଲକ୍ଷ୍ୟରେ ଏମାନେ ସମସ୍ତେ ବ୍ୟସ୍ତ। ଯଦିଓ ପରସ୍ପର ମଧ୍ୟରେ ସମୟେ ସମୟେ ତିକ୍ତତା ସୃଷ୍ଟି ହୁଏ ତଥାପି କେହି କାହାକୁ ସିଧାସଳଖ ଆହ୍ୱାନ ଦେବାକୁ ସାହସ କରିପାରନ୍ତି ନାହିଁ। ସ୍ଥାୟୀ ସଦସ୍ୟ ଦେଶ ମଧ୍ୟରେ ନିଜ ସ୍ୱାର୍ଥରେ କାହାର କାଣିଚାଏ ବାଧା ଉପୁଜିଲେ ନିଜ ଅହଙ୍କାରରୂପକ ଭିଟୋ ପ୍ରୟୋଗ କରି ତା'ର ସର୍ବନାଶ କରିବାକୁ ସେମାନେ ପଛାନ୍ତି ନାହିଁ।

ଜାତିସଂଘ ମାଧ୍ୟମରେ ଦାରିଦ୍ର୍ୟତା, ନିରକ୍ଷରତା, ସ୍ୱାସ୍ଥ୍ୟଗତ ସମସ୍ୟାରେ ଜର୍ଜରିତ ଦେଶମାନଙ୍କର ଅର୍ଥନୈତିକ ଅଭିବୃଦ୍ଧି, ସ୍ୱାସ୍ଥ୍ୟ, ଶିକ୍ଷା ଆଦି ଗୁରୁତ୍ୱପୂର୍ଣ୍ଣ ସାମାଜିକ ସୁରକ୍ଷା ଓ ବିକାଶ ପାଇଁ ବୃହତ୍ ଆର୍ଥିକ ସହାୟତା ରାଶି ଏହି ପାଞ୍ଚ ସ୍ଥାୟୀ ଦେଶ ଦ୍ୱାରା ଅନୁଦାନ ରୂପେ ମିଳିଥାଏ। ଏଥିରେ ଆମେରିକାର ସହାୟତା ରାଶି ଅଧିକ।

ସ୍ୱାଭାବିକ ଭାବେ ଆର୍ଥିକ ସହାୟତା କରୁଥିବା ବ୍ୟକ୍ତିମାନେ ଯୁଗେଯୁଗେ ସମାଜକୁ ନିଜ ନିୟନ୍ତ୍ରଣରେ ରଖିଥା'ନ୍ତି। ତେଣୁ ନିରାପତ୍ତା ପରିଷଦରେ ଥିବା ସ୍ଥାୟୀ ସଦସ୍ୟମାନେ ନିଜ ନିଜକୁ ଶ୍ରେଷ୍ଠଭାବି ଜାତିସଂଘର ସାଧାରଣ ପରିଷଦରେ ଗୃହୀତ କୌଣସି ନିଷ୍ପତ୍ତିକୁ ଗ୍ରହଣ କରନ୍ତି ନାହିଁ। ପୃଥିବୀର ସାର୍ବଜନୀନ କାର୍ଯ୍ୟକ୍ରମ ନିରାପତ୍ତା ପରିଷଦ ଉପରେ ନିର୍ଭରଶୀଳ। ସେମାନେ ହିଁ ନିର୍ଣ୍ଣୟ କରନ୍ତି ବିଶ୍ୱ ପାଇଁ ଭଲ / ମନ୍ଦ ଏବଂ ଉଚିତ୍ / ଅନୁଚିତ୍। ଅନ୍ତର୍ଜାତୀୟ ନ୍ୟାୟାଳୟର ରାୟକୁ ମଧ୍ୟ ନିରାପତ୍ତା ପରିଷଦର ସ୍ଥାୟୀ ସଦସ୍ୟମାନେ ଅମାନ୍ୟ କରିବାର ଅନେକ ନଜର ଆସିଛି। ଜାତିସଂଘର ମୁଖ୍ୟସଚିବ କେବଳ ନାମକୁ ମାତ୍ର। ତାଙ୍କର ବିଶ୍ୱକୁ ନିୟନ୍ତ୍ରଣ କରିବାର କୌଣସି କ୍ଷମତା ନାହିଁ। କହିବାକୁ ଗଲେ ମିଳିତ ଜାତିସଂଘ ଏକ ନିଃସହାୟ, ନିରୁପାୟ, ଜରାଜୀର୍ଣ୍ଣ ଥୁଣ୍ଟା ବରଗଛ ସଦୃଶ। ଏ ସବୁର ସୁଯୋଗ ନେଇ ବିଶ୍ୱ ଧୀରେଧୀରେ ଅଶାନ୍ତ ଓ ଧ୍ୱଂସାଭିମୁଖେ ଅଗ୍ରସର।

ଆର୍ଥିକ ଶକ୍ତିଶାଳୀ ରାଷ୍ଟ୍ରର ଶାସକମାନେ ବିଶ୍ୱ ଜନସାଧରଣଙ୍କ ଜୀବନ ସହ ଲୁଚକାଳି ଖେଳି ଚାଲିଛନ୍ତି। ଆତଙ୍କବାଦୀ କାର୍ଯ୍ୟକଳାପରେ ଲିପ୍ତ ଦେଶକୁ ବୈଶ୍ୱିକ ସଂସ୍ଥା ମାଧ୍ୟମରେ ଆର୍ଥିକ ପ୍ରୋତ୍ସାହନ ଦେବା କେଉଁ ମାନସିକତା ତାହା ବୁଝାପଡୁଛି। ନିଜ ସ୍ୱାର୍ଥ ଓ ଦାଦାଗିରି ଜାହିର କରିବାରେ କିଛି ଦେଶ ନିପୁଣ। ନିଜ ଅସ୍ତ୍ରଶସ୍ତ୍ର ବିକ୍ରିରେ ପ୍ରଚୁର ଅର୍ଥ ଉପାର୍ଜନ କରି ବିଶ୍ୱରେ ନିଜର ହାକିମଗିରି କରିବାର ନିଶାରେ ବୁଡ଼ି ରହିଥିବା ଦେଶ ଦିନେ ନିଜେ ସେଇ ନିଆଁରେ ଜାଳିପୋଡ଼ି ପାଉଁଶ ହୋଇଯିବ ନାହିଁ ତ? ଦାମ୍ଭିକମାନେ ସମସ୍ତଙ୍କ ଭାଗ୍ୟଡୋରୀ ନିଜନିଜ ନିୟନ୍ତ୍ରଣରେ ରଖିବାକୁ ଚାହାନ୍ତି। କିନ୍ତୁ ସେମାନେ ଭୁଲିଯାଆନ୍ତି ଯେ ସେମାନଙ୍କ ଭାଗ୍ୟଡୋରି କାଳହାତେ ବନ୍ଧା।

(ବିଭାଗୀୟ ମୁଖ୍ୟ, ବି. ଏନ. ଏମ୍.ଏ ମହାବିଦ୍ୟାଳୟ),
ଭଦ୍ରକ, ମୋ:୮୮୯୫୩୪୦୩୩

# ଅନ୍‌ଲାଇନ୍ ଗେମ୍‌ର ମାୟାଜାଲ

ପ୍ରିୟତମା ତ୍ରିପାଠୀ

ମହାଭାରତର ଦ୍ୟୁତକ୍ରୀଡ଼ା ବା ପଶା ଖେଳ କେବଳ ଏକ ସାଧାରଣ ମନୋରଞ୍ଜନ ନୁହେଁ; ଏହା ଥିଲା ଏକ ନିଷ୍ଠୁର ପରୀକ୍ଷଣ। ଯୁଧିଷ୍ଠିରଙ୍କ ପଶା ପ୍ରତି ଅନିୟନ୍ତ୍ରିତ ଆସକ୍ତି, ଆତ୍ମସଂଯମର ଅଭାବ ଏବଂ ଶକୁନିଙ୍କ ଚତୁର ମାନସିକ କୌଶଳ ପାଣ୍ଡବମାନଙ୍କର ରାଜତ୍ୱ, ସାମାଜିକ ସମ୍ମାନ ଓ ପାରିବାରିକ ସ୍ୱାଧୀନତାକୁ ବିନାଶର ମୁହଁକୁ ଠେଲି ଦେଲା। ଏହା ଆମକୁ ଶିକ୍ଷା ଦିଏ ଯେ ଜୁଆରେ ଅତ୍ୟଧିକ ଆସକ୍ତି କିପରି ମାନବୀୟ ଦୁର୍ବଳତାକୁ ଶୋଷଣ କରି ଅନୈତିକ ଲାଭ ପାଇଁ ବ୍ୟବହାର କରେ ଏବଂ ବ୍ୟକ୍ତି ଓ ସମାଜର ମଙ୍ଗଳକୁ ବିପନ୍ନ କରେ। ଏହି ଶିକ୍ଷାର ପ୍ରାସଙ୍ଗିକତା ଆଜିର ଆଧୁନିକ ଓ ଇଣ୍ଟରନେଟ୍ ଯୁଗରେ ଅଧିକ।

ମହାଭାରତ ଯୁଗର ସେହି ଦ୍ୟୁତକ୍ରୀଡ଼ାର ନିଷ୍ଠୁର ଛାୟା ଆଜିର ଡିଜିଟାଲ୍ ଯୁଗରେ ଅନଲାଇନ୍ ଗେମିଂ ଓ ଗ୍ୟାମ୍ବଲିଂ ଆପ୍‌ର ରୂପ ନେଇ ବିଶ୍ୱବ୍ୟାପୀ ମାୟାଜାଲ ବିସ୍ତାର କରିଚାଲିଛି। ଭର୍ଚୁଆଲ ରିୱାର୍ଡ ଓ ଆଲ୍‌ଗୋରିଦିମ୍ ଗୋଟିରେ ରୂପାନ୍ତରିତ ହୋଇ ଲକ୍ଷ ଲକ୍ଷ ମନକୁ ଅପ୍ରତିରୋଧ ଆକର୍ଷଣରେ ବାନ୍ଧି ରଖୁଛି। ଅନଲାଇନ୍ ଗେମିଂ ପ୍ଲାଟଫର୍ମଗୁଡ଼ିକ ଶକୁନିତୁଲ୍ୟ ନିଖୁଣ ଭାବେ ଡିଜାଇନ୍ କରାଯାଇଥିବା ରିୱାର୍ଡସିଷ୍ଟମ୍ ମାଧ୍ୟମରେ ଖେଳାଳିମାନଙ୍କର ମସ୍ତିଷ୍କରେ ଯୁଧିଷ୍ଠିର ତୁଲ୍ୟ ଡୋପାମାଇନ୍‌ର ଅନୁପମାନ୍ୟ ପ୍ରବାହ ସୃଷ୍ଟି କରୁଛନ୍ତି। ଅନେକ ଯୁବକ ଏହି ଜୁଆ ଆପ୍‌ଗୁଡ଼ିକ ପ୍ରତି ଆକର୍ଷିତ ହୋଇ ସଞ୍ଚୟ ହରାଉଛନ୍ତି, ଋଣରେ ବୁଡ଼ି ଯାଉଛନ୍ତି ଏବଂ ପାରିବାରିକ ସମ୍ପର୍କ ଓ ସାମାଜିକ ବନ୍ଧନକୁ ଭାଙ୍ଗି ଏକ ନିରବ ସଂଘର୍ଷର ଶିକାର ହେଉଛନ୍ତି। ଅନେକ ଯୁବକଯୁବତୀ ଏହି ଗେମ୍‌ଗୁଡ଼ିକରେ ଅତ୍ୟଧିକ ସମୟ ବିତାଇ ଶିକ୍ଷାଆହରଣରେ ପଛରେ ପଡୁଛନ୍ତି। ମାନସିକ ଚାପ, ଅନିଦ୍ରା ଓ ଆତ୍ମବିଶ୍ୱାସର ଅଭାବରେ ଜର୍ଜରିତ ହେଉଛନ୍ତି। ପାରିବାରିକ ଓ ସାମାଜିକ ସମ୍ପର୍କରେ ଏକ ଅନ୍ଧକାର ଦୂରତ୍ୱ ସୃଷ୍ଟି କରୁଛନ୍ତି।



ପିଲାମାନଙ୍କର ମୋବାଇଲ୍ ପ୍ରତି ଅନିୟନ୍ତ୍ରିତ ଆକର୍ଷଣ ଏବଂ ପାଠପଢ଼ା ପ୍ରତି ଅନିଚ୍ଛା ପଛରେ ଯେତିକି ତାଙ୍କର ଦୁର୍ବଳତା ରହିଛି, ତା'ଠାରୁ ଅଧିକ ଦାୟିତ୍ୱହୀନତା ପିତାମାତାଙ୍କର ରହିଛି। ଛୋଟ ବୟସରୁ ପିଲାଙ୍କ ସହ ସମୟ ବିତାଇବା ବଦଳରେ ଖାଇବା ସମୟରେ ମୋବାଇଲ୍‌ରେ କାର୍ଟୁନ୍ ଭିଡିଓ ଚଲାଇ ଧରାଇ ଦେବା ଏକ ସହଜ ଉପାୟ ଲାଗେ ସତ, କିନ୍ତୁ ଏହା ଭବିଷ୍ୟତର ଏକ ମହାବିପତ୍ତିର ବୀଜ ରୋପଣ କରେ। ବୈଜ୍ଞାନିକ ଦୃଷ୍ଟିରୁ ଅତ୍ୟଧିକ ମୋବାଇଲ୍ ଫୋନ୍ ବ୍ୟବହାର ପିଲାଙ୍କର ଭାଷା ବିକାଶରେ ବାଧା ସୃଷ୍ଟି କରିବା ସହିତ ଭାବ ଆଦାନପ୍ରଦାନର ଗୁଣବତ୍ତାକୁ ପ୍ରଭାବିତ କରେ ଏବଂ କଥା କହିବା ଶୈଳୀ ଓ ଶାଳୀନତାକୁ ପ୍ରଭାବିତ କରେ। ଏହା ମଧ୍ୟ ମେଦବହୁଳତା ଓ ସ୍ମରଣଶକ୍ତି ହ୍ରାସ ପରି ସମସ୍ୟା ସୃଷ୍ଟି କରେ। ମାନବୀୟ ମୂଲ୍ୟବୋଧ ଦୃଷ୍ଟିରୁ ପିତାମାତାଙ୍କର ଦାୟିତ୍ୱ ହେଉଛି ପିଲାଙ୍କ ସହ ଖେଳିବା, କଥାବାର୍ତ୍ତା କରିବା ଏବଂ ଆଚାର-ବ୍ୟବହାର ଶିଖାଇବା, ଯାହା ତାଙ୍କର ସାମାଜିକ ଓ ନୈତିକ ବିକାଶକୁ ସୁଦୃଢ଼ କରେ।

ପ୍ରକୃତରେ ମୋବାଇଲ୍ ଫୋନ୍‌ର ପ୍ରଭାବ ଶିଶୁଟିଏ ଜନ୍ମ ହେବା ପୂର୍ବରୁ ପଡ଼ିଥାଏ ବୋଲି ବୈଜ୍ଞାନିକମାନେ ମତ ଦିଅନ୍ତି। ମହାଭାରତରେ ଅଭିମନ୍ୟୁର ମାତୃଗର୍ଭରେ ଚକ୍ରବ୍ୟୂହର ଜ୍ଞାନ ଅର୍ଜନ ଏକ ଅଲୌକିକ ଆଧ୍ୟାତ୍ମିକ ଦୃଷ୍ଟାନ୍ତ, ଯାହା ଆଧୁନିକ ବିଜ୍ଞାନ ସହ ସାମଞ୍ଜସ୍ୟ ରଖେ। ବିଜ୍ଞାନ ଅନୁସାରେ, ଗର୍ଭାବସ୍ଥାର ଦ୍ୱିତୀୟ ଟ୍ରାଇମେଷ୍ଟର୍‌ରେ(୧୮-୨୦ ସପ୍ତାହ) ଶିଶୁର ଶ୍ରବଣ ଶକ୍ତି ବିକଶିତ ହୁଏ ଏବଂ ତୃତୀୟରେ(୨୭-୩୧ ସପ୍ତାହ) ଦୃଷ୍ଟି ଓ ଆଲୋକ ପ୍ରତି ସଂବେଦନଶୀଳତା ଗଢ଼ି ଉଠେ। ଅଭିମନ୍ୟୁ ଯେପରି ଗର୍ଭରେ ଜ୍ଞାନ ଗ୍ରହଣ କରିଥିଲେ, ସେହିପରି ଆଜିର ଶିଶୁମାନେ ମାତାଙ୍କ ଗର୍ଭକାଳୀନ ମୋବାଇଲ୍ ବ୍ୟବହାର ରିଲ୍‌ସ, ୟୁଟ୍ୟୁବ୍ ଓ ଅନ୍ୟାନ୍ୟ ଡିଜିଟାଲ୍ କାର୍ଯ୍ୟ ଦ୍ୱାରା ପ୍ରଭାବିତ ହୁଅନ୍ତି। ଗବେଷଣା ଦର୍ଶାଏ, ଅତ୍ୟଧିକ ମୋବାଇଲ୍ ବ୍ୟବହାର ରେଡିଏସନ୍ ଓ ହର୍ମୋନ୍ ଅସନ୍ତୁଳନ ମାଧ୍ୟମରେ ଶିଶୁର ସ୍ୱାଭାବିକ ଓଜନ ହ୍ରାସ, ଅପରିପକ୍ୱ ଜନ୍ମ, ବ୍ୟବହାରଗତ ଅସ୍ୱାଭାବିକତା ଆଦି ସମସ୍ୟା ସୃଷ୍ଟି କରେ। ଆଧ୍ୟାତ୍ମିକ ଓ ମାନବୀୟ ଦୃଷ୍ଟିରୁ ଗର୍ଭକାଳ ଏକ ପବିତ୍ର ସମୟ, ଯେଉଁଠାରେ ମାଆର ଚିନ୍ତାଧାରା ଶିଶୁ ପ୍ରତି ଏକ ସକାରାତ୍ମକତା ସୃଷ୍ଟି କରେ। ବୈଦିକ ଚେତନା ଓ ସଂଯମ ଦ୍ୱାରା ମାଆମାନେ ଧ୍ୟାନ, ଗୀତା ପାଠ ଓ ସକାରାତ୍ମକ ଜୀବନଶୈଳୀ ମାଧ୍ୟମରେ ଶିଶୁର ମଙ୍ଗଳ ସୁନିଶ୍ଚିତ କରିପାରନ୍ତି। ଡିଜିଟାଲ୍ ନିଶାରୁ ମୁକ୍ତି ପାଇ ଆଧ୍ୟାତ୍ମିକ ଜାଗରଣ ଦ୍ୱାରା ସମାଜର ଭବିଷ୍ୟତ ସୁସ୍ଥ ଓ ସୁନ୍ଦର ହୋଇପାରେ।

ମୋବାଇଲ୍ ଫୋନ୍‌ର ଯେତେ ନକାରାତ୍ମକ ପ୍ରଭାବ ରହିଲେ ମଧ୍ୟ, ତା'ର ଅନେକ ସକାରାତ୍ମକ ଗୁଣ ଯଥା ଶିକ୍ଷା, ସୂଚନା ଓ ଯୋଗାଯୋଗରେ ସୁବିଧା ଆଜିର ସମାଜରେ ଏହାକୁ ବହୁଳ ଆଦୃତ ଓ ପ୍ରଚଳିତ କରିପାରିଛି। କିନ୍ତୁ ପିଲାମାନଙ୍କୁ ବିପଥଗାମୀ ହେବାର ଆଶଙ୍କା ମଧ୍ୟ ସୃଷ୍ଟି କରିଛି। ତେଣୁ ମୋବାଇଲ୍ ଫୋନ୍‌ରେ ନିୟନ୍ତ୍ରଣ ସୁବିଧାକୁ ଉପଯୋଗ କରି ପିଲାଙ୍କ ପ୍ରତିଦିନର ମୋବାଇଲ୍ ଫୋନ୍ ବ୍ୟବହାର ସମୟ ନିର୍ଦ୍ଧାରଣ କରାଯାଇପାରିବ। ଏପରିକି ହଷ୍ଟେଲ୍‌ରେ ରହୁଥିବା ପିଲାଙ୍କ ମୋବାଇଲ୍ ଫୋନ୍‌ରେ କାର୍ଯ୍ୟକଳାପ ମଧ୍ୟ ଘରେ ଥାଇ ପିତାମାତା ଜାଣିପାରିବେ। ପିତାମାତାଙ୍କର ସଂଯମୀ ନିରୀକ୍ଷଣ ପିଲାଙ୍କୁ ନୈତିକ ଓ ଶିକ୍ଷାଗତ ପଥରେ ରଖି ବିପଥଗାମୀ ହେବାରୁ ରକ୍ଷା କରି ସମାଜର ମଙ୍ଗଳ ସୁନିଶ୍ଚିତ କରିପାରିବ।

ନୂଆଗାଁ(ମୟୂରଭଞ୍ଜ), ମୋ: ୬୩୭୦୪୧୮୬୪

# ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

## ଗୋଖରା

ସୌଭାଗ୍ୟସୁନ୍ଦର

ଗୋଖରା ଭାରତ ସମେତ ଶ୍ରୀଲଙ୍କା ଏବଂ ଉଭୟ ଗୋଲାର୍ଦ୍ଧର ସମସ୍ତ ଉଷ୍ମ ଅଞ୍ଚଳରେ ୩,୫୦୦ ମିଟର ଉଚ୍ଚତା ପର୍ଯ୍ୟନ୍ତ ଦେଖାଯାଏ। ଏହା ଦକ୍ଷିଣ ୟୁରେସିଆ, ଆଫ୍ରିକା, ନ୍ୟୁଜିଲ୍ୟାଣ୍ଡ ଓ ଅଷ୍ଟ୍ରେଲିଆର ମୂଳ ଜାତ ଉଦ୍ଭିଦ। ଏହା ଚାରଣଭୂମି, ରାସ୍ତାପାର୍ଶ୍ୱ ଓ ଅନ୍ୟାନ୍ୟ ଅନାବାଦୀ ସ୍ଥାନଗୁଡ଼ିକର ଏକ ସାଧାରଣ ତୃଣ ଭାବେ ବଢ଼ିଥାଏ। ଘନ ଲୋମଯୁକ୍ତ ପତ୍ରଗୁଡ଼ିକ ପ୍ରାୟ ୩ ମିମି ପର୍ଯ୍ୟନ୍ତ ଲମ୍ବା ହୋଇଥାଏ। ଫୁଲଗୁଡ଼ିକ ହଳଦିଆ ରଙ୍ଗର ଓ ୪-୧୦ ମିମି ଚଉଡ଼ା। ପ୍ରତ୍ୟେକ ଫଳରେ ଅନେକ ବିହନ ଥାଏ। ବିହନଗୁଡ଼ିକ ତେଲିଆ। କଣ୍ଟକିତ ଫଳ ଖାଲି ପାଦରେ ଚାଲିବା ଲୋକଙ୍କ ପାଇଁ ଯନ୍ତ୍ରଣାଦାୟକ ଆଘାତ ମଧ୍ୟ ଦେଇଥାଏ।

ଆୟୁର୍ବେଦରେ ଗୋଖରା ଏକ ଉତ୍ତମ ପୃଷ୍ଟପୋଷକ ଔଷଧୀୟ ଉଦ୍ଭିଦ। ଏହାର ଫଳ ଓ ମୂଳ ମୁଖ୍ୟତଃ ବିଭିନ୍ନ ରୋଗ, ବିଶେଷକରି ବୃକକ୍ ଚିକିତ୍ସା ପାଇଁ ଏକ ଲୋକଔଷଧ ଭାବରେ ବ୍ୟବହୃତ ହୁଏ। ଗୋଖରା ଶରୀରର ପ୍ରାକୃତିକ ଆରୋଗ୍ୟ ଶକ୍ତିକୁ ଶକ୍ତିଶାଳୀ କରେ। ମୂତ୍ର ରୋଗ, ମୂତ୍ରନଳୀ ସଂକ୍ରମଣ ସହିତ ସୌମ୍ୟ ପ୍ରୋଷ୍ଟାଟିକ୍ ହାଇପରପ୍ଲାସିଆ ପ୍ରତିକାର ପାଇଁ ଏହା ଏକ ଫଳପ୍ରଦ ପ୍ରାକୃତିକ ଉପଚାର। ପୌରୁଷ ଶକ୍ତି ବର୍ଦ୍ଧନ, ରକ୍ତ ସଞ୍ଚାଳନ ବୃଦ୍ଧି, ପେଟ ଯନ୍ତ୍ରଣା, ମଳ କଷ୍ଟ, ଫୁଲା ଏବଂ ଅନ୍ୟାନ୍ୟ ସମସ୍ୟା ଉପଶମରେ ସାହାଯ୍ୟ କରେ। ଏକ ଶକ୍ତିଶାଳୀ ଆଣ୍ଟିଅକ୍ସିଡାଣ୍ଟ ହେବା ହେତୁ ଏହା ହରମୋନରେ ସନ୍ତୁଳନ ରକ୍ଷା କରି ମନକୁ ଶାନ୍ତ କରିବାରେ ଏବଂ ସ୍ମୃତି, ଧ୍ୟାନ ଓ ଏକାଗ୍ରତା ବୃଦ୍ଧି କରିବାରେ ସାହାଯ୍ୟ କରେ। ଆଲଜାଇମର ରୋଗୀମାନଙ୍କ ପାଇଁ ଏହା ଏକ ଫଳପ୍ରଦ ପ୍ରାକୃତିକ ଔଷଧ। ଏଥିରେ ଟେଷ୍ଟୋଷ୍ଟୋରନ୍ ଥିବା ଯୋଗୁଁ ବୃତ୍ତିଗତ ଖେଳାଳିମାନେ ବ୍ୟବହାର କରନ୍ତି। ଗୋଖରାରେ ଗଚ୍ଛିତ ପ୍ରାରମ୍ଭିକ ଜୈବ ରସାୟନ ବା ଫାଇଟୋକେମିକାଲ୍ ଅଧ୍ୟୟନରୁ ସାପୋନିନ୍, ଫ୍ଲାଭୋନଏଡ୍ସ, ଗ୍ଲାଇକୋସାଇଡ୍ସ, ଆଲକାଲଏଡ୍ସ ଏବଂ ଟାନିନ୍ସ ନାଇଟ୍ରେଟ୍ସ, ପୋଟାସିୟମ୍ ଉପସ୍ଥିତି ଜଣାପଡ଼େ।

ପୂର୍ବ ଏସିଆରେ ଗୋଖରାର ପତ୍ର ଓ ଡାଳ ଖାଦ୍ୟ ଭାବେ ଗ୍ରହଣ କରାଯାଏ। ଅମିଶ୍ରିତ ବଟରମିଲ୍କ ବା ଚହ୍ଲା ପରି ଦେଖାଯିବା ପାଇଁ ଗୋଖରା ଡାଳକୁ ପତଳା ଚହ୍ଲାରେ ମିଶାଯାଇଥାଏ। ତାଜା କିମ୍ବା ଶୁଖିଲା ବ୍ୟବହାର କରାଯାଏ। ଗୋଖରା ପାଉଡର କିମ୍ବା ଟାବଲେଟ୍ ଆକାରରେ ଉପଲବ୍ଧ ଫଳର ଏକ ସୂକ୍ଷ୍ମ ପାଉଡର। ଶୁଖିଲା ଗୋଖରା ଫଳ କିମ୍ବା ପାଉଡରକୁ ପାଣିରେ ଫୁଟାଇ କାଢା କରାଯାଏ। ଗୋଖରାର କିଛି ପାର୍ଶ୍ୱ ପ୍ରତିକ୍ରିୟା ରହିଛି, ଯାହା ପତଳା ଝାଡ଼ା, ପେଟ ଯନ୍ତ୍ରଣା, ବାନ୍ତି, କୋଷ୍ଠକାଠିନ୍ୟ, ଏପରିକି ଚର୍ମଫୋଟକା ଇତ୍ୟାଦି ସୃଷ୍ଟି କରିପାରେ। ଗର୍ଭବତୀ, ପ୍ରସୂତିଙ୍କ ପାଇଁ ଏହା ବ୍ୟବହାର କ୍ଷତିକାରକ।

ଯୁକ୍ତରାଷ୍ଟ୍ରର କିଛି ରାଜ୍ୟରେ ଏହାକୁ ଏକ କ୍ଷତିକାରକ ଅନାବନା କ୍ଷୁପ ବା ତୃଣ ଭାବରେ ବିବେଚନା କରାଯାଏ। ଦକ୍ଷିଣ ଅଷ୍ଟ୍ରେଲିଆରେ ଏହାକୁ କାଲଟ୍ରପ୍ (ସମାନ ଆକୃତିର ଏକ କଣ୍ଟାଯୁକ୍ତ ଅସ୍ତ୍ର 'କାଲଟ୍ରପ୍' ଅଧୀନରେ ବର୍ଣ୍ଣିତ ଆକ୍ରମଣ) ଭାବରେ ଘୋଷଣା କରାଯାଇଛି। ଯେଉଁ ଅଞ୍ଚଳରେ ଏହା ଏକ ଆକ୍ରମଣାତ୍ମକ ଜାତି, ସେଠାରେ ଗୋଖରାକୁ ପ୍ରାୟତଃ ନିପାତ କରିବାକୁ ଚେଷ୍ଟା କରାଯାଏ। ଏହାର ମଜବୁତ ପ୍ରଧାନ ମୂଳ ଏବଂ ଶାଖା ମୂଳ ହେତୁ ଶୁଖିଲା ତୃଣ ମଧ୍ୟ ଶକ୍ତ ଭାବରେ ଭୂମିରେ ସ୍ଥାନିତ ଥାଏ। ଏହାର ବିହନ ମଧ୍ୟ ତିନି ବର୍ଷ ପର୍ଯ୍ୟନ୍ତ କାର୍ଯ୍ୟକ୍ଷମ ରହିଥାଏ। ବିହନ ଗଠନକୁ ରୋକିବା ପାଇଁ ଫୁଲ ଫୁଟିବା ପୂର୍ବରୁ କିମ୍ବା ଫୁଲ ଧରିବା ସମୟରେ ଗଛକୁ ଅପସାରଣ କରାଯିବା ଉଚିତ। ତୃଣ ଗୁଡ଼ିକ ମାଟିରୁ ବାହାରିବା ପରେ ୨, ୪-ଡାଇକ୍ଲୋରୋଫେନୋକ୍ସାଏସେଟିକ୍ ଏସିଡ୍ (୨, ୪-ଡି), ଗ୍ଲାଇଫୋସେଟ୍ ସିଞ୍ଚନ କରିବା ଫଳରେ ନିୟନ୍ତ୍ରଣ ହୁଏ। ଗୋଖରାର ଜୈବିକ ନିୟନ୍ତ୍ରଣ ପାଇଁ ଦୁଇଟି ୱିଭିଲ୍ (ଏକ ଲମ୍ବା ନାକ ସହିତ ଏକ ଛୋଟ ପୋକ, ଯାହାର ଲାର୍ଭା ସାଧାରଣତଃ ବିହନ, କାଣ୍ଡ କିମ୍ବା ଅନ୍ୟାନ୍ୟ ଉଦ୍ଭିଦ ଅଂଶ ଭିତରେ ବିକଶିତ ହୁଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ରାଜ୍ୟରେ ସାର ସଙ୍କଟ

# ଆଜି ରାଜଭବନ ଆଗରେ ଧାରଣା ଦେବ ବିଜେଡି

ଭୁବନେଶ୍ୱର,୧୪।୯ (ସମିସ): ରାଜ୍ୟବ୍ୟାପୀ ସାର ସଙ୍କଟ ବିରୋଧରେ ଆସନ୍ତାକାଲି ରାଜଭବନ ଆଗରେ ଧାରଣା ଦେବ ବିଜୁ ଜନତା ଦଳ। ଏଥିପାଇଁ ବିଜେଡିର ଛାମୁଆ ସଂଗଠନଗୁଡ଼ିକ ରବିବାର ନିଜର ପ୍ରସ୍ତୁତିର ସମୀକ୍ଷା କରିଛନ୍ତି। ଧାରଣା ସମ୍ପର୍କରେ ସୂଚନା ଦେଇ ବିରୋଧୀ ଦଳ ଉପନେତା ତଥା ବରିଷ୍ଠ ବିଜେଡି ବିଧାୟକ ପ୍ରସନ୍ନ ଆଚାର୍ଯ୍ୟ କହିଛନ୍ତି ଯେ ଏହି କାର୍ଯ୍ୟକ୍ରମରେ ସାରା ରାଜ୍ୟରୁ ପ୍ରତିନିଧି ଯୋଗଦେବେ। ଏହାପରେ ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରାଯିବ ବୋଲି ସେ କହିଛନ୍ତି।

### ରାଜ୍ୟପାଳଙ୍କୁ ଦିଆଯିବ ସ୍ମାରକ ପତ୍ର

ସେ କହିଛନ୍ତି ଯେ ରାଜ୍ୟବ୍ୟାପୀ ଚାଷୀ କହୁଛନ୍ତି, ଆମକୁ ସାର ମିଳୁ ନାହିଁ। କିନ୍ତୁ ସରକାର କହୁଛନ୍ତି ପର୍ଯ୍ୟାପ୍ତ ପରିମାଣରେ ସାର ମିଳୁଛି। ତା' ହେଲେ କଣ ଚାଷୀ ଅସତ୍ୟ କହୁଛନ୍ତି ଏବଂ ସରକାର ସତ୍ୟ କହୁଛନ୍ତି କି ବୋଲି ପ୍ରସନ୍ନ ପ୍ରଶ୍ନ କରିଛନ୍ତି। ସରକାର ଏଭଳି ଭେଳିକି କାହିଁକି ସୃଷ୍ଟି କରିଛନ୍ତି। ମୁଁ ସରକାରଙ୍କୁ ଆହ୍ୱାନ କରୁଛି, ଭୁବନେଶ୍ୱରରେ ବିବୃତ୍ତି ନଦେଇ ମନ୍ତ୍ରୀମାନେ ଗ୍ରାମାଞ୍ଚଳକୁ ଯାଆନ୍ତୁ। ବାସ୍ତବିକ ସ୍ଥିତିର ଅନୁଧ୍ୟାନ କରନ୍ତୁ। ସେମାନେ ଯଦି ନିଜେ ଉପଲବ୍ଧି କରିବେ, ଚାଷୀଙ୍କୁ ସଠିକ୍ ଭାବେ ମିଳୁଛି, ଆମେ ତାହାକୁ ଗ୍ରହଣ କରିବୁ। ବସ୍ତାଏ ସାର ପାଇଁ ଚାଷୀଟିଏ ସାରା ରାତି ଲମ୍ବା ଲାଇନରେ ଛିଡ଼ା ହେଉଛି। ମାତ୍ର ସାର ମିଳୁନାହିଁ। ପାକ୍ସରେ ସାର ମିଳୁନଥିବା ବେଳେ ଖୋଲା ବଜାରରୁ ଚାଷୀ ତିନିଗୁଣ ଚାରିଗୁଣ ଦାମରେ ସାର କିଣୁଛି। ଏହାର ଅର୍ଥ ସାର ଅଛି, ମାତ୍ର ସାର ଉପରେ ସରକାରଙ୍କ ନିୟନ୍ତ୍ରଣ ନାହିଁ। ସରକାର କଣ ପାଇଁ ବିଭ୍ରାନ୍ତି ସୃଷ୍ଟି କରୁଛନ୍ତି। ସରକାର ସତକୁ ସ୍ୱୀକାର କରନ୍ତୁ ବୋଲି ଶ୍ରୀ ଆଚାର୍ଯ୍ୟ କହିଛନ୍ତି।

## ଅବଶିଷ୍ଟାଂଶ

### ବ୍ରିଟେନ ଥରହର...

ମସ୍କ ବ୍ରିଟେନ ରାଜନୀତିରେ ପ୍ରବେଶ କରିଛନ୍ତି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଏହି ପୂର୍ବତନ ବନ୍ଧୁ ବଇରୀ ପାଲଟିବା ପରେ ନୂଆ ସହଯୋଗୀ ସନ୍ଧାନରେ ଲାଗି ପଡ଼ିଛନ୍ତି। ସେ ବ୍ରିଟେନରେ ଆରମ୍ଭ ହୋଇଥିବା ବେଆଇନ ପ୍ରବାସୀ ବିରୋଧୀ ବିକ୍ଷୋଭରେ ସାମିଲ ହୋଇ ସରକାର ବଦଳାଇବାକୁ ଲୋକଙ୍କୁ ଆହ୍ୱାନ ଦେଇଛନ୍ତି। ବ୍ରିଟେନ ଦ୍ରୁତ ଗତିରେ କ୍ଷୟ ହେବାରେ ଲାଗିଛି, ତେଣୁ ସରକାର ବଦଳାଇବାକୁ ପଡ଼ିବ ବୋଲି ସେ କହିଛନ୍ତି।

### ଅକ୍ଟୋବରରୁ ଓଡ଼ିଶା...

ପାଗ ଅନୁକୂଳ ରହିଛି। ଏହାସହ ଆସନ୍ତା ଅକ୍ଟୋବର ଦ୍ୱିତୀୟ ସପ୍ତାହ ବେଳକୁ ମୌସୁମୀ ଓଡ଼ିଶା ଛାଡ଼ିବା ନେଇ ସମ୍ଭାବନା ରହିଛି। ତେବେ ମୌସୁମୀ ପ୍ରତ୍ୟାବର୍ତ୍ତନ ପରେ ପରେ ବାତ୍ୟା ଋତୁ ଆରମ୍ଭ ହୋଇଯାଉଥିବାରୁ ଏହାକୁ ନେଇ ମଧ୍ୟ ଏବେ କଳ୍ପନାଜଳ୍ପନା ଆରମ୍ଭ ହୋଇଛି। କାରଣ ଚଳିତ ବର୍ଷ ଲା-ନିନା ସ୍ଥିତି ଯୋଗୁଁ ବାତ୍ୟା ସୃଷ୍ଟି ନେଇ ପାଗ ଅନୁକୂଳ ରହୁଥିବା ବେଳେ ଏବର୍ଷ ଅକ୍ଟୋବର-ନଭେମ୍ବର ମଧ୍ୟରେ ବାତ୍ୟା ସୃଷ୍ଟି ହେବାର ୭୦ ପ୍ରତିଶତରୁ ଅଧିକ ସମ୍ଭାବନା ଥିବା ଆକଳନ କରାଯାଉଛି। ଯେଉଁଥିପାଇଁ ରାଜ୍ୟବାସୀଙ୍କ ମନରେ ଚିନ୍ତା ବଢ଼ିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର୍ ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ସମ୍ଭାବ୍ୟ ଲା-ନିନା ଯୋଗୁଁ ବାତ୍ୟା ସୃଷ୍ଟି ଉପରେ ପ୍ରଭାବ ପକାଇବା କିଛି ମାତ୍ରାରେ ସତ। ଗତ ୨୪ବର୍ଷର ତଥ୍ୟରୁ ଜଣାପଡୁଛି ଯେ ଲା-ନିନା ସମୟରେ ବଙ୍ଗୋପସାଗରୀୟ ବାତ୍ୟା ସଂଖ୍ୟା ସାମାନ୍ୟ ଅଧିକ। ୨୦୦୫ରୁ ୨୦୨୪ ମଧ୍ୟରେ ହୋଇଥିବା ୫୩ଟି ବଙ୍ଗୋପସାଗରୀୟ ବାତ୍ୟା ସୃଷ୍ଟି ହୋଇଛି। ଏହି ବାତ୍ୟା ମଧ୍ୟରୁ ପୂର୍ବ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ବାତ୍ୟା ମଧ୍ୟରୁ କେତେକ ପଶ୍ଚିମ ପ୍ରଶାନ୍ତ ମହାସାଗରରେ ଦକ୍ଷିଣ ଚାଇନା ଓ ଫିଲିପାଇନ୍ସ ଅଞ୍ଚଳରେ ସୃଷ୍ଟି ବାତ୍ୟାର ଅଂଶବିଶେଷ। ଆଣ୍ଡାମାନ ସାଗର ବା ସଂଲଗ୍ନ ଅଞ୍ଚଳରେ ପହଞ୍ଚି ଘନୀଭୂତ ହୋଇଥାଏ। ଏହାବ୍ୟତୀତ ଆଇଓଡି (ଇଣ୍ଡିଆନ୍ ଓସେନ୍ ଡାଇପୋଲ୍) ଓ ଏମ୍‌ଜେଓ (ମେଡେନ୍ ଜୁଲିଅନ୍ ଓସିଲେସନ) ମଧ୍ୟ ବାତ୍ୟା ସୃଷ୍ଟିର ସୃଷ୍ଟି ଏବଂ ଶକ୍ତିଶାଳୀ କରିଥାଏ। ଆଇଓଡି ନେଗେଟିଭ୍ ରହିଲେ, ବଙ୍ଗୋପସାଗରରେ ଜଳପୃଷ୍ଠର ତାପମାତ୍ରା ଅଧିକ ଗରମ ରହିଥାଏ। ସାଧାରଣତଃ ଏଲ୍-ନିନୋ ପରେ ଏହା ହୋଇଥାଏ। ବାତ୍ୟାକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ଏହା ବଳ ଯୋଗାଇଥାଏ। ଅକ୍ଟୋବରରେ ଏହା ନେଗେଟିଭ୍ ହେବାକୁ ସମ୍ଭାବନା ଥିବାରୁ ଏହା ମଧ୍ୟ ବାତ୍ୟା ସୃଷ୍ଟିପାଇଁ ଅନୁକୂଳ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି। ସେହିପରି ଏମ୍‌ଜେଓ ଯେତେବେଳ ବଙ୍ଗୋପସାଗର/ଭାରତ ମହାସାଗରରେ ସକ୍ରିୟ ରହେ, ବାତ୍ୟା ସୃଷ୍ଟି ପାଇଁ ପରିସ୍ଥିତି ଅନୁକୂଳ ହୋଇଥାଏ। ମେଘ ଗଠନ, ବାୟୁର ଉର୍ଦ୍ଧ୍ୱଗାମୀ ଗତି ଓ ଲଘୁଚାପ/ଅବପାତର ଚକ୍ରଗତି ଅଧିକ ହୋଇ ବାତ୍ୟା ସୃଷ୍ଟି ଓ ଶକ୍ତିଶାଳୀ ହେବା ପାଇଁ ଅନୁକୂଳ ହୋଇଥାଏ।

ସାଧାରଣତଃ ମୌସୁମୀ ପ୍ରତ୍ୟାବର୍ତ୍ତନ ପରେ ଓ କେତେବେଳ ପ୍ରତ୍ୟାବର୍ତ୍ତନ ସମୟରେ ବାତ୍ୟା ହୋଇଥାଏ। ମୌସୁମୀ ସମୟରେ ହୋଇ ନ ଥାଏ। କାରଣ ଉର୍ଦ୍ଧ୍ୱଗାମୀ ବାୟୁର ଗତିର ବେଗ ଘର୍ଷଣ ଯୋଗୁଁ କମ୍ ହୋଇଥାଏ। ଏହାସହ ମୌସୁମୀ ବାୟୁ ପ୍ରବାହ ହେତୁ ବାୟୁମଣ୍ଡଳ ଅସ୍ଥିର ହୋଇଥାଏ। ଯାହାକି ବାତ୍ୟା ପାଇଁ ଅନୁକୂଳ ହୋଇ ନ ଥାଏ। ତେବେ ମୌସୁମୀ ପ୍ରତ୍ୟାବର୍ତ୍ତନ ସମୟରେ ମୌସୁମୀ ଟ୍ରଫ୍ ବଙ୍ଗୋପସାଗରକୁ ଲମ୍ବିଥିଲେ, ଏହା ବାତ୍ୟା ପାଇଁ ଅନୁକୂଳ ହୋଇଥାଏ। ଓଡ଼ିଶାରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ପାଇଁ ଆହୁରି ପ୍ରାୟ ମାସେ ସମୟ ଅଛି। ମାତ୍ର ବଙ୍ଗୋପସାଗର ଓ ବାତ୍ୟାକୁ ପ୍ରଭାବିତ କରୁଥିବା କାରକଗୁଡ଼ିକୁ ଦେଖିଲେ, ଅକ୍ଟୋବର-ନଭେମ୍ବର ମଧ୍ୟରେ ବଙ୍ଗୋପସାଗରରେ ବାତ୍ୟା ହେବାର ୭୦ ପ୍ରତିଶତରୁ ଅଧିକ ରହିଛି ବୋଲି ପ୍ରଫେସର୍ ପଶୁପାଳକ କହିଛନ୍ତି। ମାତ୍ର, ସେପ୍ଟେମ୍ବର ଶେଷ ବେଳକୁ ଏନେଇ କରାଯାଉଥିବା ଆକଳନରେ ଅଧିକ ସ୍ପଷ୍ଟତା ଆସିବ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ଅନ୍ୟପଟେ, ରାଜ୍ୟରେ ଜାରି ରହିଥିବା ବର୍ଷାର ପ୍ରଭାବ ଧୀରେଧୀରେ ହ୍ରାସ ପାଇବ। ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଓଡ଼ିଶାଠାରୁ ଦୂରକୁ ଯିବା ସହ ରାଜ୍ୟ ଉପରେ ଏହାର ପ୍ରଭାବ କମିବ। ମାତ୍ର ଆସନ୍ତା ୨-୩ ଦିନ ମଧ୍ୟରେ ରାଜ୍ୟରେ ବିଭିନ୍ନ ସ୍ଥାନରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ଜାରି ରହିବ ବୋଲି ପାଣିପାଗ କେନ୍ଦ୍ର କହିଛି।

### ପୁଲିସ-ତହସିଲ-ଖଣି...

ଏପରି ଅପରାଧ ଦେଶଦ୍ରୋହ ସହ ସମାନ ଓ ଏଥିପାଇଁ ସରକାର ବିପୁଳ ରାଜସ୍ୱ ହରାଉଥିବାରୁ ସଂପୃକ୍ତ ଅଧିକାରୀମାନଙ୍କ ବିରୋଧରେ ଅପରାଧିକ ମାମଲା ରୁଜୁ ପାଇଁ ସେ ଜିଲ୍ଲାପାଳଙ୍କୁ ପରାମର୍ଶ ଦେଇଛନ୍ତି। ଭୋଗରାଇ ସୁବର୍ଣ୍ଣରେଖା ନଦୀପଠାରୁ ବାଲି ଚୋରି କେବଳ ଏକ ଉଦାହରଣ ମାତ୍ର। ନିଜେ ସାଂସଦ ତାହା ଦେଖିବା ପରେ ଜିଲ୍ଲା ପ୍ରଶାସନ ନିକଟରେ ଅଭିଯୋଗ କରିଛନ୍ତି। ମାତ୍ର କେବଳ ବାଲେଶ୍ୱର ନୁହେଁ, ରାଜ୍ୟର ପ୍ରତ୍ୟେକ ଜିଲ୍ଲାରେ ବାଲିଚୋରି ବେଧଡ଼କ ଭାବରେ ଚାଲିଛି ଓ ସରକାର ଏଥିପାଇଁ ବିପୁଳ ରାଜସ୍ୱ ହରାଉଛନ୍ତି। ଅନେକ ସ୍ଥାନରେ ପୁଲିସ ସ୍ଥାନୀୟ କୁଜି ନେତାମାନଙ୍କ କଲେକ୍ସନ ଏଜେଣ୍ଟ ପାଲଟିଥିବା ଅଭିଯୋଗ ହୋଇଛି। ଗଞ୍ଜାମ, ଗଜପତି, ରାଗଡା, କଳାହାଣ୍ଡି, କୋରାପୁଟ, କଟକ, ଖୋର୍ଦ୍ଧା, ସୁନ୍ଦରଗଡ, ନୟାଗଡ, ଖୋର୍ଦ୍ଧା, ମୟୂରଭଞ୍ଜ, ପୁରୀ ପରି ଜିଲ୍ଲାଗୁଡ଼ିକରେ ବାଲି ଚୋରି ସ୍ଥିତି ଅଣାୟତ୍ତ। ଫଳରେ ବାଲି, ମୋରମ ଭଳି ଲଘୁ ଖଣିଜ ସମ୍ପଦ ଚୋରା ଚାଲାଣରେ ସରକାରୀ ରାଜସ୍ୱ ୧୪୮୫ କୋଟିରୁ ୭୦୦ କୋଟିକୁ ହ୍ରାସ ପାଇଥିବା ଜଣାପଡ଼ିଛି।

ଗତ ମାର୍ଚ୍ଚ ମାସରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ରାଜ୍ୟର ସମସ୍ତ ଜିଲ୍ଲାପାଳ ଓ ଏସପିଙ୍କୁ ବାଲି, ପଥର ଚୋରା ଚାଲାଣ ବିରୋଧରେ ଚଡ଼ଉ ଜୋରଦାର କରିବାକୁ ନିର୍ଦ୍ଦେଶ ନେଇଥିଲେ। ସେହିପରି ପ୍ରତ୍ୟେକ ଜିଲ୍ଲାକୁ ସେମାନଙ୍କ ବର୍ତ୍ତମାନର ଉତ୍ସର ୧୫୦ ଗୁଣ ନୂଆ ଉତ୍ସ ଚିହ୍ନଟ କରିବାକୁ ପରାମର୍ଶ ଦେଇଥିଲେ। ମାତ୍ର ରାଜ୍ୟବ୍ୟାପୀ ବର୍ତ୍ତମାନ ସ୍ଥିତିକୁ ଦେଖିଲେ ଜିଲ୍ଲାପାଳ, ଏସପିମାନେ ଯେ ମୁଖ୍ୟ ସଚିବଙ୍କ ପରାମର୍ଶକୁ ସଠିକ୍ ଭାବେ ଅନୁପାଳନ କରୁନାହାନ୍ତି, ତାହା ଜଳଜଳ ଦିଶୁଛି। ତେଣୁ ତୁରନ୍ତ ରାଜ୍ୟ ସରକାର ଏନେଇ ନିଜର ଆଭିମୁଖ୍ୟକୁ କଡ଼ାକଡ଼ି କରିବା ଆବଶ୍ୟକ। ବାଲି, ପଥର ଚୋରାଚାଲାଣକୁ ସରକାର ରୋକିବା ଆବଶ୍ୟକ ବୋଲି ବୁଦ୍ଧିଜୀବି ମହଲରେ ଦାବି ହେଉଛି। ସାଂସଦ ଶ୍ରୀ ଷଡ଼ଙ୍ଗୀ କେବଳ ବାଲେଶ୍ୱରକୁ ନେଇ ଚିନ୍ତାବ୍ୟକ୍ତ କରିଛନ୍ତି। ମାତ୍ର ଅନ୍ୟାନ୍ୟ ଏହା କେବଳ ବାଲେଶ୍ୱରର ଚିତ୍ର ନୁହେଁ। ସମ୍ପୂର୍ଣ୍ଣ ଓଡ଼ିଶାରେ ବାଲି, ପଥର ଚୋରି ଏବେ ସାଂଘାତିକ ସ୍ଥିତିରେ ପହଞ୍ଚିଛି ବୋଲି ସାଧାରଣରେ ମତ ପ୍ରକାଶ ପାଉଛି।

### ଭଗବାନଙ୍କ ଭରସାରେ...

କେନ୍ଦ୍ର ସରକାର ପ୍ରଥମ ପର୍ଯ୍ୟାୟରେ ପ୍ରାୟ ସାଢେ ୩ କୋଟି ଟଙ୍କା ଓ ଦ୍ୱିତୀୟ ପର୍ଯ୍ୟାୟରେ ୧୧କୋଟି ୭୫ଲକ୍ଷ ଟଙ୍କାର ଦେଇଛନ୍ତି। ଏହାବ୍ୟତୀତ ଏହି ଥାନାଗୁଡ଼ିକ ପାଇଁ ୩୬ଟି ଦୁଇ ଚକିଆ, ୧୮ ଟି ଚାରିଚକିଆ ଓ ୧୫ଟି ଛୋଟ ଏବଂ ବଡ ବୋଟ୍, ନାଇଟ୍ ଭିଜନ ଡିଭାଇସ୍, ଡିଜିଟାଲ କ୍ୟାମେରା, ଏଲ୍‌ଇଡି ସର୍ଚ୍ଚ ଲାଇଟ୍ ସହିତ କମ୍ପ୍ୟୁଟର ଏବଂ ଅନ୍ୟାନ୍ୟ ସାଜ ସରଞ୍ଜାମ ପ୍ରଦାନ କରିଛନ୍ତି। ମାତ୍ର ଏହି ଥାନାଗୁଡ଼ିକର କର୍ମଚାରୀ ସ୍ଥିତି ଦେଖିଲେ ମିଳିଥିବା ଗାଡ଼ି ଚଳାଇବାକୁ ଲୋକ ନାହାନ୍ତି। ୨୦୨୫ ମାର୍ଚ୍ଚ ମାସ ସୁଦ୍ଧା ୧୮ ଟି ଇନ୍ସପେକ୍ଟର ପଦବୀ ମଧ୍ୟରୁ ୩ଟି ଖାଲି ପଡିଥିବାବେଳେ ୫୪ ସବଇନ୍ସପେକ୍ଟରଙ୍କ ସ୍ଥାନରେ କାର୍ଯ୍ୟ କରୁଥିଲେ ମାତ୍ର ୯। ଅନୁରୂପ ଭାବରେ ୫୪ ଏଏସ୍‌ଆଇ ପଦବୀରୁ ୨୬ ଓ ୧୪୪ ହାବିଲଦାର ପଦରୁ ମାତ୍ର ୧୬ଟି ପୂରଣ ହୋଇ ପାରିଥିଲା। ୧୮ ଟି ଥାନା ପାଇଁ ୪୩୨ କନଷ୍ଟେବଲ ପଦ ଥିବାବେଳେ ଏଠି ମାତ୍ର କାର୍ଯ୍ୟ କରୁଛନ୍ତି ୧୧୩। ସେହିପରି ୩୬ଡ୍ରାଇଭର ପଦରୁ ନିଯୁକ୍ତି ପାଇଛନ୍ତି ମାତ୍ର ୫। ବୈଷୟିକ କର୍ମଚାରୀଙ୍କ ସଂଖ୍ୟା ମଧ୍ୟ ଅନୁରୂପ। ୨୮୦ କର୍ମଚାରୀଙ୍କ ସ୍ଥାନରେ କାର୍ଯ୍ୟ କରୁଛନ୍ତି ୯୦ ଜଣ। ଏହି ପରିପ୍ରେକ୍ଷୀରେ କର୍ମଚାରୀ ସଙ୍କଟ ଯୋଗୁଁ ଥାନାଗୁଡିକ ଏକ ପ୍ରକାର ପଙ୍ଗୁ ପାଲଟି ଯାଇଛି ଏବଂ ଉପକୂଳରେ ପଇଁତରା ମାରିବା ତ ଦୂରରକଥା ଥାନା ଆଖପାଖକୁ ସୁରକ୍ଷିତ ରଖିବା ଆହ୍ୱାନ ପାଲଟିଛି।

ପାକିସ୍ତାନ ବିରୁଦ୍ଧରେ ଅପରେସନ ସିନ୍ଦୂର ଓ ବାଂଲାଦେଶ ସହ ଭାରତର ସମ୍ପର୍କ ଖରାପ ହେବା ପରେ ଉପକୂଳ ସୁରକ୍ଷା ଉପରେ କେନ୍ଦ୍ର ସରକାର ସର୍ବାଧିକ ଗୁରୁତ୍ୱ ଦେଉଛନ୍ତି। ଯେଉଁଥିପାଇଁ ରାଜ୍ୟରେ ବାଂଲା ଅନୁପ୍ରବେଶକାରୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଛି। ମାତ୍ର ରାଜ୍ୟ ପୁଲିସ ସମ୍ଭବତଃ ଏପରି ସ୍ପର୍ଶକାତର ଘଟଣାକୁ ଗୁରୁତ୍ୱ ଦେଉ ନାହିଁ। ଉପକୂଳ ସୁରକ୍ଷା ପାଇଁ ଆସିଥିବା ଡ୍ରୋନ୍‌କୁ ମାଓବାଦୀଙ୍କୁ ଠାବ ନିମନ୍ତେ ନିୟୋଜନ କରାଯାଇଛି। ଫଳରେ ବାଂଲାଦେଶୀ ଅପରାଧୀମାନେ ଏଠାରେ ଅପରାଧ ଘଟାଇ ପୁଣି ଜଳପଥ ଦେଇ ନିଜ ଦେଶକୁ ଫେରିଯାଉଛନ୍ତି। ତେଣୁ ଉପକୂଳ ସୁରକ୍ଷା ନିହାତି ଆବଶ୍ୟକ ହେଉଥିବା ବେଳେ ଓଡ଼ିଶା ପୁଲିସ ଭଗବାନଙ୍କ ଉପରେ ଛାଡ଼ି ଦେଇଥିବା ଅନେକ ଅଭିଯୋଗ କରିଛନ୍ତି।

### ମା' ମୃତ...

ଚଢ଼ିଯିବାରୁ ଘଟଣାସ୍ଥଳରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପାଖରେ ଥିବା ତାଙ୍କ ପୁଅ ରବିକୁ ମଧ୍ୟ ଟ୍ରକ୍‌ଟି ଧକ୍କା ଦେବାରୁ ସେ ଗୁରୁତର ଆହତ ହୋଇଥିଲା। ସେହିପରି ପାନଦୋକାନୀ ନାରାୟଣ ସାହୁ ମଧ୍ୟ ଏଥିରେ ଆହତ ହୋଇଥିଲେ। ଏହାକୁ ନେଇ ଘଟଣାସ୍ଥଳରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଉତ୍ତ୍ୟକ୍ତ ଲୋକେ ଟ୍ରକ୍ ଚାଳକକୁ ନିସ୍ତୁକ ମାଡ଼ ମାରିଥିଲେ। ଖବର ପାଇ ସଦର ଥାନା ପୁଲିସ ଅଧିକାରୀ ସଚ୍ଚିନ୍ଦ୍ର ପ୍ରଧାନଙ୍କ ନେତୃତ୍ୱରେ ଏକ ଟିମ୍ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବୁଝାସୁଝା କରିବା ସହ ଟ୍ରକ୍ ଚାଳକକୁ ଉଦ୍ଧାର କରିଥିଲା। ପରେ ଦୁଇଟି କ୍ରେନ୍ ଯୋଗେ ଟ୍ରକ୍‌କୁ ବାହରକୁ ଅଣାଯିବା ସହ ମହିଳାଙ୍କ ମୃତଦେହ ଉଦ୍ଧାର କରାଯାଇଥିଲା। ସଂଧ୍ୟା ସାଢ଼େ ୭ଟା ସୁଦ୍ଧା ଉଦ୍ଧାର କାର୍ଯ୍ୟ ଜାରି ରହିଥିବା ବେଳେ ଜାତୀୟ ରାଜପଥରେ କିଛି ସମୟ ରାସ୍ତା ଜାମ୍ ହୋଇଥିଲା।

## ୩୧ତମ ପୁଣ୍ୟ ତିଥି ଅବସରରେ

# ଚିର ନମସ୍ୟ- ଧନେଶ୍ୱର ରଥ

ଡାକ୍ତର ରବି ରଂଜନ ସାହୁ

ସ୍ୱର୍ଗୀୟ ଧନେଶ୍ୱର ରଥ ଆମର ଚିର ନମସ୍ୟ। କଟକ ଜିଲ୍ଲା ଟାଙ୍ଗି ବ୍ଲକର କଏରାପାରି ଏକ ଅଜଣା ଅଶୁଣା ଗ୍ରାମରେ ସେ ୧୯୧୬ ମସିହାରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ପିତା ଥିଲେ କପିଳ ରଥ ଓ ମାତା ସାଧବୀ ଦେବୀ। ପିଲାଦିନୁ ସେ ପରିବାରରୁ ସଂସ୍କାର ଲାଭ କଲେ। କପିଳଙ୍କ ପରିବାରର ଶେଷ ସନ୍ତାନ ହୋଇଥିବାରୁ ବାପା ମାଆ ତଥା ବଡ଼ ଭାଇ ଭଉଣୀମାନଙ୍କ ସ୍ନେହ ଶ୍ରଦ୍ଧା ତାଙ୍କ ଉପରେ ଅଜାଡ଼ି ହୋଇ ପଡୁଥିଲା। ସମସ୍ତଙ୍କର ଆଶା ଓ ଭରସାକୁ ନେଇ ଧନେଶ୍ୱର ବାଲ୍ୟ ଜୀବନ ଆରମ୍ଭ କଲେ। ଅଧ୍ୟୟନ ଓ ଅଧ୍ୟବସାୟ ବଳରେ ଧନେଶ୍ୱର ଜୀବନର ଗୋଟିଏ ପରେ ଗୋଟିଏ ସୋପାନ ଅତିକ୍ରମ କରିଥିଲେ। ଜୀବନ ଧାରଣ ପାଇଁ, ଜୀବନ ପଥରେ ଅଗ୍ରସର ହେବା ପାଇଁ ସେ ପିଲାଦିନୁ ବହୁ କଷ୍ଟ ସ୍ୱୀକାର କରିଥିଲେ। ମାତ୍ର ଜୀବନର ଲକ୍ଷ୍ୟ ଭୁଲି ନଥିଲେ।

୧୯୩୮ ମସିହାରେ ଧନେଶ୍ୱର ରଥ କଟକ ଖ୍ରୀଷ୍ଟ କଲିଜିଏଟ ସ୍କୁଲରୁ ମାଟ୍ରିକ୍ ପାସ କଲେ ଏବଂ ଟାଇପ୍ ରାଇଟିଂ ଶିକ୍ଷା ଲାଭ କରି ଅବକାରୀ କମିଶନଙ୍କ ଅଫିସ୍‌ରେ ଜଣେ ଟାଇପିଷ୍ଟ ଭାବେ ଚାକିରୀ ଜୀବନ ଆରମ୍ଭ କଲେ। ଅଧିକ ପାଠ ପଢ଼ିବା ପାଇଁ ଓ ବଡ଼ ଅଧିକାରୀ ହେବା ପାଇଁ ତାଙ୍କର ଇଚ୍ଛା ଥିଲା। ମାତ୍ର ତାଙ୍କ ଗ୍ରାମ ନିକଟରେ କୌଣସି ଉଚ୍ଚ ଶିକ୍ଷାନୁଷ୍ଠାନ ନଥିବାରୁ ସେ ଉଚ୍ଚଶିକ୍ଷା ହାସଲ କରିପାରି ନଥିଲେ। ସେହିପରି ପରିବାରର ଆର୍ଥିକ ସମସ୍ୟା ମଧ୍ୟ ତାଙ୍କ ପାଇଁ ବାଧା ସୃଷ୍ଟି କରିଥିଲା। ସେ ସେକ୍ସନ ଅଫିସର ଭାବେ ସରକାରୀ କାମରୁ ଅବସର ନେଇଥିଲେ। ତା'ପରେ ଶିକ୍ଷକତା ଆରମ୍ଭ କରି ଗ୍ରାମାଞ୍ଚଳରେ ଶିକ୍ଷା ସମସ୍ୟାର ସମାଧାନ ପାଇଁ ସେ ଟାଙ୍ଗୀରେ ହାଇସ୍କୁଲ ପ୍ରତିଷ୍ଠା କରି ତା'ର ଉନ୍ନତି ପାଇଁ ଆପଣାକୁ ନିୟୋଜିତ କରିଥିଲେ।

ଧନେଶ୍ୱର ରଥ ଜଣେ କର୍ମଯୋଗୀ ଭାବେ ପରିଚିତ। ଆଧ୍ୟାତ୍ମିକ ଦୃଷ୍ଟି ତାଙ୍କୁ ସେବକ ହେବାକୁ ପ୍ରେରିତ କରିଥିଲା। ଉଭୟ ସଂସ୍କୃତ ଓ ଇଂରାଜୀ ଭାଷାରେ ବିଦ୍ୱାନ ଥିଲେ ଧନେଶ୍ୱର ରଥ। ପିଲାଦିନରୁ ଦେଶପ୍ରେମ ସାହିତ୍ୟ ପଢ଼ିବାର ସୁଯୋଗ ପାଇଥିଲେ। ବିଶେଷ କରି ରାଷ୍ଟ୍ରପିତା ମହାତ୍ମା ଗାନ୍ଧୀଙ୍କ କଥା, ତାଙ୍କ ନୀତି ଓ ଆଦର୍ଶ ତାଙ୍କୁ ଦେଶସେବା ପାଇଁ ଉତ୍ସାହିତ କରିଥିଲା। ଗାନ୍ଧିଜୀ କହୁଥିଲେ ଭାରତର ଆତ୍ମା ଗାଁରେ ରହିଛି। ଗାନ୍ଧିଜୀଙ୍କର ଏହି ବାର୍ତ୍ତା ଧନେଶ୍ୱରଙ୍କୁ ପ୍ରଭାବିତ କରିଥିଲା ଓ ସେ ଗାଁର ଉନ୍ନତି ସହିତ ଦେଶର ବିକାଶ ସମ୍ଭବ ବୋଲି ଭାବିଥିଲେ। ଏହି କାରଣରୁ ସେ ଗ୍ରାମାଞ୍ଚଳରେ ଶିକ୍ଷାର ଉନ୍ନତି ପାଇଁ ନିଜକୁ ଉତ୍ସର୍ଗ କରିଥିଲେ। ଜଣେ ଶିକ୍ଷକ ଭାବରେ ଶିକ୍ଷାର ବିକାଶ ଓ ତାହା ଯେପରି ସମସ୍ତଙ୍କ ପାଖରେ ପହଞ୍ଚି ପାରିବ, ଅର୍ଥାତ୍ ତାଙ୍କ ଗାଁ ବା ଦେଶରେ କେହି ଅଶିକ୍ଷିତ ରହିବେ ନାହିଁ, ଏଥିପାଇଁ ଧନେଶ୍ୱର ରଥ ଆଜୀବନ ଉଦ୍ୟମ କଲେ। ତାହାହିଁ ଥିଲା ଜଣେ ଶିକ୍ଷକର କର୍ମ ଓ ଧର୍ମ। ଜଣେ କର୍ମଯୋଗୀ ସେବକ ଯେପରି ଆପଣା କର୍ମ ମାଧ୍ୟମରେ ଅନ୍ୟର ଓ ସମାଜ ତଥା ଦେଶର ଉପକାର କରିପାରେ ଓ ସେବା କରିପାରେ ତାହା ଧନେଶ୍ୱର ରଥଙ୍କ ଜୀବନରେ ପ୍ରତିଫଳିତ ହୋଇଥିଲା। ମାଆଙ୍କ ପ୍ରେରଣାରୁ ଓ ପରିବାରର ସଂସ୍କାରରୁ ସେ ଆପଣା ଆଧ୍ୟାତ୍ମିକ ଦୃଷ୍ଟିକୁ ପ୍ରସାରିତ କରିଥିଲେ। ବିଷ୍ଣୁପ୍ରେମରେ ଲୀନ ରହି ଜଣେ ଈଶ୍ୱରଙ୍କ ସେବକ ହେବାକୁ ଉତ୍ସାହିତ ହୋଇଥିଲେ। ଆଧ୍ୟାତ୍ମିକତାର ଜ୍ଞାନ ତାଙ୍କୁ ଶ୍ରୀମଦ୍ ଭଗବତ ଗୀତାରୁ ମିଳୁଥିଲା। ସେ ବୁଝିଥିଲେ ଯେ ଗୀତା ମଣିଷ ଜୀବନର ମାର୍ଗଦର୍ଶିକା। ଗୀତା ମାନବ ଜୀବନକୁ ପରିମାର୍ଜିତ, ଶୃଙ୍ଖଳିତ ଓ ପରମ ଶକ୍ତିର ସନ୍ଧାନରେ ଆଗେଇ ନେବା ଦିଗରେ ଏକ ପଥ ପ୍ରଦର୍ଶକ ଭାବେ କାମ କରିଥାଏ। ସେ ଶ୍ରୀମଦ୍ ଭଗବତ ଗୀତାର ବାଣୀକୁ ଗ୍ରହଣ କରି ତା'ର ମାର୍ଗଦର୍ଶନକୁ ଆପଣାଇ ତାଙ୍କ ଜୀବନକୁ ଏକ ସାର୍ଥକ ଜୀବନରେ ପରିଣତ କରିଯାଇଛନ୍ତି।



ସେବା ଧର୍ମରେ ସେ ଦୀକ୍ଷିତ ହୋଇଥିଲେ। ସମାଜର ବିକାଶ, ତଳେ ପଡ଼ିଥିବା ମଣିଷର ଉନ୍ନତି ଥିଲା ତାଙ୍କର ଲକ୍ଷ୍ୟ। ସେହି ନମସ୍ୟ ପୁରୁଷ ଯାହାଙ୍କ ତ୍ୟାଗ ଓ ସେବା ବଳରେ, ଶ୍ରଦ୍ଧା ଓ ପୁଣ୍ୟ କାରଣରୁ ଓଡ଼ିଶା ପରି ଏକ ଦରିଦ୍ର୍ୟ ରାଜ୍ୟରେ ବୈଷୟିକ ଶିକ୍ଷାର ଉନ୍ନତି ହୋଇଛି ଓ ସ୍ୱାସ୍ଥ୍ୟ କ୍ଷେତ୍ରରେ ମଧ୍ୟ ପରିବର୍ତ୍ତନ ସମ୍ଭବ ହୋଇପାରିଛି। ଓଡ଼ିଶାରେ ଅନେକ ମହାପୁରୁଷ ଶିକ୍ଷାରେ ସଂସ୍କାର କରିଛନ୍ତି। ସେମାନଙ୍କ ମଧ୍ୟରେ ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସ, ପୁଣ୍ୟଶ୍ଳୋକ ଗୋପବନ୍ଧୁ ଚୌଧୁରୀ ଅନ୍ୟତମ। ସେହିପରି ଧନେଶ୍ୱର ରଥ ମଧ୍ୟ ରାଜ୍ୟରେ ଶିକ୍ଷାର ବିକାଶ ପାଇଁ ସ୍ୱପ୍ନ ଦେଖିଥିଲେ, ଯେଉଁ କାରଣରୁ ତାଙ୍କର ସୁଯୋଗ୍ୟ ସନ୍ତାନମାନେ ପ୍ରତିଷ୍ଠା କରିଛନ୍ତି ଉନ୍ନତ ବୈଷୟିକ ଶିକ୍ଷାନୁଷ୍ଠାନ। ପିତାଙ୍କ ନାମରେ ପ୍ରତିଷ୍ଠିତ ଏହି ଶିକ୍ଷାନୁଷ୍ଠାନ 'ଡ୍ରିମ୍‌ସ' ରାଜ୍ୟର ଏକ ବିଶ୍ୱବିଦ୍ୟାଳୟରେ ପରିଣତ ହୋଇଛି। ସେହିପରି ଆମ ରାଜ୍ୟର ସ୍ୱାସ୍ଥ୍ୟ ସମସ୍ୟାର ସମାଧାନ ପାଇଁ ଦିନ ଧନେଶ୍ୱର ରଥ ସ୍ୱପ୍ନ ଦେଖିଥିଲେ। ତାଙ୍କର ସେହି ସ୍ୱପ୍ନକୁ ସାକାର କରାଯାଇଛି ଓ ଗଢ଼ିଉଠିଛି ଏକ ଜନ୍ନତ ଡାକ୍ତରଖାନା "ପଦ୍ମିନୀ କେୟାର ହସ୍‌ପିଟାଲ"। ଡ୍ରିମ୍‌ସ ଓ ପଦ୍ମିନୀ କେୟାର ହସ୍‌ପିଟାଲ ଏହି ଦୁଇଟି ଅନୁଷ୍ଠାନମାନ ସେବାରେ ସମର୍ପିତ। ଜୀବନରେ ଶିକ୍ଷା ଓ ସ୍ୱାସ୍ଥ୍ୟ ହିଁ ପ୍ରକୃତ ଧନ। ଏହା ଧନେଶ୍ୱର ରଥ ବୁଝିଥିଲେ ଓ ତାଙ୍କ ସନ୍ତାନମାନେ ମଧ୍ୟ ଏହାକୁ ଠିକ୍ ଭାବରେ ହୃଦୟଙ୍ଗମ କରି ସେହି କାମରେ ଲାଗିଛନ୍ତି। ସେମାନଙ୍କ ପ୍ରୟାସରୁ ଧନେଶ୍ୱର ରଥଙ୍କର ଆଶା ପୂରଣ ହୋଇପାରିଛି।

ଏପରି ଜଣେ ସେବକ, କର୍ମଯୋଗୀଙ୍କର ପରଲୋକ ୧୯୯୪ ମସିହାରେ ହେଲା। ତାଙ୍କ କର୍ମମୟ ଜୀବନର ଯାତ୍ରା ଶେଷ ହୋଇଯାଇଥିଲେ ମଧ୍ୟ ସେହି କର୍ମର ପ୍ରେରଣା ଅନ୍ୟମାନଙ୍କୁ ଅନୁପ୍ରାଣିତ କରିଅଛି ଓ ଧନେଶ୍ୱରଙ୍କ କର୍ମଯୋଗ ଜାରି ରହିଛି। ଅନେକ ବ୍ୟକ୍ତି ଜୀବନ ଧାରଣ କରି ଭୋଗ ବିଳାସରେ ଜୀବନ ଅତିବାହିତ କରି ଶେଷରେ ଏ ଦୁନିଆରୁ ବିଦାୟ ନେଇଛନ୍ତି। ମାତ୍ର ସେମାନଙ୍କ ମଧ୍ୟରେ ଧନେଶ୍ୱର ରଥ ଏକ ବ୍ୟତିକ୍ରମ। ସେ ତାଙ୍କ ଜୀବନକୁ ଚାହିଁଥିଲେ ଭୋଗ ବିଳାସରେ ରଖିପାରିଥାନ୍ତେ, ଆପଣାକୁ ସମୃଦ୍ଧ ଓ ସମ୍ପନ୍ନ କରିପାରିଥାନ୍ତେ. ମାତ୍ର ତାଙ୍କ ସଂସ୍କାର ଓ ଶିକ୍ଷା ତାଙ୍କୁ ସେ ଦିଗରେ ବାଧା ଦେଇଛି। ସେ ଅନ୍ୟମାନଙ୍କ ପାଇଁ ଆପଣାକୁ ସମର୍ପଣ କରିଯାଇଛନ୍ତି। ସେହି ପୁଣ୍ୟସ୍ମୃତିଙ୍କୁ ସ୍ମରଣ କରିବା ଆମର କର୍ତ୍ତବ୍ୟ ଓ ତାଙ୍କ ସେବାମୟ ଚିନ୍ତା ଚେତନାକୁ ଆଗକୁ ନେବା ଆମର ଧର୍ମ ।■

ଚାନ୍ଦିନୀଚୌକ, କଟକ-୨

## ଛାତ ଭୁଶୁଡ଼ି ଦୋକାନୀଙ୍କ ମୃତ୍ୟୁ ଘଟଣା

# ସିଲ୍ ହେଲା ବିଶ୍ୱାସରାୟ ମାର୍କେଟ୍ କମ୍ପ୍ଲେକ୍ସ

- ■ ଚିନ୍ତାରେ ବ୍ୟବସାୟୀ
- ■ ଅସୁରକ୍ଷିତ ଷ୍ଟଲ୍ ଯାଞ୍ଚ ପାଇଁ କମିଟି ଗଠିତ

କୋରାପୁଟ,୧୪।୯(ସମିସ): ଜିଲ୍ଲା ପୁଲିସ ମୁଖ୍ୟାଳୟ ସମ୍ମୁଖରେ ଥିବା ବିଶ୍ୱାସ ରାୟ ମାର୍କେଟ୍ କମ୍ପ୍ଲେକ୍ସରେ ଏକ ଦୋକାନର ଛାତ ଭୁଶୁଡ଼ି ଶନିବାର ଜଣେ ଦୋକାନୀଙ୍କ ମୃତ୍ୟୁ ଘଟଣା ପରେ ଜିଲ୍ଲା ପ୍ରଶାସନର ଚେତା ପଶିଛି। ଏହି ଘଟଣା ପରେ ଗତକାଲି ରାତିରେ ବିଶ୍ୱାସରାୟ ମାର୍କେଟ କମ୍ପ୍ଲେକ୍ସ ବନ୍ଦ କରିବାକୁ ପ୍ରଶାସନ ପକ୍ଷରୁ ବ୍ୟବସାୟୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଆଜି ସକାଳୁ କମ୍ପ୍ଲେକ୍ସ ସମ୍ମୁଖରେ ପୁଲିସ ଜଗି ରହିଥିଲା। ଦୋକାନ ସବୁ ବନ୍ଦ ରହିଥିଲା। ଆଗକୁ ଦଶହରା, କୁମାର ପୂର୍ଣ୍ଣିମା ଓ ଦୀପାବଳି ଆସୁଥିବା ବେଳେ ଦୋକାନଗୁଡ଼ିକ ଜିଲ୍ଲା ପ୍ରଶାସନ ବନ୍ଦ କରିଦେଇଥିବାରୁ ବ୍ୟବସାୟୀମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ତୁରନ୍ତ ଷ୍ଟଲ ଯାଞ୍ଚ କରି ସୁରକ୍ଷିତ ଷ୍ଟଲ ଖୋଲିବାକୁ ଅନୁମତି ଦିଆଯାଉ ବୋଲି ବ୍ୟବସାୟୀମାନେ ଦାବି କରିଛନ୍ତି। ଉକ୍ତ ମାର୍କେଟ କମ୍ପ୍ଲେକ୍ସରେ ଥିବା ଷ୍ଟଲଗୁଡ଼ିକ ଯାଞ୍ଚ କରିବାକୁ ଜିଲ୍ଲା ପ୍ରଶାସନ ଏବଂ କ୍ରିଟ୍ ପକ୍ଷରୁ ପୂର୍ତ୍ତ ବିଭାଗକୁ କୁହାଯାଇଥିବା ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ କହିଛନ୍ତି। ଖୁବ୍ କମ୍ ଦିନ ମଧ୍ୟରେ ଯାଞ୍ଚ ରିପୋର୍ଟ ଆସିବ ବୋଲି ସେ ଆଶା ରଖିଛନ୍ତି। ଯେଉଁ ଷ୍ଟଲଗୁଡ଼ିକର ଅସୁରକ୍ଷିତ ରିପୋର୍ଟ ଆସିବ, ସେଗୁଡ଼ିକ ବନ୍ଦ କରାଯିବ ଏବଂ ସୁରକ୍ଷିତ ଷ୍ଟଲ୍‌କୁ ଖୋଲିବା ପାଇଁ ଅନୁମତି ଦିଆଯିବ ବୋଲି ସେ କହିଛନ୍ତି। କୋରାପୁଟ ପୌର ପରିଷଦ ଅଧୀନରେ ରହିଥିବା ଷ୍ଟଲଗୁଡ଼ିକର ଯାଞ୍ଚ ନିମନ୍ତେ ଏକ କମିଟି ଗଠନ କରାଯାଇଛି। କୋରାପୁଟ ପୌର ପରିଷଦ ଯନ୍ତ୍ରୀ ମନୋଜ କୁମାର ପାତ୍ରଙ୍କ ନେତୃତ୍ୱରେ ଗଠିତ ଟିମ୍ ଆଜି ଜଗନ୍ନାଥ ମନ୍ଦିର ଛକ, ଡେଲି ମାର୍କେଟ୍, ଟ୍ରାଫିକ ଛକ ଏବଂ ଅମ୍ବିକା ବୁକ୍ ଷ୍ଟୋର ସମ୍ମୁଖରେ ରହିଥିବା ଷ୍ଟଲଗୁଡ଼ିକର ଯାଞ୍ଚ କରାଯାଇଛି। ଆସନ୍ତାକାଲି ବସଷ୍ଟାଣ୍ଡରେ ଥିବା ଷ୍ଟଲଗୁଡ଼ିକର ଯାଞ୍ଚ କରାଯିବା ପରେ ପ୍ରଶାସନକୁ ରିପୋର୍ଟ ପ୍ରଦାନ କରାଯିବ ବୋଲି ପୌରଯନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି। କୋରାପୁଟ ପୌରପରିଷଦର ଡିଏନକେ ଏବଂ ପେଟ୍ରୋଲ ପମ୍ପ ସମ୍ମୁଖରେ ହାଉସିଂବୋର୍ଡ ଦ୍ୱାରା ବହୁ ବର୍ଷ ପୂର୍ବେ ନିର୍ମିତ ଷ୍ଟଲଗୁଡ଼ିକର ଯାଞ୍ଚ କରିବାର ଆବଶ୍ୟକତା ରହୁଥିବାରୁ ତୁରନ୍ତ ଯାଞ୍ଚ କରି ରିପୋର୍ଟ ପ୍ରଦାନ ପାଇଁ ଜନସାଧାରଣଙ୍କୁ ସୂଚିତ କରିବାକୁ ଦାବି ହେଉଛି।

## ଓଏଚ୍‌ଆର୍‌ସିଙ୍କ ତାଗିଦ ପରେ ବିଭାଗ ତତ୍ପର

# ଅଣସ୍ୱୀକୃତିପ୍ରାପ୍ତ ବିଦ୍ୟାଳୟ ଉପରେ କାର୍ଯ୍ୟାନୁଷ୍ଠାନ ନିର୍ଦ୍ଦେଶ

ଭୁବନେଶ୍ୱର,୧୪।୯(ସମିସ): ମାନବାଧିକାର କମିଶନଙ୍କ ନୋଟିସ୍ ପରେ ଅଣସ୍ୱୀକୃତିପ୍ରାପ୍ତ ବିଦ୍ୟାଳୟ ଉପରେ କାର୍ଯ୍ୟାନୁଷ୍ଠାନ ନେବା ନିମନ୍ତେ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ ଦିଆଯାଇଛି। ରାଜ୍ୟରେ ବେଆଇନ ଏବଂ ଅଣସ୍ୱୀକୃତିପ୍ରାପ୍ତ ବିଦ୍ୟାଳୟ ଉପରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ନ୍ୟାସନାଲ ପ୍ୟାରେଣ୍ଟ୍ ଫେଡେରେସନ୍ ସଭାପତି ଭୁମୋହନ ବେବର୍ତ୍ତା ପଟ୍ଟନାୟକଙ୍କ ତରଫରୁ ରାଜ୍ୟ ମାନବାଧିକାର କମିଶନଙ୍କ ନିକଟରେ ପିଟିସନ ହୋଇଥିଲା। ଯାହାର ଶୁଣାଣି କରି ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କୁ ରାଜ୍ୟ ମାନବାଧିକାର ଆୟୋଗ ଅଧ୍ୟକ୍ଷ ନୋଟିସ୍ ଜାରି କରିଥିଲେ। ଏହାକୁ ଭିତ୍ତି କରି ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ ତରଫରୁ ସମସ୍ତ ଜିଲ୍ଲା ଶିକ୍ଷାଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ଜିଲ୍ଲାରେ ଚାଲୁଥିବା ଅଣସ୍ୱୀକୃତିପ୍ରାପ୍ତ ସ୍କୁଲ ଉପରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ସେପ୍ଟେମ୍ବର ୧୫ ତାରିଖ ଭିତରେ ରିପୋର୍ଟ ଦାଖଲ କରିବାକୁ କୁହାଯାଇଛି।

ଉଲ୍ଲେଖଯୋଗ୍ୟ, ରାଜ୍ୟରେ ଓଡ଼ିଶା ଶିକ୍ଷା ଆଇନ୍ ଏବଂ ଶିକ୍ଷା ଅଧିକାର ଆଇନ୍-୨୦୦୯ ନୀୟମାବଳିକୁ ଉଲ୍ଲଂଘନ କରି ପ୍ରାୟ ୧୫୦୦ରୁ ଉର୍ଦ୍ଧ୍ୱ ଅଣସ୍ୱୀକୃତିପ୍ରାପ୍ତ ବେସରକାରୀ ବିଦ୍ୟାଳୟ ଚାଲୁଛି। ଫଳରେ ସେଠାରେ ପଢୁଥିବା ଛାତ୍ରଛାତ୍ରୀମାନଙ୍କ ନିରାପତ୍ତା, ସୁରକ୍ଷା ଏବଂ ଭବିଷ୍ୟତ ବିପଦପୂର୍ଣ୍ଣ ଅବସ୍ଥାରେ ଅଛି। ଏହିସବୁ ବିଦ୍ୟାଳୟଠାରୁ ଲକ୍ଷାଧିକ ଟଙ୍କା ଜୋରିମାନା ଆଦାୟ କରିବା ପାଇଁ ମଧ୍ୟ ଆଇନରେ ବ୍ୟବସ୍ଥା ଅଛି। ଏହିସବୁ ସମସ୍ୟାକୁ ଦୃଷ୍ଟିରେ ରଖି ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ତରଫରୁ ୨୦୧୮ ମସିହାରୁ କ୍ରମାଗତ ଭାବରେ ବାରମ୍ବାର ଜିଲ୍ଲା ଶିକ୍ଷାଧିକାରୀମାନଙ୍କୁ ଚିଠି ମାଧ୍ୟମରେ ଏହି ବିଦ୍ୟାଳୟ ଉପରେ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ତାଗିଦ୍ କରାଯିବା ସତ୍ତ୍ୱେ ଏହା ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଉ ନ ଥିଲା। ବରଂ ଜିଲ୍ଲା ଶିକ୍ଷାଧିକାରୀମାନଙ୍କ ପୃଷ୍ଠପୋଷକତାରେ ଏହି ସ୍କୁଲ୍ ସବୁ ଚାଲୁଥିଲା। ଏ ସମ୍ବନ୍ଧରେ ନ୍ୟାସନାଲ ପ୍ୟାରେଣ୍ଟ୍ ଫେଡେରେସନ୍ ତରଫରୁ ନିର୍ଦ୍ଦେଶକ ଏବଂ ଶିକ୍ଷା ସଚିବଙ୍କୁ ବାରମ୍ବାର ଅଭିଯୋଗ କରାଯାଇଥିଲେ ମଧ୍ୟ ବିଭାଗ ତରଫରୁ ଟାଳଟୁଳ ନୀତି ଅବଲମ୍ବନ କରାଯାଉଥିଲା। ଫଳରେ ବାଧ୍ୟ ହୋଇ ସଭାପତି ପଟ୍ଟନାୟକ ମାନବାଧିକାର କମିଶନଙ୍କ ଦ୍ୱାରସ୍ଥ ହୋଇଥିଲେ। ଯାହାର ପ୍ରାଥମିକ ଶୁଣାଣି କରି ଅଗଷ୍ଟ ୧ ତାରିଖରେ ନିର୍ଦ୍ଦେଶକଙ୍କୁ ନୋଟିସ୍ ଜାରି କରି ସେପ୍ଟେମ୍ବର ୧୮ ତାରିଖ ସୁଦ୍ଧା ପକ୍ଷ ରଖିବାକୁ ନୋଟିସ୍ ଜାରି କରିଥିଲେ।


**AFFIDAVIT**

I VAISYARAJU SWAPNA, W/o- VAISYARAJU RAJESH, resident of Mill Sahi, Santoshi Nagar, Po./Ps.- Borigumma, Dist.- Koraput- 764056, Odisha declare by this Affidavit No. 3676, Dated 08/09/2025, that now onwards I shall be known as **VYSYARAJU SWAPNA** for all future purpose.

**AFFIDAVIT**

By virtue of an affidavit of sworn before the notary, Baripada, Mayurbhanj, dated 13.09.2025, I Sujit kumar Sahoo, Adress At - Baghra Road, Ward no 19, Po - Baripada, Ps- Baripada, Dist - Mayurbhanj, State - Odisha, Pin - 757001 declare that I have changed my name from Sujit Kumar Sahu to Sujit Kumar Sahoo. Henceforth, I shall be known as Sujit Kumar Sahoo for all purposes.

**SUJIT KUMAR SAHOO**


### ■ ଏଆଇସିସି ସଂଗଠନ ସମ୍ପାଦକଙ୍କ ମାରାଥନ ବୈଠକ

# ଓଡ଼ିଶାରେ ଠିକଣା ରାସ୍ତାରେ ଚାଲୁଛି କଂଗ୍ରେସ

ଭୁବନେଶ୍ୱର, ୧୪।୯ (ସମିସ): କେହି ବଡ଼ କି ଛୋଟ ନେତା ନୁହନ୍ତି। ସମସ୍ତେ କଂଗ୍ରେସ ନେତା। ୨୦୨୯ କଂଗ୍ରେସର। ଓଡ଼ିଶାରେ କଂଗ୍ରେସ ଠିକଣା ବାଟରେ ଚାଲିଛି। ଓଡ଼ିଶା ଗସ୍ତରେ ଆସିଥିବା ଏଆଇସିସି ସାଧାରଣ ସମ୍ପାଦକ (ସଂଗଠନ) କେ.ସି ବେଣୁଗୋପାଳ ମାରାଥନ ବୈଠକ କରି ଦଳର ନେତା ଓ କର୍ମୀଙ୍କୁ ଏହା କହିଛନ୍ତି। ରବିବାର ସନ୍ଧ୍ୟାରେ କଂଗ୍ରେସ ଭବନରେ ପ୍ରଥମେ ଦଳର ରାଜନୈତିକ ବ୍ୟାପାର କମିଟି ବୈଠକ ଓ ପରେ ପିସିସି କାର୍ଯ୍ୟକର୍ତ୍ତା, ସମସ୍ତ ବିଭାଗ, ଛାମୁଆ ସଂଗଠନ ଓ ସେଲ୍‌ର ମୁଖ୍ୟ ତଥା ସଂଗଠନ ସୃଜନ ଅଭିଯାନରେ ଦାୟିତ୍ୱ ନିଭାଇଥିବା ପିସିସି ପର୍ଯ୍ୟବେକ୍ଷକମାନଙ୍କ ସହ ଶ୍ରୀ ବେଣୁଗୋପାଳ ବୈଠକ କରିଥିଲେ। ଏହି ଅବସରରେ ସେ କହିଛନ୍ତି ଯେ ଆସନ୍ତା ୩୦ ସେପ୍ଟେମ୍ବର ସୁଦ୍ଧା ଓଡ଼ିଶାର ସମସ୍ତ ୩୫ ସାଂଗଠନିକ ଜିଲ୍ଲାର ସଭାପତି ଚୟନ କାର୍ଯ୍ୟ ଶେଷ ହେବ। ଦଳର ନେତା ରାହୁଲ ଗାନ୍ଧୀଙ୍କ ମାର୍ଗଦର୍ଶନରେ ଗୁଜରାଟରେ ହୋଇଥିବା ୧୦ ଦିନିଆ ପ୍ରଶିକ୍ଷଣ ଶିବିର ଶୈଳୀରେ ଓଡ଼ିଶା କଂଗ୍ରେସ ମଧ୍ୟ ଅନୁରୂପ କାର୍ଯ୍ୟକ୍ରମ ହେବ। ଦଳର ବରିଷ୍ଠ ନେତୃବୃନ୍ଦଙ୍କୁ ନେଇ ଗଠିତ ରାଜନୈତିକ ବ୍ୟାପାର କମିଟି (ପିଏସି) ବୈଠକରେ ଦଳର ସମସ୍ତ ବିଧାୟକ ଓ ସାଂସଦଙ୍କ ଉପସ୍ଥିତିରେ ସେ ଆହୁରି କହିଥିଲେ, ଦଳ ଏବେ ଜନସାଧାରଣଙ୍କ ଦୃଷ୍ଟିରେ ଓଡ଼ିଶାରେ ପ୍ରମୁଖ ବିରୋଧୀ ଦଳର ମାନ୍ୟତା ପାଉଛି। ପ୍ରତି ତିନି ମାସରେ ଥରେ ନବନିଯୁକ୍ତ ଜିଲ୍ଲା ସଭାପତିମାନଙ୍କ କାର୍ଯ୍ୟ ସମୀକ୍ଷା କରାଯିବ।


ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର Bank of Maharashtra

ଏକ ପରିବାର ଏକ ବ୍ୟାଙ୍କ

**ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର**
**ଅଞ୍ଚଳ କାର୍ଯ୍ୟାଳୟ : ଭୁବନେଶ୍ୱର**
ପ୍ରଥମ ମହଲା, ଦୂର ସଞ୍ଚାର ଭବନ, ୟୁନିଟ୍-୯, ରୁପାଲି ଛକ ନିକଟ, ଭୁବନେଶ୍ୱର-୭୫୧୦୨୨,
ଇ-ମେଲ୍: dzmbbsr@mahabank.co.in

**ଦଖଲ ନୋଟିସ୍** [ରୁଲ୍-୮(୧)]

ନିମ୍ନ ସ୍ୱାକ୍ଷରକାରୀ ବ୍ୟାଙ୍କ ଅଫ୍ ମହାରାଷ୍ଟ୍ରର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ ୨୦୦୨ (୨୦୦୨ର ୫୪) ଏବଂ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ ୨୦୦୨ର ରୁଲ୍ ୩ ସହିତ ୧୩ର ଉପଧାରା (୧୨)ରେ ଦିଆଯାଇଥିବା କ୍ଷମତା ବଳରେ ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ଡିମାଣ୍ଡ ନୋଟିସ୍ ଜାରିକରି କଥିତ ନୋଟିସ୍ ମାଧ୍ୟମରେ ନିମ୍ନଲିଖିତ ଋଣ ରାଶି ଏବଂ ସେବାବଦ ସୁଧ ଓ ଖର୍ଚ୍ଚ କଥିତ ନୋଟିସ୍ ପ୍ରାପ୍ତି ତାରିଖ ଠାରୁ ୬୦ ଦିନ ମଧ୍ୟରେ ପଇଠ କରିବାକୁ କୁହାଯାଇଥିଲା। ଋଣଗ୍ରହୀତା ଋଣ ପଇଠ କରିପାରିଲେ ନାହିଁ, ତେଣୁ ଏହି ନୋଟିସ୍ ମାଧ୍ୟମରେ ଋଣଗ୍ରହୀତାଙ୍କୁ ଏବଂ ସର୍ବସାଧାରଣଙ୍କୁ ଜଣାଇଦିଆଯାଉଅଛି ଯେ ଉପରୋକ୍ତ ଆକ୍ଟର ଧାରା ୧୩ର ଉପଧାରା (୪) ସହିତ କଥିତ ରୁଲ୍‌ର ରୁଲ ୮ରେ ଦିଆଯାଇଥିବା କ୍ଷମତା ଅନୁଯାୟୀ ନିମ୍ନ ସ୍ୱାକ୍ଷରକାରୀ ନିମ୍ନରେ ଦର୍ଶାଯାଇଥିବା ସମ୍ପତ୍ତିକୁ ସାଙ୍କେତିକ ଦଖଲକୁ ନେଇଛନ୍ତି। ତେଣୁ ବିଶେଷକରି ଋଣଗ୍ରହୀତା/ସହ-ଋଣଗ୍ରହୀତା/ଜାମିନ୍‌ଦାରମାନଙ୍କୁ ଏବଂ ସର୍ବସାଧାରଣଙ୍କୁ ସତର୍କ କରାଇ ଦିଆଯାଉଅଛି ଯେ ନିମ୍ନଲିଖିତ ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିବେ ନାହିଁ ଏବଂ ଉକ୍ତ ସମ୍ପତ୍ତି ଉପରେ କୌଣସି କାରବାର ପାଇଁ ନୋଟିସ୍ ଦର୍ଶିତ ରାଶି ଏବଂ ସେବାବଦ ସୁଧ ଓ ଖର୍ଚ୍ଚ ନିମନ୍ତେ ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର ନିକଟରେ ଉତ୍ତରଦାୟୀ ରହିବେ। ଏତଦ୍ୱାରା ଋଣଗ୍ରହୀତାଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ର ଉପଧାରା (୮) ଅନୁଯାୟୀ ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକ ମୁକ୍ତ କରନ୍ତୁ।

| ଟିଟିଲାଗଡ ଶାଖା / ଋଣଗ୍ରହୀତାମାନଙ୍କ ନାମ ଏବଂ ଠିକଣା | ଦଖଲ ନିଆଯାଇଥିବା ବନ୍ଧକପ୍ରାପ୍ତ ସମ୍ପତ୍ତିଗୁଡ଼ିକର ବିବରଣୀ | ନୋଟିସ୍ ଅନୁଯାୟୀ ଧାର୍ଯ୍ୟ ତାରିଖ ସୁଦ୍ଧା ବକେୟା ଦେୟ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ |
|---|---|---|---|
| ଋଣଗ୍ରହୀତାମାନେ: ୧) ଶ୍ରୀ ଲିଳାମୟ ସାହୁ, ପିତା: ଶ୍ରୀ କେଶରୀ ସାହୁ, ୨) ଶ୍ରୀମତୀ ସୁଜାତା ସାହୁ, ସ୍ୱାମୀ: ଶ୍ରୀ କେଶରୀ ସାହୁ, ଉଭୟଙ୍କ ଠିକଣା- ଗ୍ରା.: କୁରୁସୁଡ, ପୋ.: କୁରୁସୁଡ, ସିନ୍ଧେକେଲା, ଜିଲ୍ଲା: ବଲାଙ୍ଗୀର, ପିନ୍-୭୬୭୦୩୫ | ଶ୍ରୀମତୀ ସୁଜାତା ସାହୁ, ସ୍ୱାମୀ: କେଶରୀ ସାହୁଙ୍କ ନାମରେ ଥିବା ବାସୋପଯୋଗୀ ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ମୌଜା/ଗ୍ରାମ: | ୧୦.୦୬.୨୦୨୫ ସୁଦ୍ଧା ଟ.୧୪,୯୬,୦୪୧.୭୮ + ସେବାବଦ ସୁଧ ଓ ଅନ୍ୟାନ୍ୟ ଦେୟ | ୧୦.୦୬.୨୦୨୫ / ୦୯.୦୯.୨୦୨୫ |

କୁରୁସୁଡ, ତହସିଲ: ଟିଟିଲାଗଡ, ଥାନା: ସିନ୍ଧେକେଲା, ଥାନା ନଂ.: ୪୫, ପୋ.: କୁରୁସୁଡ, ସିଟିଏସ/ସର୍ଭେ ନଂ. /ଏଚ୍‌ଏନ୍ ନଂ.: ୨୭୫/୩୮୩, ପ୍ଲଟ ନଂ.: ୯୮୬/୨୧୨୬, ପରିମିତ କ୍ଷେତ୍ର: ଏକର୦.୦୮ ଡେସିମିଲି, କିସମ: ଘରବାରି ଏକ, ଏହାର ଚଉହଦି- ପୂର୍ବ: ଭୋଳାନାଥ ସାହୁଙ୍କ ଜମି, ପଶ୍ଚିମ: ଚେରୁ ସାହୁଙ୍କ ଜମି, ଉତ୍ତର: କେଶରୀ ସାହୁଙ୍କ ଜମି, ଦକ୍ଷିଣ: ରାସ୍ତା, ସହିତ ପରିମିତ କ୍ଷେତ୍ର: ଏକର୦.୦୮ ଡେସିମିଲିରେ ଥିବା ସମସ୍ତ ଗୃହ ଏବଂ ନିର୍ମିତ ଷ୍ଟ୍ରକ୍‌ଚର୍ସ କିମ୍ବା ନିର୍ମାଣ ହେବାକୁ ଥିବା ଷ୍ଟ୍ରକ୍‌ଚର୍ସ ଏବଂ ସେଥିରେ ସଂଲଗ୍ନ ସମସ୍ତ ଫିକ୍‌ଚର୍ସ (ସାଙ୍କେତିକ ଦଖଲ) ।

ତାରିଖ: ୧୪.୦୯.୨୦୨୫, ସ୍ଥାନ: ଭୁବନେଶ୍ୱର — କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ମହାରାଷ୍ଟ୍ର

## ୩୨୬ ନମ୍ବର ରାଜ୍ୟ ରାଜପଥ ଏବେ ମରଣ ଯନ୍ତା

# ବିଷମକଟକ-ରାୟଗଡ଼ା ରାଜ୍ୟ ରାଜପଥରେ ଆଣ୍ଠୁଏ ଗାତ



ବିଷମ କଟକ,୧୪।୯ (ସମିସ): ବିଷମ କଟକ ଠାରୁ ରାୟଗଡ଼ାକୁ ଯୋଗାଯୋଗ କରୁଥିବା ରାଜ୍ୟ ରାଜପଥ ଏବେ ମରଣଯନ୍ତା ପାଲଟିଛି। ରାସ୍ତାଟି ସମ୍ପୂର୍ଣ୍ଣ ନଷ୍ଟ ହୋଇଥିବାରୁ ଦୁର୍ଘଟଣା ବୃଦ୍ଧି ପାଉଛି। ରାସ୍ତା ମଝିରେ ଆଣ୍ଠୁଏ ଲେଖାଏ ଗାତ ହୋଇସାରିଲାଣି । ତଥାପି ପୂର୍ତ୍ତ ବିଭାଗ ନୀରବଦ୍ରଷ୍ଟା ସାଜିଛି। ଏହି ରାସ୍ତାରେ ଯାତାୟାତ କରିବା ବିପଦ ସାଜିଥିବା ବେଳେ ପୂର୍ତ୍ତ ବିଭାଗ ବାବୁ ମାନଙ୍କ ଉପରେ ଏହାର କୌଣସି ଫରକ ପଡୁନାହିଁ। ଲୋକଙ୍କ ଧନ ଜୀବନ ଅସୁରକ୍ଷିତ ହୋଇ ପଡ଼ିଥିବା ବେଳେ ରାଜ୍ୟ ରାଜପଥର ମରାମତି କରିବା ନିମନ୍ତେ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ଗତ ଛଅ ମାସ ତଳେ ଚାଟିକୋଣା ନିକଟରେ କୋଟି କୋଟି ଟଙ୍କା ଖର୍ଚ୍ଚ କରି ଏକ ବାଇପାସ୍ ରୋଡ ନିର୍ମାଣ ହୋଇଥିଲା। ସେହି ନୂତନ ରାସ୍ତାରେ ମଧ୍ୟ ବଡ଼ବଡ଼ ଗାତ ହୋଇସାରିଲାଣି। ମାର୍ଚ୍ଚ ମାସ ଆସିଲେ ଠିକାଦାର ବଞ୍ଚାଅ ନିତିରେ ବିଭାଗ ତରଫରୁ ଏହି ରାସ୍ତାରେ ହୋଇଥିବା ଗାତରେ ପିଚୁ ପାକାଇବା ବାହାନାରେ ଲକ୍ଷାଧିକ ଟଙ୍କା ଖର୍ଚ୍ଚ କରୁଛି ବିଭାଗ। ହେଲେ ମାସେ ଦୁଇ ମାସରେ ରାସ୍ତାଟି ପୂର୍ବ ଅବସ୍ଥାକୁ ଫେରି ଆସୁଛି। ଗତ ମାର୍ଚ୍ଚ ମାସରେ ପୂର୍ତ୍ତ ବିଭାଗ ଦ୍ୱାରା ଏହି ରାସ୍ତା ଚାଟିକୋଣାଠାରୁ ରାୟଗଡା ପର୍ଯ୍ୟନ୍ତ ଲକ୍ଷାଧିକ ଟଙ୍କା ବ୍ୟୟରେ ମରାମତି କରାଯାଇଥିଲା। ମରାମତି କାର୍ଯ୍ୟର ଉଚିତ ତଦାରଖ ହୋଇନଥିବାରୁ ଅସରାଏ ବର୍ଷା ହେବାରୁ ରାସ୍ତାରୁ ପିଚୁ ଉଠି ରାସ୍ତାର ବିଭିନ୍ନ ସ୍ଥାନରେ ଗାତ ହୋଇଗଲାଣି। ବର୍ତମାନ ଏହି ଛୋଟ ଛୋଟ ଗାତ କୃତ୍ରିମ ପୋଖରୀସଦୃଶ୍ୟ ହୋଇଗଲାଣି। ବର୍ଷା ହେଲେ ଏହି ଗାତରେ ପାଣି ଜମି ରହୁଛି। ଯାହାଫଳରେ ବାଇକ ଚାଳକ ଏବଂ ଛୋଟ ଛୋଟ ଚାରିଚକିଆ ଗାଡି ଦୁର୍ଘଟଣା ଗ୍ରସ୍ତ ହେଉଛି। ଏହି ରାସ୍ତା ଦେଇ ଯିବା ଆସିବା ଏବେ ସମସ୍ତଙ୍କ ପାଇଁ ବିପଦସଙ୍କୁଳ ହୋଇପଡିଲାଣି। ଏହି ରାସ୍ତାରେ ଯାଉଥିବା ଆମ୍ବୁଲାନସ୍, ଦୁଇଚକିଆ ଯାନ, ଛୋଟ ବଡ଼ କାର ସବୁ ଯିବା କଷ୍ଟସାଧ୍ୟ ବ୍ୟାପାର ହୋଇସାରିଲାଣି। ପ୍ରତ୍ୟେକ ଦିନ ଏହି ରାସ୍ତା ଦେଇ ଶହ ଶହ ଭାରିଯାନ ଚଳାଚଳ କରୁଥିବା ବେଳେ ରାସ୍ତା ଶୀଘ୍ର ନଷ୍ଟ ହେଉଛି। ଏଭଳି କ୍ଷେତ୍ରରେ ଯାତାୟତ ର ବାଧା ସୃଷ୍ଟି ହେଉଛି । କିନ୍ତୁ ପୂର୍ତ ବିଭାଗ ତରଫରୁ ମରାମତି ପ୍ରତି ଆନ୍ତରିକତା ପ୍ରଦର୍ଶନ କରାଯାଉନାହିଁ। କେବଳ ମାର୍ଚ୍ଚ ମାସ ଆସିଲେ ରାଜକୋଷକୁ ଖାଲି କରିବା ପାଇଁ ଲୋକ ଦେଖାଣିଆ ଭାବେ ମରାମତି କାର୍ଯ୍ୟ କରାଯାଉଛି । ଆଉ ବିଭାଗୀୟ ବାବୁ ଏବଂ ଠିକାଦାରମାନେ ଏଥିରେ ବେଶ ଉପକୃତ ହେଉଛନ୍ତି। କିନ୍ତୁ ଏହି ରାସ୍ତାରେ ଯାତାୟାତ କରୁଥିବା ଲୋକେ ନାହିଁ ନଥିବାର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ପ୍ରତ୍ୟେକ ଦିନ କେଉଁଠି ନା କେଉଁଠି ଏହି ରାସ୍ତାରେ ବାଇକ୍ ଚାଳକ ମାନେ ଦୁର୍ଘଟଣାର ଶୀକାର ହେଉଛନ୍ତି। ବର୍ତ୍ତମାନ ନିୟମିତ ବର୍ଷା ହେଉଥିବାରୁ ରାସ୍ତାର ଗାତ ମାନଙ୍କରେ ପାଣି ଜମି ରହୁଛି। ଲୋକେ ନିଜ ଜୀବନକୁ ବାଜି ଲଗାଇ ଏହି ରାସ୍ତାରେ ରାତ୍ରିରେ ଯାତାୟତ କରୁଛନ୍ତି । ରାଜ୍ୟ ରାଜପଥର ଦୁର୍ଦ୍ଦଶାକୁ ନେଇ ରାୟଗଡା ଏକ୍‌ଜିକ୍ୟୁଟିଭ୍ ଇଂଜିନିୟର ଅମ୍ବିକେଶ୍ୱର ମିଶ୍ରଙ୍କ ସହ ଯୋଗାଯୋଗ କରାଯିବାରେ ରାସ୍ତା ମରାମତି ନିମନ୍ତେ ଟେଣ୍ଡର ଆହ୍ୱାନ କରାଯାଇଛି। ବର୍ତମାନ ବର୍ଷା ଚାଲିଛି, ପିଚୁ କାମ କରିବା ଅସମ୍ଭବ। ତେଣୁ ବର୍ଷା ଛାଡିବା ପର୍ଯ୍ୟନ୍ତ ଅପେକ୍ଷା କରିବାକୁ ପଡିବ। ତେବେ ବର୍ଷା ଛାଡିବା ପର୍ଯ୍ୟନ୍ତ ଲୋକେ ନିଜ ଜୀବନକୁ ବାଜି ଲଗାଇ ଏହି ରାସ୍ତାରେ ଯିବା ଆସିବା କରିବାକୁ ବାଧ। ଏଥିପ୍ରତି ପ୍ରଶାସନ ଦୃଷ୍ଟି ଦେଇ ବିହିତ ପଦକ୍ଷେପ ଗ୍ରହଣ କରିବାକୁ ଦାବି ହେଉଛି।

## ନକଲା ମା'ଙ୍କ ପାଖରେ ବାଲିଯାତ୍ରା



ଗୁଡାରୀ,୧୪।୯ (ସମିସ): ପ୍ରତ୍ୟେକ ବର୍ଷ ଭଳି ଚଳିତ ବର୍ଷ ଅଷ୍ଟମୀ ତିଥିରେ ଗୁଡାରୀ ନକଲା ମା' ପାଖରେ ବାଲି ଯାତରା ଗତ ରବିବାର ଧୁମ୍‌ଧାମରେ ପାଳିତ ହୋଇଯାଇଛି। କମିଟି ତରଫରୁ ପୂର୍ବାହ୍ନ ୧୦ଟା ସମୟରେ ବଂଶଧାରା ନଦୀରୁ କଳସୀରେ ଜଳ ଆଣିବା ପରେ ମା'ଙ୍କ ପୀଠରେ ସମସ୍ତ ନିତିକାନ୍ତି ଆରମ୍ଭ ହୋଇଥିଲା। ପରେ ପୂଜକ ମା'ଙ୍କ ପୂଜା ଅର୍ଚ୍ଚନ କରିବା ପରେ ନିଆଁମଡ଼ା କାଠ ଉପରେ ନିଆ ଲଗାଯାଇଥିଲା। ଦିନ ପ୍ରାୟ ୧୨ଟା ସମୟରୁ ମା ଦର୍ଶନ ଆରମ୍ଭ ହୋଇଥିଲା। ଏହି ଯାତ୍ରାରେ ମାନସିକ ଧରି ମାନେ ବଳି ଦେବା ସହ ମୁଣ୍ଡନ ହୋଇଥାନ୍ତି। ଶ୍ରଦ୍ଧାଳୁମାନେ ଭୋଗ ଅର୍ପଣ କରି ମା'ଙ୍କ ଦର୍ଶନ କରିବା ସହ ପରିବାର ମଙ୍ଗଳ ପାଇଁ ନିଜକୁ ସମର୍ପଣ କରିବା ଏଠାରେ ଦେଖିବାକୁ ମିଳେ। ସଂଧ୍ୟା ୭ଟା ସମୟରେ ନଦୀରୁ ପାଣିବା ପରେ ବେଜୁ ମା'ଙ୍କ ଆଜ୍ଞା ନେଇ କଞ୍ଚା ହାଣ୍ଡିରେ ବସିବା ପରେ କଣ୍ଟା ଦଳି ବସିବା, ଶେଷର ନିଆଁ ମାଡିବା ଦୃଶ୍ୟ ଦେଖିବାକୁ ମିଳେ। ମା'ଙ୍କ ରୂପାନ୍ତରୀଣ ରୂପକୁ ଦେଖିବାକୁ ଶହ ଶହ ଶ୍ରଦ୍ଧାଳୁ ବାଲି ଜାତରା ପଡ଼ିଆରେ ଉପସ୍ଥିତ ରହିଥାନ୍ତି। ହଜାର ହଜାର ବର୍ଷର ମା'ଙ୍କ ଏହି ବାଲିଯାତରେ ପରିବାର ପାଇଁ ମାନସିକ କଲେ ଶୀଘ୍ର ପୂର୍ଣ୍ୟ ଫଳ ମିଳେ ବୋଲି ବିଶ୍ୱାସ ରହିଛି। ଏହି କାର୍ଯ୍ୟକ୍ରମରେ ବାଲିଯାତ କମିଟି ସହ ରାଜସ୍ୱ ବିଭାଗ ତଦାରଖ କରନ୍ତି । ଶାନ୍ତିଶୃଙ୍ଖଳା ରକ୍ଷା କରିବା ପାଇଁ ଥାନଧିକାରୀ ଶ୍ରୀମତି ସମର୍ପିତା ସ୍ୱାଇଁ ପୋଲିସ ମୁତୟନ କରିବା ଦେଖିବାକୁ ମିଳିଛି।

## ନିଖିଳ ଉତ୍କଳ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ସଂଘ ବୈଠକ



ଗୁଣୁପୁର,୧୪।୯ (ସମିସ): ରାୟଗଡ଼ା ଜିଲ୍ଲା ନିଖିଳ ଉତ୍କଳ ପଞ୍ଚାୟତ କାର୍ଯ୍ୟ ନିର୍ବାହୀ ଅଧିକାରୀ ମାନଙ୍କ ବୈଠକ ସ୍ଥାନୀୟ ଜଗନ୍ନାଥ ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ସଭାପତି ମଳୟ ନାୟକ, ସମ୍ପାଦକ ସୁନୀଲ ବ୍ରହ୍ମା, ଉପଦେଷ୍ଟା ପି ଦିବାକର ରାଓ ଏବଂ ଜିଲ୍ଲାର ସମସ୍ତ ଉପସ୍ଥିତ ଥିଲେ।ଏହି କାର୍ଯ୍ୟକ୍ରମର ଆୟୋଜକ ଗୁଣୁପୁର ବ୍ଲକ ସଭାପତି ପ୍ରଭାକର ନାଲ୍ଲାଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ପଞ୍ଚାୟତ ନିର୍ବାହୀ ଅଧିକାରୀ ମାନଙ୍କୁ ବିଭିନ୍ନ ଉନ୍ନୟନ ମୂଳକ କାର୍ଯ୍ୟକ୍ରମର ତ୍ୱରାନିତ କରିବା ପାଇଁ ବାଧ କରାଯାଇ ଚାପ ପକା ଯାଉଥିବା ଏବଂ ବିଭିନ୍ନ ଭତ୍ତା ପ୍ରଦାନ ବାବଦରେ ବ୍ୟାଙ୍କରୁ ଟଙ୍କା ଉଠାଇ ପଞ୍ଚାୟତକୁ ନେବା ସମୟରେ ଦୁର୍ବୃତ୍ତମାନଙ୍କର ଆକ୍ରମଣର ଶିକାର ହେଉଛନ୍ତି । ତେଣୁ ପ୍ରଶାସନ ପକ୍ଷରୁ ପଞ୍ଚାୟତ କାର୍ଯ୍ୟାଳୟ ଗୁଡିକୁ ନେଇ ଟଙ୍କା ଯୋଗାଇଦେବା ପାଇଁ ଦାବି ହୋଇଛି। ଏହି କାର୍ଯ୍ୟକ୍ରମରେ ମୂରଲି ମୋହନ ସାହୁ, ଅକ୍ଷୟ ବେହେରା, ରବି ନାରାୟଣ ସାହୁ , ଇଶ୍ୱର ଶବର ଓ ସନ୍ତୋଷ ଶବର ପ୍ରମୁଖ ଉପସ୍ଥିତ ଥିଲେ।

## ଉଦ୍ୟମିତା ପ୍ରୋତ୍ସାହନ କାର୍ଯ୍ୟକ୍ରମ

କୋରାପୁଟ, ୧୪।୯ (ସମିସ): ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର କୋରାପୁଟ ଠାରେ ବିଶ୍ୱ ଉଦ୍ୟମିତା ଦିବସ ଅବସରରେ କୋରାପୁଟ ନଗର ଅନ୍ତର୍ଗତ ସ୍ୱାବଲମ୍ବୀ ଭାରତ ଅଭିଯାନ ଅନ୍ତର୍ଗତ ଉଦ୍ୟମିତା ପ୍ରୋତ୍ସାହନ କାର୍ଯ୍ୟକ୍ରମ ସ୍ୱଦେଶୀ ଜାଗରଣ ମଞ୍ଚ କୋରାପୁଟର ଜିଲ୍ଲା ସଂଯୋଜକ ମୃତ୍ୟୁଞ୍ଜୟ ଶତପଥୀଙ୍କ ଆହ୍ୱାନରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବିଦ୍ୟାଳୟର ପ୍ରଧାନଆଚାର୍ଯ୍ୟ ଅଲେଖ ଚନ୍ଦ୍ର ଦୋରା ଅଧ୍ୟକ୍ଷତା କରିଥିଲେ। ସ୍ୱଦେଶୀ ଜାଗରଣ ମଞ୍ଚ ପଶ୍ଚିମପ୍ରାନ୍ତର ବିଚାର ବିଭାଗ ପ୍ରମୁଖ ଡ଼. ରବିନାରାୟଣ ମିଶ୍ର ମୁଖ୍ୟ ବକ୍ତାଭାବେ ଯୋଗଦେଇ ଦେଶରୁ ବେରୋଜଗାରି ସମାପ୍ତ କରିବାକୁ ହେଲେ ଉଦ୍ୟମିତା ମାଧ୍ୟମରେ ସ୍ୱରୋଜଗାର ସ୍ଥାପନ କରି ଦେଶକୁ ସମୃଦ୍ଧ କରାଯାଇପାରିବ ବୋଲି କହିଥିଲେ। ସେହିପରି କୋରାପୁଟ ଜିଲ୍ଲା ଯୁବା ପ୍ରମୁଖ ତନ୍ମୟ ପ୍ରିୟଦର୍ଶୀ ପ୍ରଧାନ ମଞ୍ଚ ପରିଚାଳନା କରିଥିବା ସହ ଧନ୍ୟବାଦ ଅର୍ପଣ କରିଥିଲେ କାର୍ଯ୍ୟକ୍ରମରେ ବିଦ୍ୟାଳୟର ନବମ ଏବଂ ଦଶମ ଶ୍ରେଣୀର ସମସ୍ତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

## ରାମନାଗୁଡ଼ା ବ୍ଲକ୍‌ସ୍ତରୀୟ ଗୁର୍କା ମହୋତ୍ସବ



ରାୟଗଡ଼ା/ରାମନାଗୁଡ଼ା,୧୪।୯ (ସମିସ): ରାୟଗଡ଼ା ଜିଲ୍ଲା ରାମନାଗୁଡ଼ା କଲ୍ୟାଣ ମଣ୍ଡପଠାରେ ବ୍ଲକ୍ ସ୍ତରୀୟ ଗୁର୍କା ମହୋତ୍ସବ ୨୦୨୫ ଅନୁଷ୍ଠିତ ହୋଇଯାଇଛି। ଏ ନେଇ ପ୍ରଥମେ ବ୍ଲକ କାର୍ଯ୍ୟାଳୟଠାରୁ କଲ୍ୟାଣ ମଣ୍ଡପ ପର୍ଯ୍ୟନ୍ତ ଏକ ସାଂସ୍କୃତିକ ପଦଯାତ୍ରା ଅନୁଷ୍ଠିତ ହୋଇଥିଲା। ଏହା ପରେ କଲ୍ୟାଣ ମଣ୍ଡପ ଠାରେ ଦୀପ ପ୍ରଜ୍ୱଳନ ହୋଇ ସଭା ଆରମ୍ଭ ହୋଇଥଲା। ଏଥିରେ ନିମନ୍ତ୍ରିତ ଅତିଥି ମାନେ ଲୋକକଳାକୁ ନେଇ ନିଜ ନିଜର ଅଭିଭାଷଣ ପ୍ରଦାନ କରିଥଲେ ତାପରେ ବିଶିଷ୍ଟ ଲୋକକଳା କଳାକାରଙ୍କୁ ମାନପତ୍ର ପ୍ରଦାନ କରା ଯାଇଥିଲା। ଏହା ପରେ ସାଂସ୍କୃତିକ କାର୍ଯ୍ୟକ୍ରମ ରେ ସ୍ଥାନୀୟ କଳାକାର ମାନେ ଗୁର୍କା ନୃତ୍ୟ, ଦେଶିଆ ନୃତ୍ୟ, ବିଭିନ୍ନ ପାରମ୍ପାରିକ ନୃତ୍ୟ, ସଂକୀର୍ତ୍ତନ ଲୋକ ନାଟ୍ୟ ପରିବେଷଣ ହୋଇଥିଲା। ସୁଦୂର କେନ୍ଦ୍ରାପଡ଼ାଠାରୁ ଆସିଥିବା କଳାକାର ମାନେ ସମ୍ବଲପୁରୀ ନୃତ୍ୟ ପରିବେଷଣ କରିଥିଲେ। ଆଞ୍ଚଳିକ ଭାଷା ଲୋକକଳା ସଂସ୍କୃତିର ପ୍ରଚାର ପ୍ରସାର ସହ ସ୍ଥାନୀୟ ଲୋକକଳା କଳାକାରଙ୍କୁ ଉତ୍ସାହିତ କରିବା ସହ ମଞ୍ଚ ପ୍ରଦାନ କରିବା ଏବଂ ବିଶିଷ୍ଟ ବରିଷ୍ଠ କଳାକାରଙ୍କୁ ସମ୍ବର୍ଦ୍ଧନା କରିବା ଉଦ୍ଦେଶ୍ୟରେ ଏହି ମହୋତ୍ସବ ରାୟଗଡ଼ା ଜିଲ୍ଲାର ପ୍ରତ୍ୟେକ ବ୍ଲକ ଓ ପଞ୍ଚାୟତ ପରେ ଜିଲ୍ଲା ସ୍ତରୀୟରେ ମହା ଆଡ଼ମ୍ବରରେ ପାଳନ କରାଯିବ ବୋଲି ଆୟୋଜକଙ୍କ ପକ୍ଷରୁ ସୁଚନା ମିଳିଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ପୂର୍ବତନ ବିଧାୟକ ଗୁଣପୁର ନିର୍ବାଚନ ମଣ୍ଡଳୀ ରଘୁନାଥ ଗମାଙ୍ଗ, ମୁଖ୍ୟବକ୍ତା ଭାବେ ପଞ୍ଚାୟତ ସମିତି ଅଧ୍ୟକ୍ଷ ରବି ଶଙ୍କର ଗମାଙ୍ଗ ଓ ସମ୍ମାନିତ ଅତିଥି ଭାବେ ରାମନାଗୁଡ଼ା ଜିଲ୍ଲା ପରିଷଦ କୋ ଜୋନ ଶ୍ରୀଧର ତାଙ୍ଗୁଡୁ, ପୂର୍ବତନ ରାମନାଗୁଡ଼ା ମଣ୍ଡଳ ସଭାପତି ଚିନା କଣ୍ଡାଗରି, ବର୍ତ୍ତମାନର ଦୁଇ ମଣ୍ଡଳ ସଭାପତି ଶ୍ରୀନିବାସ ପଣ୍ଡା ଓ ଧନୁଞ୍ଜୟ ବେହେରା, ସମିତି ସଭ୍ୟା ଜି, ଗୁଲୁମୁଣ୍ଡାର ଗୁମସା ଗୁରୁ, ସରପଞ୍ଚ ସୁଣ୍ଡିଧାମୁଣି ଭାସ୍କର ମାଣ୍ଡାଙ୍ଗି, ରାୟଗଡ଼ା ଜିଲ୍ଲା କଳାକାର ମହାସଂଘ ଜିଲ୍ଲା ସଭାପତି ସୁପ୍ରିତ୍ ସନ୍ତୋଷ ବଛା, କୁଜେନ୍ଦ୍ରୀ ସରପଞ୍ଚ ତଥା ରାମନାଗୁଡ଼ା ବ୍ଲକ୍ କଳା ସଂସ୍କୃତି ସଂଘ ଉପ ସଭାପତି ରମେଶ ଶବର, ସମ୍ପାଦିକା ପ୍ରିୟଦର୍ଶିନୀ ହୁଇକା, ସାଧାରଣ ସଂପାଦକ ଇ.ଗୌରୀ ଶଙ୍କର, ଉପ ସଭାପତି ଗୁପ୍ତେଶ୍ୱର ସିକା, କୋଷାଧ୍ୟକ୍ଷ ମାନସୀ ମେଲାକା, ମ୍ୟାନେଜର ସିଦ୍ଧାର୍ଥ ମଲ୍ଲିକ, ରାୟଗଡ଼ା ଜିଲ୍ଲା କଳାକାର ମହାସଂଘର ରାମନାଗୁଡ଼ା ବ୍ଲକ୍ ସଭାପତି କୃଷ୍ଣ ଶବର, ସଂପାଦକ ଧର୍ମା ରାଓ ମୁଟିକା ଉପସ୍ଥିତ ରହି କଳାକାରଙ୍କୁ ଉତ୍ସାହିତ କରିଥଲେ। ଏଥିରେ ୫ରୁ ଅଧିକ କଳାକାର ଯୋଗ ଦେଇଥିଲେ।

## ବ୍ଲକସ୍ତରୀୟ ଖେଳ ପ୍ରତିଯୋଗିତା ଉଦ୍‌ଘାଟିତ



କୋରୁକୋଣ୍ଡା,୧୪।୯ (ସମିସ): ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଶିକ୍ଷା ଅନ୍ତର୍ଗତ ତାରଲାକୋଟା ସରକାରୀ ଉଚ୍ଚ ବିଦ୍ୟାଳୟରେ ଆଜି ବ୍ଲକ ସ୍ତରୀୟ ଖେଳ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କୋରୁକୋଣ୍ଡା ବିଧାୟକ ପ୍ରତିନିଧି ବିନାୟକ ପାତ୍ର ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ବ୍ଲକ ଶିକ୍ଷାଧିକାରୀ ଅସିତ ମିସ୍ତ୍ରୀ ଯୋଗ ଦେଇଥିଲେ। ଅନ୍ୟ ଅତିଥି ମାନଙ୍କ ମଧ୍ୟରେ ଅତିରିକ୍ତ ବ୍ଲକ ଶିକ୍ଷାଧିକାରୀ ଅରୁଣ ରାୟ, ବାଲିମେଳା ସରକାରୀ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷୟତ୍ରୀ ସୁଶିଳା ହିଆଲ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ମଣିଶଙ୍କର ମଜୁମଦାର, ବିଦ୍ୟାଳୟ ପ୍ରଧାନ ଶିକ୍ଷୟତ୍ରୀ ସସ୍ମିତା ମଞ୍ଜରୀ କୁଲୁ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ସୋମନାଥ ବାରସେ ପ୍ରମୁଖ ଉପସ୍ଥିତ ଥିଲେ। ଉପସ୍ଥିତ ଅତିଥି ମାନଙ୍କ ଦ୍ୱାରା ଠାକୁରଙ୍କ ନିକଟରେ ଦ୍ୱୀପ ପ୍ରଜ୍ୱଳନ ପରେ କ୍ରୀଡା କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ବିଭିନ୍ନ ପ୍ରକାରର ଖେଳ ଯଥା: ଦୌଡ ପ୍ରତିଯୋଗିତା, ଖୋଖୋ, କବାଡି, ସଟଫୁଟ, ଡିସ୍କସ, ଲଙ୍ଗ ଜମ୍ପ, ହାଇ ଜମ୍ପ ଏଭଳି ବିଭିନ୍ନ ପ୍ରକାରର ଖେଳ ଅନୁଷ୍ଠିତ ହୋଇଥିଲା। ତେବେ ପୂର୍ବରୁ ବ୍ଲକର ୪ ଟି ଜୋନରେ ଏହି ଖେଳ ଅନୁଷ୍ଠିତ ହୋଇଥିବା ବେଳେ ୧୬୦ ଲେଖାଏଁ ପିଲା ୪ଟି ଜୋନ୍‌ରୁ ମନୋନୀତ ହୋଇ ଆଜିର ଏହି ବ୍ଲକ ସ୍ତରୀୟ ଖେଳ ପ୍ରତିଯୋଗିତାରେ ମୋଟ ୪୮୦ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିବା ବ୍ଲକ ଶିକ୍ଷାଧିକାରୀ ଅସିତ ମିସ୍ତ୍ରୀ କହିଛନ୍ତି। ଏହି ବ୍ଲକ ସ୍ତରରେ ମନୋନୀତ ହୋଇଥିବା ଛାତ୍ରଛାତ୍ରୀ ଆଗାମୀ ଦିନରେ ଜିଲ୍ଲା ସ୍ତରୀୟ ଖେଳ ପ୍ରତିଯୋଗିତାରେ ଭାଗ ନେବେ ବୋଲି ସୂଚନା ମିଳିଛି।

## ଜାତୀୟ ସେବା ଯୋଜନା ସ୍ୱତନ୍ତ୍ର ଶିବିର ଉଦ୍‌ଘାଟିତ




ରାୟଗଡ଼ା,୧୪।୯ (ସମିସ): ରାୟଗଡ଼ା ମହିଳା ମହାବିଦ୍ୟାଳୟର ଏନଏସଏସ ୟୁନିଟ୍ ତରଫରୁ ଏକ ସ୍ୱତନ୍ତ୍ର ଶିବିର ରାୟଗଡା ଢ଼େପାସାହି ଗ୍ରାମରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମର ଉଦ୍‌ଘାଟନ ସଭାରେ ଅଧ୍ୟକ୍ଷା ଡ.ଅର୍ଚ୍ଚନା ପଟ୍ଟନାୟକ ସଭାପତି ଭାବେ ସଭା କାର୍ଯ୍ୟ ପରିଚାଳନା କରିଥିଲେ। ସଭା ପ୍ରାରମ୍ଭରେ ରଘୁନାଥ ଭୁଏ, ଜାତୀୟ ସେବା ଯୋଜନାର କାର୍ଯ୍ୟକ୍ରମ ଅଧିକାରୀ ସ୍ୱାଗତ ଅଭିଭାଷଣ ସହ ଶିବିରର ଉଦ୍ଦେଶ୍ୟ ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ସଭାରେ ଅଥିତି ଭାବେ ଗୃହ ବିଜ୍ଞାନ ବିଭାଗର ବରିଷ୍ଠ ଅଧ୍ୟାପିକା ଶ୍ରୀମତୀ ଭାରତୀ ଚୌଧୁରୀ ଯୋଗଦେଇ ସ୍ୱଚ୍ଛତା ଏବଂ ପରିମଳ ଉପରେ ନିଜର ଅଭିଭାଷଣ ପ୍ରଦାନ କରିଥିଲେ। ଶିବିରରେ ଅଧ୍ୟାପିକା ସୁଶ୍ରୀ ମିତା ନାଏକ, ଭୂଗୋଳ ବିଭାଗର ଅଧ୍ୟାପିକା ଭାର୍ଗବୀ ନିଆଲ ଏବଂ ଇତିହାସ ବିଭାଗର ବଳରାମ ତୁଳ, ଗ୍ରାମବାସୀ ସହିତ ପଚାଶ ଜଣ ଜାତୀୟ ସେବା ଯୋଜନାର ସ୍ୱେଚ୍ଛାସେବୀ ଉପସ୍ଥିତ ଥିଲେ। ଏହି ଶିବିର ଛାତ୍ରୀମାନଙ୍କୁ ସମାଜ ସେବା ଓ ନେତୃତ୍ୱ ଦକ୍ଷତାରେ ଅନୁଭୂତି ଦେଇଥାଏ। ସମାଜସେବା ଦ୍ୱାରା ନେତୃତ୍ୱ ବିକାଶ, ଛାତ୍ରଛାତ୍ରୀଙ୍କୁ ଗ୍ରାମ ଓ ସମାଜ ସହ ଯୋଡ଼ି ନେତୃତ୍ୱ ଓ ଦାୟିତ୍ୱ ବୋଧ ବିକାଶ କରିବା। ସାମାଜିକ ସଚେତନତା ଯଥା ସ୍ୱାସ୍ଥ୍ୟ, ପରିବେଶ, ଶିକ୍ଷା, ବାଲ୍ୟ ବିବାହ, ନାରୀ ସଶକ୍ତିକରଣ ଇତ୍ୟାଦି ବିଷୟରେ ଗ୍ରାମବାସୀଙ୍କୁ ସଚେତନତା, ଜାତୀୟ ସଂହତି ଓ ଏକତା ଯଥା ଭିନ୍ନ ଭିନ୍ନ ପ୍ରାନ୍ତର ଛାତ୍ରଛାତ୍ରୀଙ୍କ ମଧ୍ୟରେ ଏକତା ଓ ସହଯୋଗ ଭାବ ବିକାଶ କରିବା ଏହି ଶିବିରର ଉଦ୍ଦେଶ୍ୟ ବୋଲି କୁହାଯାଇଛି। ଶେଷରେ ବଳରାମ ତୁଳ ଧନ୍ୟବାଦ ଅର୍ପଣ କରିଥିଲେ।

## ଇନ୍ଦ୍ରାବତୀ ଦୁର୍ଗାପୂଜା ପ୍ରସ୍ତୁତି ବୈଠକ

ତେନ୍ତୁଲିଖୁଣ୍ଟି ୧୪।୯ (ସମିସ): ନବରଙ୍ଗପୁର ଜିଲ୍ଲା ତେନ୍ତୁଲିଖୁଣ୍ଟି ବ୍ଲକର ମୁଖ୍ୟ ବ୍ୟବସାୟିକ ଦପ୍ତର ଖାତିଗୁଡା ସ୍ଥିତ ଦୁର୍ଗାମଣ୍ଡପ ପରିସରରେ ଚଳିତ ବର୍ଷ ଦୁର୍ଗାପୂଜା ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଥିଲା। ଇନ୍ଦ୍ରାବତୀ ବଣିକ ସଙ୍ଘ ସଭାପତି ଏସ ମୃତ୍ୟୁଞ୍ଜୟ ପାତ୍ରଙ୍କ ସଭାପତିତ୍ୱରେ ଆୟୋଜିତ ଏହି ବୈଠକରେ ଚଳିତ ବର୍ଷ ଦୁର୍ଗା ପୂଜାକୁ ଶୃଙ୍ଖଳାର ସହ ସମାପନ କରିବା ନେଇ ଆଲୋଚନା ହେଇଥିଲା। ବଣିକ ସଂଘ ସଭାପତି ଶ୍ରୀ ପାତ୍ରଙ୍କ ପ୍ରସ୍ତାବରେ ଦୁର୍ଗାପୂଜା ପାଇଁ ଏକ ନୂତନ ପୂଜା କମିଟି ଗଠନ କରାଯାଇ ଦାୟିତ୍ୱ ପ୍ରଦାନ କରାଯାଇଥିଲା।ଏହି କମିଟିର ସଭାପତି ଭାବରେ ସୁଶାନ୍ତ ରାଉତଙ୍କୁ ଚୟନ କରାଯାଇଥିବା ବେଳେ ଉପସଭାପତି ଭାବରେ ଗଣେଶ ସାହୁ, ସମ୍ପାଦକ ମହେଶ୍ୱର ମହାନ୍ତି, ଯୁଗ୍ମ ସମ୍ପାଦକ ଭାବରେ ଇନ୍ଦ୍ରଜିତ ସାହୁ, କୋଷାଧ୍ୟକ୍ଷ ଭାବରେ ପ୍ରବୀର ସାମଲଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଥିଲା। କମିଟିର ଯୁବକଙ୍କୁ ନୂତନ ଦାୟିତ୍ୱ ପ୍ରଦାନ କରାଯାଇଥିବାରୁସମସ୍ତ ପ୍ରକାର ସହଯୋଗ କରିବା ନେଇ ବଣିକ ସଂଘ ଉପସଭାପତି ସୁରେନ୍ଦ୍ର ନାଥ ରାଉତ ପ୍ରକାଶ କରିଥିଲେ । ବଣିକ ସଂଘ ସହ ସମ୍ପାଦକ ମନୋଜ ମହାପାତ୍ର ମଧ୍ୟ ସହଯୋଗ କରିବା ନେଇ ପ୍ରକାଶ କରିଥିଲେ। ଏହି ବୈଠକରେ ରମେଶ ଚନ୍ଦ୍ର ପାଢ଼ୀ, ବାଉରୀ ବନ୍ଧୁ ଗୌଡ଼, ନିରଞ୍ଜନ ମହାନ୍ତି, ଲିଟୁ ପ୍ରଧାନ, ଭାଗିରଥି ପାଣିଗ୍ରାହୀ, ବାପୁନି ସୁବୁଦ୍ଧି, ଲୋକନାଥ ପଣ୍ଡା, ବିବି ପାତ୍ର, ରମେଶ ଚନ୍ଦ୍ର ନାହାକ, ହରି ନାରାୟଣ ମାଲୁ, ଜଗନ୍ନାଥ ପାଣିଗ୍ରାହୀ, ପ୍ରବୀଣ କୁମାର ପଣ୍ଡାଙ୍କ ସମେତ ଅନ୍ୟ ବଣିକ ସଦସ୍ୟ ବୃନ୍ଦ ଉପସ୍ଥିତ ଥିଲେ।

## ବ୍ଲକ୍‌ସ୍ତରୀୟ ଖେଳକୁଦ ପ୍ରତିଯୋଗିତା ଉଦ୍‌ଯାପିତ



ରାମନାଗୁଡ଼ା,୧୪।୯ (ସମିସ): ରାୟଗଡ଼ା ଜିଲ୍ଲା ରାମନଗୁଡ଼ା ବ୍ଲକସ୍ତରୀୟ ବିଦ୍ୟାଳୟ ସମୂହ ଖେଳକୁଦ ପ୍ରତିଯୋଗିତା ଦୁଇ ଦିନ ଧରି ଅନୁଷ୍ଠିତ ହୋଇଥିଲା। ଆଜି ଶେଷ ଦିନରେ ଏହାର ସମାବର୍ତ୍ତନ ଓ ପୁରସ୍କାର ବିତରଣ ସମାରୋହରେ ରାମନଗୁଡ଼ା ପଞ୍ଚାୟତ ସମିତିର ଅଧ୍ୟକ୍ଷ ରବି ଶଙ୍କର ଗମାଙ୍ଗ, ମୁଖ୍ୟ ଅତିଥି ଭାବେ ରାମନଗୁଡ଼ା ଗୋଷ୍ଠୀ ଶିକ୍ଷାଧିକାରୀ ସୁଜନ ମଲିକ ସଭାପତି, ଅତିରିକ୍ତ ଗୋଷ୍ଠୀ ଶିକ୍ଷାଧିକାରୀ ରାମନଗୁଡ଼ା ଦାମୋଦର ହିମିରିକା, ସୂର୍ଯ୍ୟ ନାରାୟଣ ପାଣିଗ୍ରାହୀ, ବରିଷ୍ଠ ସାମ୍ବାଦିକ ମାନେ ସମ୍ମାନିତ ଅତିଥି ଭାବେ ମଞ୍ଚାସୀନ ହୋଇ ଛାତ୍ରଛାତ୍ରୀ ମାନଙ୍କୁ ପୁରସ୍କୃତ କରିଥିଲେ। ବିଜେତା ଛାତ୍ରଛାତ୍ରୀ ମାନଙ୍କୁ ପୁରସ୍କୃତ କରାଯାଇଥିଲା। ଉଭୟ କନିଷ୍ଠ ଓ ବରିଷ୍ଠ ବର୍ଗର ବିଭିନ୍ନ କ୍ରୀଡ଼ାରେ ତିନି ଶହରୁ ଅଧିକ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ଏହି ସମସ୍ତ କାର୍ଯ୍ୟକ୍ରମକୁ ବରିଷ୍ଠ ଶିକ୍ଷକ ରମେଶ ମିଶ୍ର ଓ ଅଶ୍ୱିନୀ ତ୍ରିପାଠୀ ପରିଚାଳନା କରିଥିଲେ। ବ୍ଲକର ସମସ୍ତ ସିଆର୍‌ସିସି ଉପସ୍ଥିତ ରହି ସହଯୋଗ କରିଥିଲେ। ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ରାମନଗୁଡ଼ାର ଏନ୍‌ସିସି ଛାତ୍ରଛାତ୍ରୀ ଓ ଓଡିଶା ଆଦର୍ଶ ବିଦ୍ୟାଳୟ ରାମନଗୁଡ଼ାର ଛାତ୍ରଛାତ୍ରୀମାନେ ସମସ୍ତ କାର୍ଯ୍ୟକ୍ରମ କ୍ଷେତ୍ରରେ ସହଯୋଗ କରିଥିଲେ।

## ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ




କୋରାପୁଟ,୧୪।୯ (ସମିସ): କୋରାପୁଟ ସରକାରୀ ଡିଏଭି ମହାବିଦ୍ୟାଳୟର ଯୁବ ରେଡ୍‌କ୍ରସ୍ ପକ୍ଷରୁ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ୨୦୨୫ ପାଳିତ ହୋଇଛି। ଚଳିତ ବର୍ଷ ପାଇଁ ପ୍ରାଥମିକ ଚିକିତ୍ସା ଓ ଜଳବାୟୁ ପରିବର୍ତ୍ତନ ବିଷୟ ବସ୍ତୁ ଉପରେ ଆଲୋଚନା ରଖାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମରେ ସଭାପତିତ୍ୱ କରି ମହାବିଦ୍ୟାଳୟର ଅଧ୍ୟକ୍ଷ ଦୀପକ କୁମାର ପଟ୍ଟନାୟକ କହିଥିଲେ, ମଣିଷର ଆଧୁନିକ ଜୀବନ ଶୈଳୀ ପ୍ରଭାବରେ ଆମ ଚତୁର୍ପାଶ୍ୱର୍ରେ ଦ୍ରୁତ ଗତିରେ ଜଳବାୟୁ ପରିବର୍ତ୍ତନ ଘଟିଚାଲିଛି, ଫଳ ସ୍ୱରୂପ ବାତ୍ୟା, ବନ୍ୟା ଭଳି ବିଭିନ୍ନ ପ୍ରକାରର ପ୍ରାକୃତିକ ବିପର୍ଯ୍ୟୟ ଘଟୁଛି ଏବଂ ଏଥିରେ ପ୍ରାଥମିକ ଚିକିତ୍ସାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ସେହିପରି ସହୀଦ ଲକ୍ଷ୍ମଣ ନାୟକ ଭେଷଜ ମହାବିଦ୍ୟାଳୟ, କୋରାପୁଟ ଶଲ୍ୟ ଚିକିତ୍ସା ବିଭାଗର ସହଯୋଗୀ ପ୍ରାଧ୍ୟାପକ ଡ. କେଦାରନାଥ ନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଦୁର୍ଘଟଣା ଓ ବିପର୍ଯ୍ୟୟ ସମୟରେ ପ୍ରାଥମିକ ଚିକିତ୍ସାର ଗୁରୁତ୍ୱ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ମୁଖ୍ୟ ବକ୍ତା ଭାବରେ କୋରାପୁଟ କୃଷକ ସଂଘର ସଂପାଦକ ଶରତ କୁମାର ପଟ୍ଟନାୟକ ଯୋଗଦେଇ ଜଳବାୟୁ ପରିବର୍ତ୍ତନ ଦ୍ୱାରା କୃଷି କ୍ଷେତ୍ରରେ ଦେଖାଦେଇଥିବା ସମସ୍ୟା ଓ ମରୁଡ଼ି, ଦୁର୍ଭିକ୍ଷ ସମୟରେ ସ୍ୱେଚ୍ଛାସେବୀ ଓ ପ୍ରାଥମିକ ଚିକିତ୍ସାର ଭୂମିକା ବିଷୟରେ କହିଥିଲେ। କୋରାପୁଟ ଜିଲ୍ଲା ଯୁବ ରେଡ୍‌କ୍ରସ୍ ଆବାହକ ସଂପାଦକ ଡ. ଲୋପାମୁଦ୍ରା ସ୍ୱାଇଁ ସ୍ୱାଗତ ଭାଷଣ, ମହାବିଦ୍ୟାଳୟର ଯୁବ ରେଡ୍‌କ୍ରସ୍ କାଉନସିଲର ଡ. ଦିଲରାଜ ପୁଭଲା ସଭା ପରିଚାଳନା କରିଥିଲେ। ଡ. ପ୍ରୀତିଧାରା ସାମଲ, ପ୍ରଶାନ୍ତ ସାନ୍ତରାଙ୍କ ସମେତ ସମସ୍ତ ଅଧ୍ୟାପକ ଅଧ୍ୟାପିକା, ଯୁବ ରେଡ୍‌କ୍ରସ୍ ସ୍ୱେଚ୍ଛାସେବୀ ଏବଂ ଶତାଧିକ ଛାତ୍ରଛାତ୍ରୀ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

## ବେଆଇନ ପାର୍କିଂ ସ୍ଥଳ ପାଲଟିଛି ପୁରାତନ ସରକାରୀ ବସ୍‌ଷ୍ଟାଣ୍ଡ



ଜୟପୁର,୧୪।୯ (ସମିସ): ଜୟପୁର ସହରର ପୁରାତନ ସରକାରୀ ବସଷ୍ଟାଣ୍ଡ ବର୍ତ୍ତମାନ କିଛି ୪ ଚକିଆ ଯାନର ପାର୍କିଂ ସ୍ଥଳ ପାଲଟିଛି। ଏହିପରି ସହରର ୪ ଚକିଆ ପାର୍କିଂ ପାଇଁ ଉକ୍ତ ପୁରାତନ ବସଷ୍ଟାଣ୍ଡ ସମ୍ମୁଖରେ ପୌରସଂସ୍ଥା ପକ୍ଷରୁ ପାର୍କିଂ କେନ୍ଦ୍ର ରହିଥିଲେ ସୁଦ୍ଧା ଏହି ସରକାରୀ ପୁରାତନ ସରକାରୀ ବସଷ୍ଟାଣ୍ଡରେ ବେଆଇନ ଭାବେ ବାହାରରୁ ଏବଂ ସ୍ଥାନୀୟ ୪ଚକିଆ ଯାନର ପାର୍କିଂ ସ୍ଥଳ ପାଲଟିଛି। ଏଥିନେଇ ଏହି ସ୍ଥାନୀୟ ରାଜ୍ୟ ସଡକ ନିଗମ କର୍ତ୍ତୃପକ୍ଷ ଚୁପ ରହିବା ନେଇ ସାଧାରଣରେ ଅଧିକାରୀଙ୍କ କାର୍ଯ୍ୟଧାରାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି। ଏହିପରି ଉକ୍ତ ପୁରାତନ ବସଷ୍ଟାଣ୍ଡରେ ଗ୍ରାମାଞ୍ଚଳକୁ ପରିବହନ ସେବା ପାଇଁ ଯାତାୟାତ କରୁଥିବା ଲକ୍ଷ୍ମୀ ବସ ଗୁଡିକ ରହିବାର ବ୍ୟବସ୍ଥା କରାଯାଇଛି। କିନ୍ତୁ ଏହିପରି ବେଆଇନ ତଥା ମନଇଚ୍ଛା ପାର୍କିଂକୁ ଯୋଗୁଁ ଉକ୍ତ ସରକାରୀ ଲକ୍ଷ୍ମୀବସ ପାର୍କିଂରେ ସମସ୍ୟା ସୃଷ୍ଟି ହେଉଛି। ତେଣୁ ଏଠାରେ ବେଆଇନ ୪ଚକଆ ଯାନ ପାର୍କିଂ ବ୍ୟବସ୍ଥାକୁ ହଟାଇବାକୁ ଦାବି ହୋଇଛି। ସେହିପରି ରାଜ୍ୟ ସଡ଼କ ନିଗମ ପକ୍ଷରୁ ନିଜର ମୂଲ୍ୟବାନ ଜମି ସୁରକ୍ଷିତ ଏବଂ ସରକାରୀ ବସଗୁଡିକ ରହିବା ବ୍ୟବସ୍ଥା ନେଇ ବେଆଇନ ପାର୍କିଂ ବ୍ୟବସ୍ଥାକୁ ହଟାଇବାକୁ ଦାବି ହୋଇଛି। ଅନ୍ୟପକ୍ଷରେ ପୌରସଂସ୍ଥା ପକ୍ଷରୁ ଟେଣ୍ଡର ମାଧ୍ୟମରେ ୪ ଚକିଆ ପାର୍କିଂ ବ୍ୟବସ୍ଥା ନେଇ ଲକ୍ଷାଧିକ ଟଙ୍କାରେ ନିର୍ମିତ ପାର୍କିଂ କେନ୍ଦ୍ରକୁ ସୁ ବିନିଯୋଗ ନେଇ ବେଆଇନ ପାର୍କିଂ ବ୍ୟବସ୍ଥା ଉପରେ ପଦକ୍ଷପ ଏବଂ ରାଜ୍ୟ ସଡ଼କ ପରିବହନ ନିଗମର ଅଧିକାରୀ ମାନଙ୍କୁ ଅବଗତ କରାଯାଇ ବେଆଇନ ଗାଡି ପାର୍କିଂ କରୁଥିବା ୪ ଚକିଆ ଗାଡି ମାଲିକଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସାଧାରଣରେ ଦାବି ହୋଇଛି।

# ଖତଖାଉଛି ଲକ୍ଷ ଲକ୍ଷ ଟଙ୍କାର ଅତ୍ୟାଧୁନିକ ଯନ୍ତ୍ରପାତି



ମାଲକାନଗିରି, ୧୪।୯ (ସମିସ): ମହିଳା ସ୍ୱୟଂସହାୟକ ଗୋଷ୍ଠୀ ମାନଙ୍କୁ ପ୍ରଦାନ କରି ସେମାନଙ୍କୁ ସ୍ୱାବଲମ୍ବୀ କରିବା ପାଇଁ ଲକ୍ଷ ଲକ୍ଷ ଟଙ୍କା ବ୍ୟୟ କରି କିଣା ଯାଇଥିବା ମେସିନ ବର୍ତ୍ତମାନ ଖରା ବର୍ଷାରେ ପଡି ରହିଥିବା ଦେଖିବାକୁ ମିଳିଛି। କିଛି ଏପରି ଚିତ୍ର ମାଲକାନଗିରି ଜିଲ୍ଲା ସଦରରେ ଥିବା ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ ପରିସରରେ ଦେଖିବାକୁ ମିଳିଛି। ନିୟନ୍ତ୍ରିତ ବଜାର କମିଟି ତରଫରୁ ୨୭ ଲକ୍ଷ ଟଙ୍କାର ଦୁଇଟି ଆଧୁନିକ ଜ୍ଞାନ କୌଶଳଯୁକ୍ତ ଧାନ ସଫେଇ ଯନ୍ତ୍ର ୨୦୨୪ ମସିହାରେ କ୍ରୟ କରାଯାଇଥିଲା। ବର୍ତ୍ତମାନ ଏହି ମେସିନ ଗୁଡିକ ଖରା ବର୍ଷାରେ ପଡି ରହିଥିବା ଦେଖିବାକୁ ମିଳିଛି। ଗତ ପ୍ରାୟ ଏକ ବର୍ଷ ଧରି ଏହି ମେସିନ ଗୁଡିକ ପଡି ରହିଥିବା ବେଳେ ଏହା ଯେଉଁ ଉଦ୍ଦେଶ୍ୟରେ ଆସିଥିଲା, ତାହା କାର୍ଯ୍ୟକାରୀ ହୋଇ ନଥିବାରୁ ମେସିନ ଗୁଡିକ କାହା ସ୍ୱାର୍ଥରେ କିଣା ଯାଇ ଏପରି ନଷ୍ଟ ହେବା ପାଇଁ ଖୋଲାମେଲାରେ ପଡି ରହିଛି ତାହାକୁ ନେଇ ପ୍ରଶ୍ନ ଉଠିଛି। ଏତେ ଟଙ୍କା ବ୍ୟୟ ପରେ ମଧ୍ୟ ଏହାର ସୁଫଳ ମିଳି ନଥିବା ବିଷୟନେଇ ଆମେ ନିୟନ୍ତ୍ରିତ ବଜାର କମିଟିର ସମ୍ପାଦକ ଦେବୀ ପ୍ରସାଦ ତ୍ରିପାଠୀଙ୍କୁ ଯୋଗାଯୋଗ କରିବାରୁ ସେ ପ୍ରକାଶ କରିଛନ୍ତି ଯେ, ୨୦୨୫ ମସିହାର ବର୍ଷ ଶେଷରେ ସମାଜମଙ୍ଗଳ ବିଭାଗ ମାଧ୍ୟମରେ ମହିଳା ସ୍ୱୟଂସହାୟକ ଗୋଷ୍ଠୀ ମାନଙ୍କୁ ଏହି ମେସିନ ଗୁଡିକ ପ୍ରଦାନ କରାଯିବା। ଏହି ବିଷୟରେ ମିଶନ୍ ଶକ୍ତି ଡିପିଏମ୍ ହର୍ଷାନନ୍ଦ ପ୍ରଧାନ କହିଛନ୍ତି, ଆମେ ୨୦୨୫ ଜାନୁଆରୀରେ ହିଁ ସ୍ୱୟଂସହାୟକ ଗୋଷ୍ଠୀର ନାମ ଚୟନ କରି ଉପଜିଲ୍ଲାପାଳଙ୍କୁ ଜଣାଇଦେଇଛୁ। ଚଳିତ ମାସ ଆଉ ଏକ ମହିଳା ସ୍ୱୟଂସହାୟକ ଗୋଷ୍ଠୀର ନାମ ଦେବାକୁ ପତ୍ର ଆସିଥିବାରୁ ଏହି ବିଷୟରେ କାର୍ଯ୍ୟ ଚାଲିଛ। ଅତିଶିଘ୍ର ଏହା ମଧ୍ୟ ଚୟନ କରାଯିବ। ତେବେ ଦୀର୍ଘ ଦିନଧରି କାର୍ଯ୍ୟାଳୟ ସାମନାରେ ଦୁଇଟି ଅତ୍ୟାଧୁନିକ ମୋବାଇଲ୍ ପେଡି କ୍ଲିନର୍ ପଡି ରହିବା ଏବଂ ଏଥିରେ ଲାଗିଥିବା ଚକା ମଧ୍ୟ ଫାଟି ଅାଁ ହୋଇଯାଇଥିବା ବେଳେ ଏହା କେତେଦୂର କାର୍ଯ୍ୟ କରିବ ଓ ମହିଳା ମାନେ କେତେ ଲାଭବାନ ହେବେ ତାହା ସନ୍ଦେହଘେରରେ ରହିଛି।

# ଅଜଣା ଗାଡ଼ି ଧକ୍କାରେ ଜଣେ ମୃତ, ୩ ଆହତ

ରାୟଗଡ଼ା, ୧୪।୯ (ସମିସ):

ରାୟଗଡ଼ା ଜିଲ୍ଲା କୋଲନରା ବ୍ଲକ ମୁକୁନ୍ଦପୁର ପଞ୍ଚାୟତ ଭାଗୁଡି ଘାଟିରେ ଏକ ଅଜଣା ଗାଡ଼ି ଧକ୍କାରେ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ତିନି ଜଣ ଆହତ ହୋଇଛନ୍ତି। ଅଜଣା ଗାଡ଼ି ଧକ୍କା ଦେଇ ଚାଲିଯିବା ଯୋଗୁଁ ଜଣେ ବାଇକ୍ ଆରୋହୀଙ୍କ ମୃତ୍ୟୁ ଘଟିଛି। ଦୁଇ ଜଣ ଶିଶୁଙ୍କ ସମେତ ଜଣେ ମହିଳା ଆହତ ହୋଇଛନ୍ତି। ସମସ୍ତଙ୍କୁ ଉଦ୍ଧାର କରି ପ୍ରଥମେ ରାମନାଗୁଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଗୁଣୁପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିବା ସୂଚନା ମିଳିଛି। ଘଟଣା ସମ୍ପର୍କରେ ଖବରପାଇ ମୁକୁନ୍ଦପୁର ଫାଣ୍ଡି ପୋଲିସ ତଦନ୍ତ ଆରମ୍ଭ କରିଛି। ସୂଚନା ମୁତାବକ, ରବିବାର ସକାଳ ପ୍ରାୟ ୮ ଟା ସମୟରେ ଏଲ୍. ରାଜୁ ନାମକ ଜଣେ ବ୍ୟକ୍ତି ଦୁଇ ଜଣ ପିଲା ଓ ସ୍ତ୍ରୀ ସହିତ ମିଶି ପଦ୍ମପୁରରୁ (ଓଡ଼ି ୧୮ ପି ୯୮୨୦) ନମ୍ବର ବିଶିଷ୍ଟ ଏକ ବାଇକ୍ ଯୋଗେ ରାୟଗଡ଼ା ଅଭିମୁଖେ ଯାଉଥିଲେ। ୩୨୬ ନମ୍ବର ଜାତୀୟ ରାଜପଥର ଭାଗୁଡି ଘାଟିର ଏକ ବୁଲାଣୀରେ ଏକ ଅଜଣା ଗାଡ଼ି ସହିତ ଧକ୍କା ହୋଇଥିଲା। ଫଳରେ ଦୁଇ ଜଣ ପିଲା ଓ ମହିଳା ଜଣକ ରାସ୍ତା କଡ଼ରେ ପଡ଼ିଯାଇଥିବା ବେଳେ ରାଜୁ ଗାଡ଼ିର ଚକା ତଳେ ପଡିଯାଇଥିଲେ। ରାଜୁଙ୍କ ମୁଣ୍ଡ ଉପରେ ଚକା ଚଢିଯିବା ହେତୁ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିଲେ। ଘଟଣା ସମ୍ପର୍କରେ ଖବର ପାଇ ମୁକୁନ୍ଦପୁର ଫାଣ୍ଡି ଅଧିକାରୀ ଉମାଶଙ୍କର ତ୍ରିପାଠୀ ପହଞ୍ଚି ସମସ୍ତଙ୍କୁ ଗୁଣୁପୁର ମେଡିକାଲ ପଠାଇଥିବା ସୂଚନା ମିଳିଛି। ସେଠାରେ ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ଅନ୍ୟପଟେ ବାଇକ୍‌କୁ ଧକ୍କା ଦେଇଥିବା ଗାଡି ଘଟଣାସ୍ଥଳରୁ ଫେରାର ହୋଇଯାଇଥିବା ବେଳେ କୌଣସି ପତ୍ତା ଏପର୍ଯ୍ୟନ୍ତ ମିଳିପାରି ନାହିଁ।

## ଶ୍ରୀଗଣେଶଙ୍କ ମୂର୍ତ୍ତି ବିସର୍ଜନ



କୋଷାଗୁମୁଡ଼ା, ୧୪।୯ (ସମିସ): କୋଷାଗୁମୁଡ଼ା ବ୍ଲକ୍ ସଦର ବ୍ୟାଙ୍କ କଲୋନୀର ବିନାୟକ ୟୁଥ କ୍ଲବ୍‌ର ୨୫ତମ ବାର୍ଷିକ ଗଣେଶ ପୂଜା ୧୯ ଦିନ ଧରି ହେବା ପରେ ରବିବାର ଦିନ ମୂର୍ତ୍ତୀ ବିସର୍ଜନ କରାଯାଇଛି। ସ୍ଥାନୀୟ ଶ୍ରଦ୍ଧାଳୁଙ୍କ ପାଇଁ ଶୁକ୍ରବାର ଦିନ ଆଦିବାସୀ ନାଟକ "ଟେଙ୍ଗେ ଟେଙ୍ଗେ" ପରିବେଷଣ କରାଯାଇଥିଲା। ସେଭଳି ଶନିବାର ଦିନ ୧୫ଶହ ଲୋକଙ୍କ ପାଇଁ ଅର୍ନ୍ନ ପ୍ରସାଦର ବ୍ୟବସ୍ଥା ହୋଇଥିଲା। ଏଥର ଅତି ସୁନ୍ଦର ଭାବେ ପୂଜା ପାଳନ କରାଯାଇଥିବା ବିନାୟକ ୟୁଥ କ୍ଲବର ସମ୍ପାଦକ ଓ ସଭାପତି ଦେବାନନ୍ଦ ପନକା କହିଛନ୍ତି। ଆଜିର ଏହି ଭସାଣି ଉତ୍ସବ ପେରିପ୍ରେକ୍ଷୀରେ ବିନାୟକ ୟୁଥ କ୍ଲବର ସମସ୍ତ ସଦସ୍ୟଙ୍କ ସହ ବ୍ୟାଙ୍କ କଲୋନୀର ଯୁବକ ଯୁବତୀଙ୍କ ସହଯୋଗରେ ଢେମ୍ସା ନୃତ୍ୟ ଓ ଡିଜେ ମ୍ୟୁଜିକର ତାଳେ ତାଳେ ସମସ୍ତେ ବାଣ ଫୁଟାଇ ଶ୍ରୀ ଗଣେଶଙ୍କୁ ବିଦାୟ ଜଣାଇଥିଲେ। ଏହି ଭସାଣି ଉତ୍ସବରେ ଗ୍ରାମର ସମସ୍ତ ଯୁବବର୍ଗ , କ୍ଲବ ସଦସ୍ୟ ଉପସ୍ଥିତ ରହି ଭସାଣି ଉତ୍ସବରେ ସାମିଲ ହୋଇଥିଲେ।

## ଦୁଇ ବାଲି ବୋଝେଇ ଟ୍ରକ୍ ଅଟକ

ନନ୍ଦପୁର, ୧୪।୯ (ସମିସ): ରବିବାର ସନ୍ଧ୍ୟାରେ ଦୁଇ ବାଲି ବୋଝେଇ ଟ୍ରକ୍‌କୁ ଅଟକ ରଖି ପାଡୁଆ ଥାନାରେ ଜିମା ଦିଆଯାଇଛି। ମିଳିଥିବା ଖବର ଅନୁସାରେ ରବିବାର ସନ୍ଧ୍ୟା ସମୟରେ ଦାର୍ଲିପୁଟ ଅଞ୍ଚଳରୁ ବାଲି ବୋଝେଇ କରି ଯାଉଥିବା ଦୁଇ ଟ୍ରକ୍‌କୁ ନନ୍ଦପୁର ତହସିଲ କାର୍ଯ୍ୟାଳୟ ସୁପରଭାଇଜର ସୋମନାଥ ମୁଦୁଲି ଓ ପାଡୁଆ ରାଜସ୍ୱ ନିରୀକ୍ଷକ ବ୍ରହ୍ମାନନ୍ଦ ସେଠୀ ଗାଡିକୁ ଅଟକାଇ କାଗଜପତ୍ର ଯାଞ୍ଚ କରିଥିଲେ। ଏ ନେଇ ତୁରନ୍ତ ମାଇନିଙ୍ଗ ବିଭାଗକୁ ଖବର ଦେବା ପରେ ସମ୍ପୃକ୍ତ କାର୍ଯ୍ୟାଳୟ ଅଧିକାରୀ ପହଞ୍ଚି ତଦନ୍ତ କରିଛନ୍ତି । ମିଳିଥିବା ସୂଚନା ଅନୁସାରେ ରେଳ ବିଭାଗରେ କାର୍ଯ୍ୟ ଚାଲିଥିବା ବେଳେ ଆନ୍ଧ୍ର ପ୍ରଦେଶରୁ ବାଲି ଚାଲାଣ ହେଉଥିବା କୁହାଯାଉଛି। ତେବେ ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ ତଦନ୍ତ ଚାଲିଛି। ତଦନ୍ତ ପରେ କ'ଣ କାଗଜପତ୍ର ରହିଛି ତା' ଉପରେ କାର୍ଯ୍ୟାନୁଷ୍ଠାନ ହେବ ବୋଲି କୁହାଯାଉଛି।

## ମା' ମାଣିକେଶ୍ୱରୀଙ୍କ ବାଲିଯାତ୍ରା ଉଦ୍‌ଯାପିତ



ଚନ୍ଦ୍ରପୁର, ୧୪।୯ (ସମିସ): ରାୟଗଡ଼ା ଜିଲ୍ଲା ଆଦିବାସୀ ଅଧ୍ୟୁଷିତ ଚନ୍ଦ୍ରପୁର ବ୍ଲକର ଡାଙ୍ଗସରଡ଼ା ଗ୍ରାମଠାରେ ମା' ମାଣିକେଶ୍ୱରୀଙ୍କ ପ୍ରସିଦ୍ଧ ବାଲିଯାତ୍ରା ରାଜା ରାଜୁଡ଼ା ସମୟରୁ ଭାଦ୍ରବ ମାସ ଦ୍ୱାଦଶୀ ତିଥିରୁ ମୂଳା ଅଷ୍ଟମୀ ଯାଏ ୧୧ ଦିନ ଧରି ହୋଇ ଆସୁଛି। ଦ୍ୱାଦଶୀ ଦିନ ଗ୍ରାମ ବାସୀ ନୂଆଁ ଧାନକୁ ସମସ୍ତ ଦେବାଦେବୀ, ନିଜ ଇଷ୍ଟଦେବୀଙ୍କୁ ଲାଗି କଲାପରେ ସନ୍ଧ୍ୟାରେ ବେଜୁ ସହିତ ଗ୍ରାମବାସୀ ବାଜା ବଜାଇ ବଂଶଧାରା ନଦୀକୁ ଯାଇ ନଦୀରେ ପୂଜା କରି, କାଳୀସି ଲାଗି, ନଦୀରୁ ବାଲି ଆଣି ଦେବୀ ଆସ୍ଥାନ ଘରେ ରଖନ୍ତି। ସେହି ବାଲିରେ ପ୍ରତି ଘରୁ ମାଗି ଆଣିଥିବା ଶସ୍ୟକୁ ବେଜୁ କାଳିସି ଲାଗି ନୂଆଁ ହାଣ୍ଡିଦ୍ୱାରା ନିଆଁରେ ଭଜାଯାଇ ସେହି ଶସ୍ୟକୁ ବାଲିରେ ଗଜା କରା ଯାଇଥାଏ। ଶେଷ ଏଗାର ଦିନରେ ବାଲିଯାତ୍ରା ଅନୁଷ୍ଠିତ ହୁଏ। ଅଙ୍କୁରିତ ବୀଜର ସମୀକ୍ଷା କରି ବେଜୁ କୃଷି ସମ୍ପର୍କରେ ଭବିଷ୍ୟତ ବାଣୀ କରନ୍ତି। ପରେ କାଳୀଶି ଲାଗି ଗଙ୍ଗାଧର ପାତ୍ର କଣ୍ଟା ଦୋଳିରେ ଝୁଲନ୍ତି। ନିଆଁରେ ଚାଲନ୍ତି। ଭକ୍ତ ମାନେ ବହୁ ଦୂର ଦୁରାନ୍ତରରୁ ଆସି ମାନସିକ ପୂରଣ ନେଇ ପୂଜାର୍ଚ୍ଚନା ସହ ଛେଳି କୁକୁଡା, ପାରା ପୋଡ଼ ବଳି ଅର୍ପଣ କରନ୍ତି। ଏହି ଯାତ୍ରା ଦେଖିବା ପାଇଁ ଶହ ଶହ ଶ୍ରଦ୍ଧାଳୁଙ୍କ ଭିଡ ଜମିଥାଏ। ନିଆଁମଡା ଶେଷରେ ମାଣିକେଶ୍ୱରୀଦେବୀ କାଳିଶି ଲାଗି ଗ୍ରାମର ମୁଖ୍ୟା କୋବି ରାଜ ପାତ୍ରଙ୍କ ଘରକୁ ଯାଇ ପଣା ପାନ କରି ଗ୍ରାମ ପରିକ୍ରମା କରନ୍ତି। ବାଲିଯାତ୍ରା ପାଇଁ ମିନାବଜାର, ରାତିରେ ନାଚ ଗୀତ ଚାଲିଥିବା ବେଳେ ଏହାର ପରିଚାଳନା ପାଇଁ ବାଲିଯାତ୍ରା କମିଟିର ସଭାପତି ଭାବେ ସୁନାମାଝୀ ବ୍ରେଡେକା, ସଂପାଦକ ପଙ୍କଜ ଦଣ୍ଡସେନା, କଷାଦକ୍ଷ ବିଶ୍ୱଜିତ୍ ଚଣ୍ଡ, ଉପଦେଷ୍ଟା ଭାବେ ଦୟାନିଧି ପାତ୍ର , କବିରାଜ ପାତ୍ର, ପଦ୍ମନ ପଲକା, ପ୍ରଭାକର ପାତ୍ର, ଆନନ୍ଦ ପାତ୍ର, ଶବର ଦିବାକା, ଭଳା ପାତ୍ର , ବିଜୟାନନ୍ଦ ଦାଶ ପରିଚାଳନାରେ ସହଯୋଗ କରିଥିବା ବେଳେ ଫାଣ୍ଡି ଅଧିକାରୀ ନରେନ୍ଦ୍ର ବେହେରା ଓ ପୁଲିସ ବୋଳ ଶାନ୍ତଶୃଙ୍ଖଳା ରକ୍ଷା କରିଥିଲେ।

## ଆରଡବ୍ଲୁଏସ୍ଏସ୍ କର୍ମଚାରୀଙ୍କ ଅକାଳ ବିୟୋଗ



ଲକ୍ଷ୍ମୀପୁର, ୧୪।୯ (ସମିସ): କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଗ୍ରାମୀଣ ଜଳ ଯୋଗାଣ କାର୍ଯ୍ୟାଳୟରେ ରାଜ୍ୟର କର୍ମଚାରୀ ଧନେଶ୍ୱର ରାଉତ (୫୭) ଙ୍କ ଉଚ୍ଚ ରକ୍ତଚାପ ଯୋଗୁ ମୃତ୍ୟୁ ହୋଇଥିବା ଜଣାପଡିଛି। ଶନିବାର ସନ୍ଧ୍ୟାରେ ଲକ୍ଷ୍ମୀପୁର ବଜାରରେ ଚା ପିଉଥିବା ବେଳେ ସେ ଟଳିପଡ଼ିଥିଲେ। ତାଙ୍କୁ ଏକ ଅଟୋ ଯୋଗେ ଲକ୍ଷ୍ମୀପୁର ମେଡ଼ିକାଲକୁ ନେଇ ପ୍ରାଥମିକ ଚିକିତ୍ସା କରାଯାଇଥିଲା। ଉଚ୍ଚ ଚିକିତ୍ସା ପାଇଁ ତାଙ୍କୁ କୋରାପୁଟ ବଡ଼ ମେଡିକାଲକୁ ସ୍ଥାନାନ୍ତର କରା ଯାଇଥିଲା। ସେଠାରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ପରେ ଲକ୍ଷ୍ମୀପୁର ଆଣି ରବିବାର ସକାଳେ ତାଙ୍କର ଅନ୍ତିମ ସତ୍କାର କରାଯାଇଥିଲା। ମୃତ ରାଉତଙ୍କ ନିଜ ଘର କେନ୍ଦ୍ରାପଡା ଜିଲ୍ଲା ପଟ୍ଟାମୁଣ୍ଡାଇରେ। ସେ ଲକ୍ଷ୍ମୀପୁରରେ ପ୍ରାୟ ୩୭ ବର୍ଷ ଚାକିରି ଜୀବନ କଟାଇଛନ୍ତି। ସେ ଅତି ଭଦ୍ର ଓ ନମ୍ର ବ୍ୟକ୍ତି ଥିଲେ।

## ମହିଳା ସ୍ନାତକ ମହାବିଦ୍ୟାଳୟରେ ଛାତ୍ରବୃତ୍ତି ସଚେତନତା




ନବରଙ୍ଗପୁର, ୧୪।୯ (ସମିସ): ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ବିଭିନ୍ନ ଛାତ୍ରବୃତ୍ତି ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟକ୍ଷା ମାଳେଶ୍ୱରୀ ସାହୁ ଉପସ୍ଥିତ ରହି ସ୍କଲାରସିପ୍ ମାଧ୍ୟମରେ କିପରି ଜଣେ ଛାତ୍ରୀ ଆର୍ଥିକ ସ୍ୱଚ୍ଛଳ ହେଇପାରିବ ସେ ବିଷୟରେ ଅବଗତ କରାଇଥିଲେ। ଏଥିରେ ସ୍କଲାରସିପ ଜିଲ୍ଲା ସଂଯୋଜକ ଶିଶିର ପଣ୍ଡା ଏବଂ ସହଯୋଗୀ ବିଶ୍ୱଜିତ ମହାନ୍ତି ଯୋଗଦେଇ ସ୍କଲାରସିପର ବିଭିନ୍ନ ପର୍ଯ୍ୟାୟ ଏବଂ କେଉଁ ପର୍ଯ୍ୟାୟରେ କିଏ କିପରି ଅନ୍ତର୍ଭୁକ୍ତ ହୋଇପାରିବ ସେ ନେଇ ପିଲାଙ୍କ ସହ ବିସ୍ତୃତ ଭାବରେ ଆଲୋଚନା କରିଥିଲେ। ଏହି ଦାୟିତ୍ୱରେ ଥିବା ପୋଷ୍ଟ ମାଟ୍ରିକ୍ ସ୍କଲାରସିପ ଡ. ଏମ.ରୋହିଣୀ ରାଣୀ, ମେଧାବୃତ୍ତିରେ ଶ୍ରୀମତୀ ସୁନୀତା ପାତ୍ର, ଫକୀର ମୋହନ ଭାଷା ବୃତ୍ତିରେ ଲକ୍ଷ୍ମୀକାନ୍ତ ସୌରା, ନିର୍ମାଣ ଶ୍ରମିକ ଶ୍ରୀମତୀ ତାରାନୁମ ଆରା, ଗୋପବନ୍ଧୁ ଶିକ୍ଷା ସହାୟତାରେ ଶ୍ରୀମତୀ ତାଇରା ବେଗମ ପ୍ରମୁଖ ଉପସ୍ଥିତ ଥିଲେ। ସମ୍ପୂର୍ଣ୍ଣ କାର୍ଯ୍ୟକ୍ରମଟିକୁ ସ୍କଲାରସିପ୍ ନୋଡାଲ ଅଫିସର ଶ୍ରୀମତୀ ତାଇରା ବେଗମ ପରିଚାଳନା କରିଥିଲେ।

## ରାଷ୍ଟ୍ରୀୟ ହିନ୍ଦୀ ଦିବସ ପାଳିତ



ରାୟଗଡ଼ା, ୧୪।୯ (ସମିସ): ସ୍ଥାନୀୟ ପିଏମଶ୍ରୀ ଗୋବିନ୍ଦ ଚନ୍ଦ୍ର ଦେବ ଜିଲ୍ଲା ଉଚ୍ଚ ବିଦ୍ୟାଳୟ ପରିସରରେ ରାଷ୍ଟ୍ରୀୟହିନ୍ଦୀ ଦିବସ ପାଳିତ ହୋଇଯାଇଛି। ଏଥିପାଇଁ ଗତ ୧୩ ତାରିଖରୁ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଗତ ୧ ତାରିଖରୁ ଆରମ୍ଭ ହୋଇଥିବା ହିନ୍ଦୀ ପଖୱାଡାର ସମାପନ ସହ ହିନ୍ଦୀ ଦିବସ ପାଳନ କରାଯାଇଛି। ବିଦ୍ୟାଳୟର ହିନ୍ଦୀ ଶିକ୍ଷକ ଅଶୋକ କୁମାର ଦାଶଙ୍କ ଆବାହନ ଓ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ନମିତା ପ୍ରଧାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ବାଳିକା ମହାବିଦ୍ୟାଳୟର ହିନ୍ଦି ଅଧ୍ୟାପକ ନରସିଂହ ବେହେରା ଯୋଗ ଦେଇ ହିନ୍ଦି ଭାଷାକୁ କିଭଳି ଲୋକାଭିମୁଖୀ କରାଯାଇପାରିବ ସେଥିପ୍ରତି ଗୁରୁତ୍ୱାରୋପ କରିଥିଲେ। କେବଳ ଗୋଟିଏ ଦିନ ହିନ୍ଦିର ବ୍ୟବହାରରେ ଭାଷାର ଉନ୍ନତି ହୋଇପାରିବ ନାହିଁ। ସେଥିପାଇଁ ନିୟମିତ ହିନ୍ଦି ଭାଷାରେ କଥାହେବା ସହ ଏହି ରାଷ୍ଟ୍ରୀୟ ଭାଷାକୁ କିଭଳି ଅଧିକରୁ ଅଧିକ ବ୍ୟବହାର ଯୋଗ୍ୟ କରାଯାଇପାରିବ ସେଥିପ୍ରତି ଗୁରୁତ୍ୱ ଦେଲେ ହିନ୍ଦି ଦିବସ ପାଳନ ସଫଳ ହେବ ବୋଲି ପ୍ରଧାନ ଶିକ୍ଷୟିତ୍ରୀ ସୁଶ୍ରୀ ପ୍ରଧାନ କହିଥିଲେ। ମଞ୍ଚ ପରିଚାଳନା ଦଶମ ଶ୍ରେଣୀ ଛାତ୍ରୀ ସୁଶ୍ରୀ ଭବାନୀ ମାଝୀ କରିଥିଲେ। ଶିକ୍ଷୟିତ୍ରୀ କାଞ୍ଚନ ସାହୁଙ୍କ ସହିତ ୫ ଜଣ ଛାତ୍ରଛାତ୍ରୀ ମଧ୍ୟ ଏହି ଦିବସ ପାଳନର ଯଥାର୍ଥତା ସମ୍ପର୍କରେ ଆଲୋଚନା କରିଥିଲେ। ଶେଷରେ କୃତି ଛାତ୍ରଛାତ୍ରୀ ସୁପ୍ରିୟା ପାଣିଗ୍ରାହୀ, ଭବାନୀ ମାଝୀ, ନିକିତା ବାଗ, ବୈଷ୍ଣବି ସାମନ୍ତ ପ୍ରମୁଖଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଏଥିରେ ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ, କର୍ମଚାରୀ ଓ ଛାତ୍ରଛାତ୍ରୀମାନେ ଯୋଗ ଦେଇଥିଲେ।

## ରାଜରାସ୍ତାରେ ଭାଲୁ, ଲୋକେ ଭୟଭୀତ



ଉମରକୋଟ, ୧୪।୯ (ସମିସ): ରାଜରାସ୍ତାରେ ଭାଲୁ ଦେଖିବାକୁ ମିଳିଛି। ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି ନବରଙ୍ଗପୁର ଜିଲ୍ଲା ଉମରକୋଟ ଓ ରାଇଘର ଯିବା ରାସ୍ତାରେ। ଜଙ୍ଗଲ ହ୍ରାସ ଏହାର ପ୍ରମୁଖ କାରଣ । ତେଣୁ ଖାଦ୍ୟ ଅନ୍ୱେଷଣରେ ଗାଁ, ସହର ଓ ରାଜରାସ୍ତାକୁ ଭାଲୁ ଆସି ଯାଉଥିବା କୁହାଯାଉଛି। ଅପରାହ୍ଣ ୪ ଘଣ୍ଟା ସମୟରେ ଉମରକୋଟ ବ୍ଲକ୍ ବେହେରା ଗ୍ରାମର ରତନ ଗୁଡା ରାଜରାସ୍ତାରେ ଭାଲୁ ଦେଖିବାକୁ ମିଳିଛି। ପଥଚାରୀ ଦେଖି ଆତଙ୍କିତ ହୋଇଛନ୍ତି।

● ବ୍ଲକ୍‌ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ

## ଚାମ୍ପିଅନ୍ ହେଲେ ୬ ଛାତ୍ରଛାତ୍ରୀ



କୋରୁକୋଣ୍ଡା, ୧୪।୯ (ସମିସ): ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ ଶିକ୍ଷା ବିଭାଗ ପକ୍ଷରୁ ଗତ ଶନିବାର ଦିନ କୋରୁକୋଣ୍ଡା ବ୍ଲକ ଅଧିନସ୍ତ ତାର୍ଲାକୋଟା ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଆରମ୍ଭ ହୋଇଥିବା ବ୍ଲକ ସ୍ତରୀୟ ଦୁଇଦିନିଆ କ୍ରୀଡା ପ୍ରତିଯୋଗିତା ଆଜି ସନ୍ଧ୍ୟାରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ ଉତ୍ସବରେ ତାର୍ଲାକୋଟା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ସସ୍ମିତା ମଞ୍ଜରୀ କୁରୁଙ୍କ ଅଧ୍ୟକ୍ଷତାରେ ଏକ ସଭାର ଆୟୋଜନ କରାଯାଇଥିଲା। ଏହି ସଭାରେ ମୁଖ୍ୟ ଅତିଥି ଭାବେ କୋରୁକୋଣ୍ଡା ଗୋଷ୍ଠୀ ଶିକ୍ଷାଅଧିକାରୀ ଅରୁଣ କୁମାର ରାୟ, ମୁଖ୍ୟ ବକ୍ତା ଭାବେ ଏମଭି -୨୭ ସରକାରୀ ଉନ୍ନତି ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଅଜୟ କୁମାର ନାୟକ, ସମ୍ମାନିତ ଅତିଥି ଭାବେ ତାର୍ଲାକୋଟା ଉଚ୍ଚ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ କରୁଣାକର ମଲ୍ଲିକଙ୍କ ସହ ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ସୋମନାଥ ବାର୍ସେ ପ୍ରମୁଖ ଯୋଗ ଦେଇଥିଲେ। ବରିଷ୍ଠ ଶିକ୍ଷକ ଶେଷଦେବ ପ୍ରଧାନ ଅତିଥି ମାନଙ୍କ ପରିଚୟ କରାଇବା ସହିତ ମଞ୍ଚ ପରିଚାଳନା କରିଥିଲେ। ପ୍ରଥମେ ପିଲାମାନଙ୍କ ଦ୍ୱାରା ସ୍ୱାଗତ ସଂଗୀତ ଗାନ କରାଯାଇଥିଲା। ଏହାପରେ ମଞ୍ଚାସୀନ ଅତିଥି ମାନେ ପ୍ରଭୁ ଜଗନ୍ନାଥଙ୍କ ଫଟୋ ଚିତ୍ରରେ ମାଲ୍ୟାର୍ପଣ କରିବା ସହିତ ପ୍ରଦୀପ ପ୍ରଜ୍ୱଳନ କରି ସଭାର ଶୁଭାରମ୍ଭ କରିଥିଲେ।

ସୂଚନା ଥାଉକି ଅନୁଷ୍ଠିତ ବ୍ଲକ୍‌ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତାରେ କୋରୁକୋଣ୍ଡା ବ୍ଲକ ଅଧିନସ୍ଥ ୪ଟି ଜୋନ ଅଧୀନରେ ଥିବା ଉଚ୍ଚ ବିଦ୍ୟାଳୟମାନଙ୍କରୁ ମୋଟ ୧୬୦ ଜଣ ଛାତ୍ର ଛାତ୍ରୀ ବିଭିନ୍ନ କ୍ରୀଡା ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ। ସେମାନଙ୍କ ମଧ୍ୟରେ ବିଭିନ୍ନ କ୍ରୀଡାରେ କୃତିତ୍ୱ ହାସଲ କରି ପ୍ରଥମ ସ୍ଥାନ ହାସଲ କରିଥିବା ଛାତ୍ର ଛାତ୍ରୀ ତଥା ପ୍ରତିଯୋଗୀ ମାନେ ଆସନ୍ତା ୧୬/୧୭ ତାରିଖରେ ବାଲିମେଳା ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହେବାକୁ ଥିବା ଜିଲ୍ଲାସ୍ତରୀୟ ବାର୍ଷିକ କ୍ରୀଡାରେ ଅଂଶଗ୍ରହଣ କରିବେ ବୋଲି ଶିକ୍ଷା ବିଭାଗ ପକ୍ଷରୁ କୁହାଯାଇଛି। ଏହି କ୍ରୀଡା ଉତ୍ସବରେ ଅନୁଷ୍ଠିତ ହୋଇଥିବା ବିଭିନ୍ନ କ୍ରୀଡା ପ୍ରତିଯୋଗିତାରେ ଅଂଶଗ୍ରହଣ କରି ଚାମ୍ପିଅନ୍ ହୋଇଥିବା ୧୪ ବର୍ଷରୁ କମ ସୁଧା ଖିଲ ଏବଂ ତୁଳା ପଡିୟାମୀ ନାମକ ଛାତ୍ରୀଙ୍କୁ ଏବଂ ୧୭ ବର୍ଷରୁ କମ ବିଭିନ୍ନ କ୍ରୀଡାରେ ଭାଗ ନେଇ ଚାମ୍ପିଅନ୍ ହୋଇଥିବା ମୋସେ ଖରା, ଦେବେନ୍ଦ୍ର ପଡିୟାମୀ, ରାଧା ପଡିୟାମୀ ଓ ରୋଜି ଟାକ୍ରୀ ପ୍ରମୁଖ ମୋଟ ୬ ଜଣ ଛାତ୍ରଛାତ୍ରୀଙ୍କୁ ମଞ୍ଚାସିନ ଅତିଥି ମାନେ ମାନପତ୍ର ଓ ଟ୍ରଫି ପ୍ରଦାନ କରିଥିଲେ। ପ୍ରତିଯୋଗିତାରେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ହାସଲ କରିଥିବା ଛାତ୍ରଛାତ୍ରୀ ମାନଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ଅନୁଷ୍ଠିତ ଏହି କ୍ରୀଡା ଉତ୍ସବରେ ବରିଷ୍ଠ ଶିକ୍ଷକ କଳ୍ପତରୁ ନାୟକ, ସତ୍ୟ ନାରାୟଣ ଦେ, ପ୍ରଶାନ୍ତ କୁମାର ବେହେରା, ପ୍ରଦ୍ୟୁମ୍ନ କୁମାର ସ୍ୱାଇଁ, ଟୁକୁନା ପରିଡାଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ପ୍ରମୁଖ ଉପସ୍ଥିତ ରହି ଏହି କ୍ରୀଡ଼ା ଉତ୍ସବକୁ ସୁଚାରୁ ରୂପେ ପରିଚାଳନା କରିଥିଲେ।

## ଚନ୍ଦ୍ରପୁର ଥାନା ପକ୍ଷରୁ ଚାରାରୋପଣ



ଚନ୍ଦ୍ରପୁର, ୧୪।୯ (ସମିସ):

ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକ ବିଜାପୁର ଗ୍ରାମ ପଞ୍ଚାୟତ ସୁରୁଲ ଗ୍ରାମ ମାଓବାଦୀ ଅଞ୍ଚଳରେ ଚାରାରୋପଣ କାର୍ଯ୍ୟକ୍ରମ କରାଯାଇଛି। ଚନ୍ଦ୍ରପୁର ଥାନା ଅଧିକାରୀ ପ୍ରସାନ୍ତ ସେଠୀଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସମ୍ୟକାନ୍ତ ବଙ୍ଗାଲଙ୍କ ଉପସ୍ଥିତିରେ , ସରପଞ୍ଚ ଜେରମିନୀ ପାଡଗଣ୍ଡା, ଚନ୍ଦ୍ରପୁର ବନ ଭାଗ ଅଧିକାରୀ ଅଶ୍ୱନୀ କରକରୀୟା, କୃଷି ଅଧିକାରୀ ଅର୍ପିତା ବେହେରା ମାଝୀ, କୃଷି ଅଧିଦର୍ଶକ ଜଗଦୀଶ ଗୋମାଙ୍ଗ, ମନସ୍ୱିତା ଶବର , ଏଏସ ଆଇ ନରସିଂହ ସାହୁ, ବନରକ୍ଷୀ ହରେକୃଷ୍ଣ ମୁଣ୍ଡାରୀ, ଲକ୍ଷ୍ମୀକାନ୍ତ ପାଇଟାଳଙ୍କ ଉପସ୍ଥିତିରେ ଅଜି ଶୁରୁଲ ଗ୍ରାମ୍ୟ ଜଙ୍ଗଲ ମଧ୍ୟରେ କାଜୁ, ଆମ୍ବ, ପିସ୍ତା ବାଦାମ ପ୍ରଭୃତି ୧୫୦ ଚାରା ରୋପଣ କରାଯାଇଛି। ଏହି କାର୍ଯ୍ୟକ୍ରମ କେନ୍ଦ୍ର ସରକାରଙ୍କ ନିର୍ଦ୍ଦେଶ ଅନୁଯାୟୀ ଚନ୍ଦ୍ରପୁର ବ୍ଲକର ଲୋକେ ଯେପରି ଗଞ୍ଜେଇ ଚାଷ ନକରି ମୁଖ୍ୟସ୍ରୋତରେ ରହି ଅନ୍ୟାନ୍ୟ ଚାଷ କରିବେ, ସେ ସମ୍ପର୍କରେ ବୁଝାଇଥିଲେ। ସେହିପରି ଜଙ୍ଗଲ କ୍ଷୟ, ମୃତ୍ତିକା ସଂରକ୍ଷଣ ସହ ଆଜିର ସମାଜରେ ଚାରାରୋପଣ ଏକ ମହତ୍ତ୍ୱପୂର୍ଣ୍ଣ କାର୍ଯ୍ୟ। ଏହା ଦ୍ୱାରା ପରିବେଶ ସୁରକ୍ଷା ପାଇଁ ସମସ୍ତେ ଘର ଜମି, ରାସ୍ତା କଡ଼ରେ ଗଛ ଲଗାଇବାକୁ ବିଡିଓ ଶ୍ରୀ ବଙ୍ଗଲ ଗ୍ରାମବାସୀଙ୍କୁ ବୁଝାଇ କହିଥିଲେ। ଶେଷରେ ଥାନା ଅଧିକାରୀ ଶ୍ରୀ ସେଠୀ ଉପସ୍ଥିତ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

# ଓଡ଼ିଶା ଅମଲା ସଂଘର ଦାବିକୁ ବିଧାୟକଙ୍କ ସମର୍ଥନ




ନବରଙ୍ଗପୁର, ୧୪।୯ (ସମିସ): ନବରଙ୍ଗପୁର ହୋଟେଲ ରକିସାନ୍ ପ୍ରିମିୟମ ସମ୍ମିଳନୀ କକ୍ଷ ଠାରେ ଓଡ଼ିଶା ଅମଲା ସଂଘ ନବରଙ୍ଗପୁର ଜିଲ୍ଲା ଶାଖା ପକ୍ଷରୁ ତ୍ରୟବାର୍ଷିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା ଅମଲା ସଂଘ କୋରାପୁଟ ଜିଲ୍ଲା ଶାଖା ସଭାପତି ତଥା ରାଜ୍ୟ ଅତିରିକ୍ତ ସାଧାରଣ ସମ୍ପାଦକ ଶଶୀଭୂଷଣ ଦାଶଙ୍କ ସଭାପତିତ୍ୱରେ ଆୟୋଜିତ ଆଜିର ସମ୍ମିଳନୀରେ ଗୌରୀ ଶଙ୍କର ମାଝୀ, ବିଧାୟକ ନବରଙ୍ଗପୁର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ମନୋହର ରନ୍ଧାରି ବିଧାୟକ ଡାବୁଗାଁ ସମ୍ମାନିତ ଅତିଥି ଭାବେ ଯୋଗଦାନ କରିଥିଲେ। ଏହି ଅବସରରେ ହୃଦୟ ବିହାରୀ ମହାପାତ୍ର ଅଧ୍ୟକ୍ଷ ଓଡ଼ିଶା ଅମଲା ସଂଘ, ଜ୍ଞାନ ରଞ୍ଜନ ଦାଶ ରାଜ୍ୟ ସଭାପତି ଓଡ଼ିଶା ଅମଲା ସଂଘ, ଚିତ୍ତରଞ୍ଜନ ତରାସିଆ ରାଜ୍ୟ ସାଧାରଣ ସମ୍ପାଦକ ଓଡ଼ିଶା ଅମଲା ସଂଘ, ବିରଞ୍ଚିନାରାୟଣ ବରାଳ ଉପସଭାପତି ଓଡ଼ିଶା ଅମଲା ସଂଘ, ମହେନ୍ଦ୍ର ମହାପାତ୍ର ଉପ ସଭାପତି ଓଡ଼ିଶା ଅମଲା ସଂଘ, ଶୁକାନ୍ତ ମହାପାତ୍ର ଅଧ୍ୟକ୍ଷ ନିର୍ବାଚନ କମିଟି, ଶ୍ୟାମ ସୁନ୍ଦର ନାୟକ ମଣ୍ଡଳ ସମ୍ପାଦକ ଓଡ଼ିଶା ଅମଲା ସଂଘ, ନଳିନୀକାନ୍ତ ଓଝା ରାଜ୍ୟ ଅତିରିକ୍ତ ସାଧାରଣ ସମ୍ପାଦକ ଓଡ଼ିଶା ଅମଲା ସଂଘ, ସୁନାକର ରାଉତ ପୂର୍ବତନ ଅଧ୍ୟକ୍ଷ ଓଡ଼ିଶା ଅମଲା ସଂଘ, ରୁପ କେଶରୀ ଦଳେଇ ପୂର୍ବତନ କାର୍ଯ୍ୟକାରିଣୀ ସଭ୍ୟ ପ୍ରମୁଖ ମଞ୍ଚାସୀନ ହୋଇ ନିଜ ନିଜର ଅଭିଭାଷଣ ପ୍ରଦାନ କରିଥିଲେ। ଏହି ଅବସରରେ ନବରଙ୍ଗପୁର ଜିଲ୍ଲା ଶାଖାର ବିଭିନ୍ନ ବିଭାଗରେ ଚାକିରି କରି ଅବସର ନେଇଥିବା ଅମଲାମାନଙ୍କୁ ଉପଢୌକନ ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ଜିଲ୍ଲା ସ୍ତରୀୟ ଅମଲା ମାନଙ୍କ ନ୍ୟାର୍ଯ୍ୟ ଦାବି ପୁରଣ ନିମନ୍ତେ ମୁଖ୍ୟମନ୍ତ୍ରୀ ଓଡ଼ିଶାଙ୍କୁ ବିଧାୟକ ନବରଙ୍ଗପୁର ଓ ବିଧାୟକ ଡାବୁଗାଁଙ୍କ ଜରିଆରେ ସ୍ମାରକପତ୍ର ପ୍ରଦାନ କରାଯାଇଥିଲା। ଏହି ଅବସରରେ ବିଧାୟକ ନବରଙ୍ଗପୁର ଶ୍ରୀ ମାଝୀ ଏବଂ ବିଧାୟକ ଡାବୁଗାଁ ରନ୍ଧାରୀ ନିଜ ନିଜର ଅଭିଭାଷଣରେ ଓଡ଼ିଶା ଅମଲା ସଂଘର ଦାବି ନ୍ୟାୟ ସଙ୍ଗତ ବୋଲି ମନ୍ତବ୍ୟ ଦେଇଥିଲେ। ଦାବି ପୂରଣ ନିମନ୍ତେ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ଦାବି ଉପସ୍ଥାପନା କରିବେ ବୋଲି କହିଥିଲେ ଶଶୀଭୂଷଣ ଦାଶ୍ ସଭାପତି ଓଡ଼ିଶା ଅମଲା ସଂଘ କୋରାପୁଟ ଜିଲ୍ଲା ଶାଖା ତଥା ରାଜ୍ୟ ଅତିରିକ୍ତ ସାଧାରଣ ସମ୍ପାଦକ ଓଡ଼ିଶା ଅମଲା ସଂଘଙ୍କ ଅଧ୍ୟକ୍ଷତାରେ ଗତ ଅଗଷ୍ଟ ୧୭ ତାରିଖ ଦିନ ନବରଙ୍ଗପୁର ହୋଟେଲ ତୃପ୍ତି ସଭାଗୃହ ଠାରେ ଅନୁଷ୍ଠିତ ବୈଠକରେ ଗଠିତ ଓଡ଼ିଶା ଅମଲା ସଂଘ ନବରଙ୍ଗପୁର ଜିଲ୍ଲା ଶାଖା କମିଟିକୁ ରାଜ୍ୟ ସଂଘ ସ୍ୱୀକୃତି ଦେଇଥିବା ବେଳେ ଏହି କମିଟିରେ ୩୨ ଜଣ କର୍ମକର୍ତ୍ତା ରହିଛନ୍ତି। ନବରଙ୍ଗପୁର ଜିଲ୍ଲାର ଏମ୍ ବାଲକୃଷ୍ଣ ରାଓ ଅଧ୍ୟକ୍ଷ, ଅରୁଣ କୁମାର ରଥ ନବରଙ୍ଗପୁର ଜିଲ୍ଲା ସଭାପତି, ଦିଲିପ୍ କୁମାର୍ ସାହୁ ସମ୍ପାଦକ, ନିଳାଞ୍ଚଳ ପଣ୍ଡା, ଉପ ସଭାପତି, ରଞ୍ଜିତ ଷଡ଼ଙ୍ଗୀ କାର୍ଯ୍ୟକାରୀ ସଭାପତି, ହେମନ୍ତ ଗୌଡ଼ ସାଙ୍ଗଠନିକ ସମ୍ପାଦକଙ୍କ ସମେତ ବହୁ ବିଭାଗରେ କାର୍ଯ୍ୟରତ ଅମଲାଙ୍କ ସ୍ଥାନ ପାଇଛି। ସମସ୍ତ ନବ ନିର୍ବାଚିତ କର୍ମକର୍ତ୍ତାଙ୍କୁ ଚିତ୍ତରଞ୍ଜନ ତରାସିଆ ରାଜ୍ୟ ସାଧାରଣ ସମ୍ପାଦକ ଓଡ଼ିଶା ଅମଲା ସଂଘ ଶପଥ ପାଠ କରାଇଥିଲେ। ଶେଷରେ ଶଶୀଭୂଷଣ ଦାଶ ଧନ୍ୟବାଦ ଅର୍ପଣ କରିଥିଲେ।

### ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିବେ

# ଜାପାନରେ ୧ ଲକ୍ଷ ଲୋକଙ୍କ ବୟସ ୧୦୦ରୁ ଉର୍ଦ୍ଧ୍ୱ




ଟୋକିଓ,୧୪।୯(ଏଜେନ୍ସି): ଜାପାନରେ ପାଖାପାଖି ୧ ଲକ୍ଷ ନାଗରିକ ୧୦୦ ବର୍ଷ ପୂରଣ କରିଛନ୍ତି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ ତକାମାରୋ ପୁକୋକା କହିଛନ୍ତି। ଦେଶରେ ୮୭,୭୮୪ ମହିଳା ଓ ୧୧, ୯୭୯ ପୁରୁଷଙ୍କ ବୟସ ୧୦୦ରୁ ଉର୍ଦ୍ଧ୍ୱ ହୋଇଛି ବୋଲି ସେ ସୂଚନା ଦେଇଛନ୍ତି। ୧୦୦ ବର୍ଷ ପୂରଣ କରିଥିବା ଲୋକଙ୍କ ମଧ୍ୟରେ ୮୮ ପ୍ରତିଶତ ମହିଳା ଅଛନ୍ତି। ଏହା ଦେଶର ମୋଟ ଲୋକସଂଖ୍ୟା ୧୨.୪ କୋଟିର ୦.୮୧ ପ୍ରତିଶତ। ଜାପାନ କ୍ରମାଗତ ୫୫ ବର୍ଷ ଧରି ଏହି ରେକର୍ଡକୁ ବଜାୟ ରଖିଛି। ଜାପାନରେ ସେପ୍ଟେମ୍ବର ୧୫କୁ ବୃଦ୍ଧଜନ ଦିବସ ଭାବେ ପାଳନ କରାଯାଏ। ଏହି ଦିନ ଜାପାନରେ ୧୦୦ରୁ ଉର୍ଦ୍ଧ୍ୱ ବର୍ଷର ଲୋକଙ୍କୁ ଅଭିନନ୍ଦନ ପତ୍ର ସହ ରୂପା ଗ୍ଲାସ ଉପହାର ସ୍ୱରୂପ ପ୍ରଦାନ କରାଯାଇଥାଏ। ଏବର୍ଷ ୫୨,୩୧୦ ଜଣ ବରିଷ୍ଠ ନାଗରିକଙ୍କୁ ସମ୍ମାନୀତ କରାଯିବ। ୧୧୪ ବର୍ଷୀୟ ଶିଗେକେ କାଗାବା ଜାପାନର ସବୁଠାରୁ ବୟସ୍କ ମହିଳା ଓ ୧୧୧ ବର୍ଷୀୟ କିୟୋଟାକା ମିଜୁନୋ ସବୁଠାରୁ ବୟସ୍କ ପୁରୁଷ ବିବେଚିତ ହୋଇଛନ୍ତି। ଜାପାନରେ ଲୋକଙ୍କ ହାରାହାରି ବୟସ ୯୫ ବର୍ଷ ରହିଛି। ଏହି ଦୃଷ୍ଟିକୋଣରୁ ଦେଖିବାକୁ ଗଲେ ଜାପାନ ବିଶ୍ୱରେ ଚତୁର୍ଥ ସ୍ଥାନରେ ରହିଛି। ପୁରୁଷଙ୍କ ତୁଳନାରେ ମହିଳା ଅଧିକ ବର୍ଷ ବଞ୍ଚିଥାନ୍ତି। ସେହିପରି ବିଶ୍ୱରେ ସ୍ୱାସ୍ଥ୍ୟସମ୍ପର୍ଣ୍ଣ ଦେଶମାନଙ୍କ ମଧ୍ୟରେ ଜାପାନ ଦ୍ୱିତୀୟ ସ୍ଥାନରେ ରହିଛି ଓ ସିଙ୍ଗାପୁର ପ୍ରଥମ, ଦକ୍ଷିଣ କୋରିଆ ତୃତୀୟ, ତାଇୱାନ ଚତୁର୍ଥ ଓ ଇସ୍ରାଏଲ୍ ୫ମ ସ୍ଥାନରେ ରହିଛି। ଜାପାନରେ ବଞ୍ଚିବାର ଜୀବନ ଶୈଳୀ ଉନ୍ନତ ଥିବାରୁ ଏଠାରେ ଲୋକେ ଅଧିକ ବୟସ ବଞ୍ଚିବାରେ ସକ୍ଷମ ହେଉଛନ୍ତି।

ଅନ୍‌ଲାଇନ ବେଟିଂ ଆପ୍‌ର ପ୍ରଚାର ମାମଲା

# ଉର୍ବଶୀ ରୌତେଲା ଓ ମିମି ଚକ୍ରବର୍ତ୍ତୀଙ୍କୁ ଇଡି ସମନ





ନୂଆଦିଲ୍ଲୀ, ୧୪।୯ (ଏଜେନ୍ସି): ଅଭିନେତ୍ରୀ ଉର୍ବଶୀ ରୌତେଲା ଏବଂ ଟିଏମ୍‌ସିର ପୂର୍ବତନ ସାଂସଦ ତଥା ଅଭିନେତ୍ରୀ ମିମି ଚକ୍ରବର୍ତ୍ତୀ ଅନ୍‌ଲାଇନ ବେଟିଂ ଆପ୍ ପାଇଁ ପ୍ରଚାର ମାମଲାରେ ଫସିଛନ୍ତି। ଅନ୍‌ଲାଇନ ବେଟିଂ ପ୍ଲାଟଫର୍ମ '୧xବେଟ୍' ସମ୍ବନ୍ଧିତ ମାମଲାରେ ଏହି ଦୁଇ ଅଭିନେତ୍ରୀଙ୍କୁ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ସମନ ଜାରି କରିଛି। ଏହି ପ୍ଲାଟଫର୍ମ ମନି ଲଣ୍ଡରିଂ ଯାଞ୍ଚରେ ସନ୍ଦେହଘେରରେ ରହିଛି। ଇଡି ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ, ଉଭୟ କଳାକାର '୧xବେଟ୍'ର ବିଜ୍ଞାପନ ଏବଂ ପ୍ରଚାରପ୍ରସାରରେ ଦୁଇ ଅଭିନେତ୍ରୀ ସାମିଲ ଥିଲେ। ଆସନ୍ତା ମଙ୍ଗଳବାର ଦିଲ୍ଲୀ ସ୍ଥିତ ଇଡି ମୁଖ୍ୟାଳୟରେ ହାଜର ହେବା ପାଇଁ ଉର୍ବଶୀଙ୍କୁ ଏବଂ ମିମିଙ୍କୁ ସୋମବାର ଉପସ୍ଥିତ ହେବାକୁ କୁହାଯାଇଛି। ଏହି ମାମଲାରେ ଉଭୟଙ୍କ ବୟାନ ରେକର୍ଡ କରାଯିବ। ଏହି ଆପ୍‌ରେ ଉଭୟଙ୍କ କି ଭୂମିକା ଥିଲା ତାହାର ଯାଞ୍ଚ କରାଯିବ ବୋଲି କୁହାଯାଉଛି।

ପୂର୍ବରୁ ଏହି ମାମଲାରେ ଅନେକ ସେଲିବ୍ରିଟିଙ୍କୁ ଜେରା କରାଯାଇଥିଲା। ଚଳିତ ମାସରେ ପୂର୍ବତନ କ୍ରିକେଟର ଶିଖର ଧାୱନଙ୍କୁ ମଧ୍ୟ ସମନ କରାଯାଇଥିଲା। ସୁରେଶ ରୈନା ମଧ୍ୟ ଇଡି ନିକଟରେ ହାଜର ହୋଇଥିଲେ। ଏହି ମାମଲାରେ ଜୁଲାଇ ୨୩ରେ ଯାଞ୍ଚ ହାଜର ହେବାକୁ ଅଭିନେତା ରାଣା ଦାଗୁବତିଙ୍କୁ କୁହାଯାଇଥିଲା। କିନ୍ତୁ ଫିଲ୍ମ ସୁଟିଂ ଯୋଗୁଁ ସେ ହାଜର ହୋଇପାରି ନ ଥିଲେ। ପରେ ହାଇଦରାବାଦର ଇଡି ଅଫିସରେ ଯାଞ୍ଚ ପାଇଁ ଉପସ୍ଥିତ ହୋଇଥିଲେ। ଗତ ମେ' ମାସରେ ବେଟିଂ ପ୍ଲାଟଫର୍ମର ପ୍ରଚାରପ୍ରସାର କରିଥିବାରୁ ତେଲଙ୍ଗାନା ପୁଲିସ ପ୍ରକାଶ ରାଜ, ମଞ୍ଜୁ ଲକ୍ଷ୍ମୀ, ନିଧି ଅଗ୍ରୱାଲ, ଅନନ୍ୟା ନାଗଲ୍ଲା, ଶ୍ରୀମୁଖୀ ପ୍ରମୁଖଙ୍କୁ ବିରୋଧରେ ପୁଲିସ ମାମଲା ରୁଜୁ କରିଥିଲା।

# ନେପାଳ ହିଂସା ମୃତକଙ୍କୁ ମିଳିବ ସହିଦ ମାନ୍ୟତା



**ପୀଡ଼ିତଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କା ଦିଆଯିବ**

**୬ ମାସ ମଧ୍ୟରେ ନିର୍ବାଚନ କରାଇ ପଦ ଛାଡ଼ିବି: ସୁଶୀଳା**

**ନେପାଳ ହିଂସାରେ ୩ ପୂର୍ବତନ ପ୍ରଧାନମନ୍ତ୍ରୀ ବାସହରା**

କାଠମାଣ୍ଡୁ,୧୪।୯(ଏଜେନ୍ସି): ନେପାଳରେ ଜେନ୍- ଜେଡ୍ ଆନ୍ଦୋଳନରେ ମୃତ୍ୟୁବରଣ କରିଥିବା ଲୋକଙ୍କୁ 'ସହିଦ' ଆଖ୍ୟା ଦିଆଯିବ ବୋଲି ଅନ୍ତରୀଣ ପ୍ରଧାନମନ୍ତ୍ରୀ ସୁଶୀଳା କାର୍କି କହିଛନ୍ତି। ପୁଣି ପ୍ରତ୍ୟେକ ପୀଡ଼ିତଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କା ଲେଖାଏଁ ପ୍ରଦାନ କରାଯିବ ବୋଲି ସେ ରବିବାର ଘୋଷଣା କରିଛନ୍ତି। ଏହି ଆନ୍ଦୋଳନ ଓ ହିଂସାରେ ମୋଟ୍ ୫୧ ଜଣ ଲୋକ ପ୍ରାଣ ହରାଇଥିଲେ। ତେବେ ମୃତ୍ୟୁ ସଂଖ୍ୟା ଏବେ ୭୨ରେ ପହଞ୍ଚିଛି ବୋଲି କୁହାଯାଉଛି। ଏଥିରେ ଜଣେ ଭାରତୀୟ ମହିଳା ମଧ୍ୟ ସାମିଲ ରହିଥିଲେ। ଦେଶରେ ଦୁର୍ନୀତିର ମୂଳୋତ୍ପାଟନ କରିବାକୁ ସେ ସଂକଳ୍ପ ନେଇଛନ୍ତି। ନେପାଳରେ ପ୍ରଥମଥର ପାଇଁ ଲଗାତର ୭୨ ଘଣ୍ଟା ପର୍ଯ୍ୟନ୍ତ ଆନ୍ଦୋଳନ ହୋଇଥିଲା ଓ ଏହା ଏକ ବଡ଼ କଥା। ଶାସନରେ ୬ ମାସରୁ ଅଧିକ ସମୟ ରହିବି ନାହିଁ ଓ ନିର୍ବାଚନ କରାଇ ନୂଆ ସରକାରଙ୍କୁ ଦାୟିତ୍ୱ ଦେଇ ପଦ ଛାଡିବି ବୋଲି ସେ କହିଛନ୍ତି। କାର୍କି ସେପ୍ଟେମ୍ବର ୧୨ରେ କାମଚଳା ପ୍ରଧାନମନ୍ତ୍ରୀ ଭାବେ ଶପଥ ନେଇଥିଲେ। ୨୦୨୬ ମାର୍ଚ୍ଚ ସୁଦ୍ଧା ଦେଶରେ ସାଧାରଣ ନିର୍ବାଚନ କରାଇବାକୁ ତାଙ୍କୁ ଦାୟିତ୍ୱ ପ୍ରଦାନ କରାଯାଇଛି। ବର୍ବରତା ଆଚରଣ ପ୍ରଦର୍ଶନ କରିଥିବା ଲୋକଙ୍କୁ ଯାଞ୍ଚ୍ କରାଯାଇ ଦଣ୍ଡିତ କରାଯିବ।

ଅନ୍ୟପକ୍ଷରେ ନେପାଳ ହିଂସାରେ ୩ ଜଣ ପୂର୍ବତନ ପ୍ରଧାନମନ୍ତ୍ରୀ ଯଥା କେପି ଶର୍ମା ଓଲି, ଶେର ବାହାଦୂର ଦେଓବା ଓ ପୁଷ୍ପ କମଲ ଦହଲ ଓରଫ୍ ପ୍ରଚଣ୍ଡ ବାସହରା ହୋଇଛନ୍ତି। ସେପ୍ଟେମ୍ବର ୯ରେ ଜେନ୍- ଜେଡ ପ୍ରଦର୍ଶନକାରୀମାନେ ଏହି ୩ ଜଣଙ୍କ ଘରେ ନିଆଁ ଲଗାଇବା ସହ ଜାଳି ଦେଇଛନ୍ତି। ବର୍ତ୍ତମାନେ ଏହି ୩ ନେତା ସେନା ଶିବିରରେ ରହୁଛନ୍ତି। ଏମାନଙ୍କ ସମର୍ଥକମାନେ ଏବେ ଏହି ନେତାଙ୍କ ପାଇଁ ଘର ଖୋଜିବା ଆରମ୍ଭ କରିଛନ୍ତି। ଜେନ- ଜେଡ ଆକ୍ରୋଶ କମ୍ ନ ହେବା ପର୍ଯ୍ୟନ୍ତ ରାଜଧାନୀ କାଠମାଣ୍ଡୁ ବାହାରର ସହର ପୋଖରାରେ ରହିବାକୁ ଚାହୁଁଛନ୍ତି। ଏବେ ସୁଶୀଳା ମନ୍ତ୍ରିମଣ୍ଡଳ ଗଠନ ନେଇ ପ୍ରୟାସ ଆରମ୍ଭ କରିଛନ୍ତି। ୧୫ ଜଣଙ୍କୁ ନେଇ ଏକାସଙ୍ଗେ ମନ୍ତ୍ରୀ ମଣ୍ଡଳ ଗଠନ କରିବେ ବୋଲି କାଠମାଣ୍ଡୁ ପୋଷ୍ଟ ଦ୍ୱାରା ପ୍ରକାଶିତ ରିପୋର୍ଟରୁ ଜଣାଯାଇଛି। ଏ ନେଇ ଆଇନ୍ ବିଶେଷଜ୍ଞଙ୍କ ସହ ସେ ବିଚାର ବିମର୍ଶ ଆରମ୍ଭ କରିଛନ୍ତି। କିନ୍ତୁ ଜେନ୍- ଜେଡ ନେତା ଏହି ମନ୍ତ୍ରିମଣ୍ଡଳରେ ସାମିଲ ହେବ ନାହିଁ ବୋଲି ପୂର୍ବରୁ କହିଛନ୍ତି। ତେବେ ନବଗଠିତ ସରକାର ତଥା ମନ୍ତ୍ରୀ ମଣ୍ଡଳର କାର୍ଯ୍ୟକୁ ନିରୀକ୍ଷଣ କରିବେ ବୋଲି ଏହି ନେତାମାନେ କହିଛନ୍ତି। ତେଣୁ ଆଗାମୀ କେତୋଟି ମାସରେ ନେପାଳ ପାଇଁ ପରୀକ୍ଷା ସୃଷ୍ଟି ହେବ ବୋଲି କୁହାଯାଉଛି। ନେପାଳରେ ୨୦୨୬ ମାର୍ଚ୍ଚ ୫ରେ ନିର୍ବାଚନ କରାଯିବ ବୋଲି କୁହାଯାଉଛି।

# ରୁଷିଆର ସର୍ବବୃହତ୍ ତୈଳ ବିଶୋଧନାଗାରରେ ୟୁକ୍ରେନର ଆକ୍ରମଣ



କିଭ୍,୧୪।୯(ଏଜେନ୍ସି): ରୁଷିଆ ଓ ୟୁକ୍ରେନ ମଧ୍ୟରେ ଚାଲିଥିବା ଯୁଦ୍ଧ ତୃତୀୟ ବର୍ଷରେ ପହଞ୍ଚିଛି। ରୁଷିଆର ସର୍ବବୃହତ ତୈଳ ବିଶୋଧନ କେନ୍ଦ୍ର ଉପରେ ୟୁକ୍ରେନ ଡ୍ରୋନ୍ ଆକ୍ରମଣ କରିଛି। ଏ ନେଇ ରୁଷୀୟ ଅଧିକାରୀ ଓ ୟୁକ୍ରେନ ସେନା ତରଫରୁ ସୂଚନା ଦିଆଯାଇଛି। ଲେନିନଗ୍ରାଡ ଅଞ୍ଚଳରେ ଥିବା କିରିଶି ତୈଳ ବିଶୋଧନ କେନ୍ଦ୍ର ଉପରେ ଏହି ଆକ୍ରମଣ ହୋଇଥିଲା। ପ୍ରତିବର୍ଷ ଏହି କେନ୍ଦ୍ରରୁ ୧୭.୭ ମିଲିଅନ ମେଟ୍ରିକ୍ ଟନ୍ ବା ଦିନକୁ ୩,୫୫,୦୦୦ ବ୍ୟାରେଲ ଅଶୋଧିତ ତୈଳ ଉତ୍ପାଦନ ହୋଇଥାଏ। ତେବେ ଏହି ଆକ୍ରମଣରେ କେହି ମୃତାହତ ହୋଇନାହାନ୍ତି ଓ ନିଆଁ ଲାଗିବା ମାତ୍ରେ ତାହାକୁ ଲିଭାଇ ଦିଆଯାଇଥିଲା ରୁଷ୍ ତରଫରୁ କୁହାଯାଇଛି। ଗତ ରାତିରେ ୟୁକ୍ରେନର ପାଖାପାଖି ୮୦ଟି ଡ୍ରୋନ୍ ଧ୍ୱଂସ କରାଯାଇଥିଲା ବୋଲି ରୁଷିଆ ପ୍ରତିରକ୍ଷା ମନ୍ତ୍ରଣାଳୟ ତରଫରୁ କୁହାଯାଇଛି।

# ସ୍କୁଲ୍‌ରେ ଚାଲିଥିଲା ନିଶା କାରଖାନା

**● ନିର୍ଦ୍ଦେଶକଙ୍କ ସମେତ ୩ ଗିରଫ**

ହାଇଦରାବାଦ୍,୧୪।୯(ଏଜେନ୍ସି): ତେଲଙ୍ଗାନା ରହାଇଦରାବାଦ ପୁଲିସ୍ ଏକ ଘରୋଇ ସ୍କୁଲରେ ନିଶାଦ୍ରବ୍ୟ କାରଖାନା ଠାବ କରିଛି। ମେଧା ନାମକ ଏହି ସ୍କୁଲ୍‌ର ନିର୍ଦ୍ଦେଶକ ମାଲେଲା ଜୟା ପ୍ରକାଶ ଗୌଡ଼ ସହିତ ୩ ଜଣ ଲୋକଙ୍କୁ ଗିରଫ କରିଛି। ଅଭିଯୁକ୍ତମାନେ ସ୍କୁଲର ଶ୍ରେଣୀ କୋଠରୀ ଓ ନିଷେଦ୍ଧାଞ୍ଚଳକୁ ଅଲପ୍ରାଜୋଲାମ୍ ଭଳି ନିଶାଦ୍ରବ୍ୟ ଉତ୍ପାଦନକାରୀ କାରଖାନାରେ ପରିଣତ କରିଥିଲେ। ଅଲପ୍ରାଜୋଲାମ୍‌କୁ ତାଡି ତଥା ନିଶାଦ୍ରବ୍ୟ ପ୍ରସ୍ତୁତିରେ ବ୍ୟବହାର କରାଯାଇଥାଏ। ସ୍କୁଲ ବିଲ୍ଡିଂର ଦ୍ୱିତୀୟ ମହଲାରେ ପାଖାପାଖି ଗତ ୬ ମାସ ହେବ ଏହି କାରଖାନା ଚାଲିଆସୁଥିଲା। ତଳ ଓ ପ୍ରଥମ ମହଲାରେ ପିଲାଙ୍କୁ ପଢ଼ାଯାଉଥିଲା। ଏହି କାରଖାନାରେ ସପ୍ତାହର ୬ ଦିନ ଡ୍ରଗ୍ସ ତିଆରି କରାଯାଉଥିଲା ଓ ରବିବାର ଏହାକୁ ବାହରକୁ ବାହାର କରାଯାଇ ବଜାରରେ ପହଞ୍ଚା ଯାଉଥିଲା। ପୁଲିସ ସ୍କୁଲ ଉପରେ ଚଢାଉ କରି ୭ କେଜିରୁ ଉର୍ଦ୍ଧ୍ୱ ଆଲପ୍ରାଜୋଲାମ, ନଗଦ ୨୧ ଲକ୍ଷ ଟଙ୍କା, ବହୁ ପରିମାଣରେ ରାସାୟନିକ ପଦାର୍ଥ ଜବତ କରିଛି। ପୁଲିସ ଏକ କେମେଷ୍ଟ୍ରୀ ଲାବ୍ ମଧ୍ୟ ଦେଖିବାକୁ ପାଇଛି। ଏଠାରେ ବହୁ ପରିମାଣର ଡ୍ରଗ୍ସ ଉତ୍ପାନଦ କରିବା ପାଇଁ ବ୍ୟବହାର କରାଯାଉଥିଲା ବୋଲି ପୁଲିସ କହିଛି। ଏହି ଲାବ୍‌ରେ ୮ଟି ରିଆକ୍ଟର ଓ ଡ୍ରାୟର ଲଗାଯାଇଥିଲା। ସ୍କୁଲ ନିର୍ଦ୍ଦେଶକ ମାଲେଲା ଗୁରୁବେଢ୍ଡୀ ନାମକ ଜଣେ ଲୋକଠାରୁ ଡ୍ରଗ୍ସ ତିଆରି ପ୍ରକ୍ରିୟା ଶିକ୍ଷା କରିଥିଲା ବୋଲି ପୁଲିସ୍ କହିଛି।

# ପ୍ରବଳ ବର୍ଷା ଯୋଗୁ ବୈଷ୍ଣୋଦେବୀ ଯାତ୍ରା ସ୍ଥଗିତ

**ଉତ୍ତରପ୍ରଦେଶ ୪ % କମ୍, ହିମାଚଳରେ ୧୩୩ % ଅଧିକ ବର୍ଷା**

ନୂଆଦିଲ୍ଲୀ,୧୪।୯(ଏଜେନ୍ସି): ପ୍ରବଳ ବର୍ଷା ଓ ଖରାପ ପାଗ କାରଣରୁ ବୈଷ୍ଣୋଦେବୀ ଯାତ୍ରାକୁ ସ୍ଥଗିତ ରଖାଯାଇଛି। ୧୯ ଦିନ ଏହି ଯାତ୍ରା ସ୍ଥଗିତ ରହିବା ପରେ ରବିବାର ପୁଣି ଆରମ୍ଭ ହୋଇଥିଲା। ପରବର୍ତ୍ତୀ ନିର୍ଦ୍ଦେଶ ନ ମିଳିବା ପର୍ଯ୍ୟନ୍ତ ଏହି ଯାତ୍ରା ଆପାତତଃ ସ୍ଥଗିତ ରଖାଯାଇଛି ବୋଲି କୁହାଯାଇଛି। ଗତ ଅଗଷ୍ଟ ୨୪ ତାରିଖରେ ମନ୍ଦିର ରାସ୍ତାରେ ଭୂସ୍ଖଳନ କାରଣରୁ ୩୪ ଜଣ ଶ୍ରଦ୍ଧାଳୁ ମୃତ୍ୟୁବରଣ କରିଥିଲେ। ସେହିପରି ଉତ୍ତରପ୍ରଦେଶରେ ଲଗାତର ବର୍ଷା କାରଣରୁ ଗଙ୍ଗା, ଯମୁନା ନଦୀର ଜଳସ୍ତର ଏବେ ମଧ୍ୟ ଉଚ୍ଚସ୍ତରରେ ରହିଛି। ବଲିଆ ଛକି ନୌରଙ୍ଗା ଗାଁରେ ୫ ଘର ଓ ୫ ଦୋକାନ ଜଳମଗ୍ନ ହୋଇଛି। ଉତ୍ତରପ୍ରଦେଶରେ ଏଥର ମୌସୁମୀ ବର୍ଷା ୪ ପ୍ରତିଶତ କମ୍ ହୋଇଛି। ରାଜ୍ୟରେ ହାରହାରି ୬୭ ୯.୩ମିମି ବର୍ଷା ହୋଇଥାଏ। କିନ୍ତୁ ଏଥର ୬୫୪.୨ ମିମି ବର୍ଷା ହୋଇଛି।

ଅନ୍ୟପଟେ ହିମାଚଳରେ ମଣ୍ଡି ଜିଲ୍ଲାର ଧର୍ମପୁରରେ ସଫଡି ରୋହ ଗାଁରେ ଶନିବାର ଭୂସ୍ଖଳନ ହୋଇଥିଲା। କେତୋଟି ଘରେ କାଦୁଅ ମିଶା ପାଣି ପଶିଯାଇଛି। ୮ଟି ଘରକୁ ଖାଲି କରାଯାଇଥିଲା। ରାଜ୍ୟରେ ବର୍ଷା, ବନ୍ୟା ଓ ଭୂସ୍ଖଳନରେ ମୃତ୍ୟୁ ସଂଖ୍ୟା ଏବେ ୩୮୬ରେ ପହଞ୍ଚିଛି। ରାଜ୍ୟରେ ଏଥର ୧୩୩ ପ୍ରତିଶତ ଅଧିକ ବର୍ଷା ହୋଇଛି। ରବିବାରଠାରୁ ଦେଶର ଉତ୍ତର ପଶ୍ଚିମ ରାଜ୍ୟ ରାଜସ୍ଥାନରୁ ମୌସୁମୀ ବିଦାୟ ନେବା ଆରମ୍ଭ କରିଛି। କିନ୍ତୁ ମଧ୍ୟପ୍ରଦେଶରେ ଏବେ ମଧ୍ୟ ମୌସୁମୀ ଦୁଇ ସପ୍ତାହ ରହିବ ବୋଲି ଅନୁମାନ କରାଯାଉଛି। ସେହିପରି ଉତ୍ତରପୂର୍ବ ରାଜ୍ୟ ସିକ୍କିମରେ ବର୍ଷା କାରଣରୁ ଭୂସ୍ଖଳନ ହେବା କାରଣରୁ ଜଣେ ପଞ୍ଚାୟତ ଅଧ୍ୟକ୍ଷ ମୃତ୍ୟୁବରଣ କରିଛନ୍ତି। ଅରୁଣାଚଳ ପ୍ରଦେଶରେ ୬ଟି ଜିଲ୍ଲା ପ୍ରବଳ ବର୍ଷା ହେବ ବୋଲି ରେଡ ଆଲର୍ଟ ଜାରି କରାଯାଇଛି। ପଞ୍ଜାବରେ ବନ୍ୟା ପ୍ରଭାବିତ ଅଞ୍ଚଳରେ ଉଦ୍ଧରା କାର୍ଯ୍ୟ ଜୋରସୋରରେ ଚାଲିଛି। ପଞ୍ଜାବର ବିଭିନ୍ନ ନଦୀରେ ଜଳସ୍ତର ତଳକୁ ଖସିଛି।

ପୁଣି ଚର୍ଚ୍ଚାରେ ଆରଜି କର କଲେଜ

# ଛାତ୍ରୀଙ୍କ ରହସ୍ୟଜନକ ମୃତ୍ୟୁ

**ବଏଫ୍ରେଣ୍ଡ ବିଷ ଦେଇଥିବା ଅଭିଯୋଗ କଲା ପରିବାର**

କୋଲକାତା, ୧୪।୯ (ଏଜେନ୍ସି): କୋଲକାତାର ଆରଜି କର ମେଡିକାଲ କଲେଜରେ ଆଉଏକ ଘଟଣା ଘଟିଛି। ଏହି କଲେଜରେ ଅନ୍ତିମ ବର୍ଷର ଜଣେ ଛାତ୍ରୀ ଶନିବାର ମାଲଦାର ଏକ ହସ୍ପିଟାଲରେ ରହସ୍ୟଜନକ ଭାବେ ମୃତ୍ୟୁବରଣ କରିଛନ୍ତି। ଏହି ଛାତ୍ରୀ ହେଉଛନ୍ତି ୨୪ ବର୍ଷୀୟା ଅନିନ୍ଦିତା ସୋରେନ। ପ୍ରେମିକ ଉଜ୍ଜ୍ୱଳ ସୋରେନଙ୍କ ବିରୋଧରେ ହତ୍ୟା ଅଭିଯୋଗ ଆଣିଛନ୍ତି ଅନିନ୍ଦିତାଙ୍କ ପ୍ରେମିକ। ଉଜ୍ଜ୍ୱଳ ଅନିନ୍ଦିତାଙ୍କୁ ବିଷ ଦେବା ଫଳରେ ତାଙ୍କ ମୃତ୍ୟୁ ହୋଇଛି ବୋଲି ପରିବାର ଲୋକେ କହିଛନ୍ତି। ଦୁହେଁ ପରସ୍ପରକୁ ଡେଟ୍ କରୁଥିଲେ। ଅନିନ୍ଦିତା ଉଜ୍ଜ୍ୱଳଙ୍କୁ ବିବାହ ପାଇଁ ଚାପ ପକାଉଥିଲା। ତେବେ ଏହାକୁ ଉଜ୍ଜ୍ୱଳ ମନା କରୁଥିଲା। ଏଥିପାଇଁ ଦୁହିଁଙ୍କ ମଧ୍ୟରେ ଝଗଡ଼ା ହେଉଥିଲା ବୋଲି ଅନିନ୍ଦିତାଙ୍କ ମାଆ ଅଞ୍ଜନା ଟୁଡୁ କହିଛନ୍ତି। ଗତ ୧୨ ତାରିଖରେ ଅନିନ୍ଦିତାର ଦେହ ଖରାପ ହୋଇଛି ଓ ତାକୁ ମାଲଦାର ଏକ ହସ୍ପିଟାଲରେ ଭର୍ତ୍ତି କରାଯାଇଛି ବୋଲି ଉଜ୍ଜ୍ୱଳ ଫୋନ କରି ସୂଚନା ଦେଇଥିଲେ। କିନ୍ତୁ ଏହାପରେ ଅନିନ୍ଦିତା ମୃତ୍ୟୁବରଣ କରିଥିଲେ। ତେବେ ଶବ ବ୍ୟବଚ୍ଛେଦ ପରେ ମୃତ୍ୟୁର ପ୍ରକୃତ କାରଣ ସାମ୍ନାକୁ ଆସିବ ବୋଲି ପୁଲିସ କହିଛି। ଏବେ ଉଜ୍ଜଳର ବୟାନ ନେବାକୁ ପୁଲିସ ତାକୁ ଖୋଜୁଛି। ଉଲ୍ଲେଖଥାଉ କି, ଗତବର୍ଷ କୋଲକାତାର ଏହି ଆରଜି କଲେଜ ଚର୍ଚ୍ଚାରେ ରହିଥିଲା। ୨୦୨୪ ଅଗଷ୍ଟ ୯ରେ ଜଣେ ଟ୍ରେନି ଡାକ୍ତରାଣୀଙ୍କୁ ଦୁଷ୍କର୍ମ କରାଯାଇ ହତ୍ୟା କରାଯାଇଥିଲା ଏହି ଘଟଣାକୁ ନେଇ ପଶ୍ଚିମବଙ୍ଗ ସମେତ ସାରା ଦେଶରେ ଚର୍ଚ୍ଚା ହୋଇଥିଲା। ଏହି ମାମଲାରେ ଅଭିଯୁକ୍ତଙ୍କୁ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରାଯାଇଛି।

# ଆସାମରେ ୫.୯ ତୀବ୍ରତାର ଭୂକମ୍ପ

**■ ଭୂଟାନ, ପଶ୍ଚିମବଙ୍ଗରେ ମଧ୍ୟ ଝଟ୍‌କା**

**■ ମୃତାହତ, କ୍ଷୟକ୍ଷତି ନେଇ ସୂଚନା ନାହିଁ**

ଗୌହାଟୀ,୧୪।୯(ଏଜେନ୍ସି): ଉତ୍ତରପୂର୍ବ ରାଜ୍ୟ ଆସାମରେ ରବିବାର ସନ୍ଧ୍ୟାରେ ୫.୯ ତୀବ୍ରତାର ଭୂକମ୍ପ ଅନୁଭୂତ ହୋଇଛି। ୟୁନାଇଟେଡ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) ଏ ନେଇ ସୂଚନା ଦେଇଛି। ଅପରାହ୍ଣ ୪.୪୧ରେ ଏହି ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଉଦଲଗୁରି ଜିଲ୍ଲାର ପୂର୍ବକୁ ୧୪ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା। ଏହା ଭୂପୃଷ୍ଠର ୧୦କିମି ଗଭୀରତାରେ ସୃଷ୍ଟି ହୋଇଥିଲା ବୋଲି ୟୁଏସ୍‌ଜିଏସ୍ ତରଫରୁ କୁହାଯାଇଛି। ତେବେ ଭାରତର ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜୀରେ ଭୂକମ୍ପର ତୀବ୍ରତା ୫.୮ ଥିଲା ଓ ଏହାର ଗଭୀରତା ୫.୫ କିମି ଥିଲ ବୋଲି କହିଛି। ଭୂକମ୍ପ ପରେ ଏହି ଅଞ୍ଚଳରେ ୩.୧ ଓ ୨.୯ ତୀବ୍ରତାର ପରବର୍ତ୍ତୀ ଭୂକମ୍ପ ଝଟ୍‌କା ଯଥାକ୍ରମେ ସନ୍ଧ୍ୟା ୪.୫୮ ଓ ୫.୨୧ରେ ଅନୁଭୂତ ହୋଇଥିଲା ବୋଲି କୁହାଯାଇଛି। ଏହି ଭୂକମ୍ପ ମଧ୍ୟ ଭୂଟାନ ଓ ପଶ୍ଚିମବଙ୍ଗର କିଛି ଅଞ୍ଚଳରେ ଅନୁଭୂତ ହୋଇଛି। ଭୂକମ୍ପ ଝଟ୍‌କା ପରେ ଗୌହାଟୀରେ ଲୋକମାନେ ଜୀବନ ବଞ୍ଚାଇବାକୁ ଘର ଓ ଅଫିସ ବାହାରକୁ ଦୌଡୁଥିବାର ଲକ୍ଷ୍ୟ କରାଯାଇଥିଲା।

# 'ଅପରେସନ ସିନ୍ଦୂର' ବେଳେ ମୁନୀର ବଙ୍କରରେ ଲୁଚିଥିଲେ: ପୂର୍ବତନ ଲେଫ୍ଟନାଣ୍ଟ ଜେନେରାଲ

**ପାକିସ୍ତାନ ଆମ ମିସାଇଲକୁ ରୋକିପାରି ନଥିଲା**

ନୂଆଦିଲ୍ଲୀ,୧୪।୯(ଏଜେନ୍ସି): ଅପରେସନ ସିନ୍ଦୂର ଚାଲିଥିବା ବେଳେ ପାକିସ୍ତାନ ସେନାମୁଖ୍ୟ ଆସିମ ମୁନୀର ଏକ ବଙ୍କରରେ ଲୁଚି ରହିଥିଲେ ବୋଲି ଭାରତୀୟ ସେନାବାହିନୀର ପୂର୍ବତନ ଲେଫ୍ଟନାଣ୍ଟ ଜେନେରାଲ କନୱାଲ ଜିତ୍ ସିଂ ଧିଲନ କହିଛନ୍ତି। ୪ ଦିନର ଏହି ଛୋଟିଆ ଯୁଦ୍ଧ ପରେ ଜନତାଙ୍କ ରୋଷରୁ ବଞ୍ଚିବା ପାଇଁ ସେ ନିଜକୁ ଫିଲ୍ଡ ମାର୍ଶାଲ ପଦରେ ଅଧିଷ୍ଠିତ କରାଇଥିଲେ ବୋଲି ଧିଲନ ଏକ ନ୍ୟୁଜ୍ ଏଜେନ୍ସିକୁ ସାକ୍ଷାତାକାର ଦେବା ଅବସରରେ କହିଛନ୍ତି। ମେ' ୧୦ରେ ଭାରତ ପାକିସ୍ତାନର ୧୧ଟି ଏୟାର ବେସ୍ ଉପରେ ସଠିକତାର ସହ ଆକ୍ରମଣ କରିଥିଲା। ପାକିସ୍ତାନର ଏୟାର ଡିଫେନ୍ସ ସିଷ୍ଟମ ଏତେ ଦୁର୍ବଳ ଥିଲା ଯେ, ଆମର ଗୋଟିଏ ହେଲେ ବି ମିସାଇଲକୁ ରୋକିବାରେ ସମର୍ଥ ହୋଇ ନଥିଲା। ଏପ୍ରିଲ ୨୨ରେ ପହଲଗାମରେ ଆତଙ୍କବାଦୀଙ୍କ ଆକ୍ରମଣରେ ଭାରତର ୨୬ ଲୋକ ପ୍ରାଣ ହରାଇଥିଲେ। ଫଳରେ ଏହାର ପ୍ରତିଶୋଧ ନେବାକୁ ଯାଇ ଭାରତ ଅପରେସନ ସିନ୍ଦୂର ଆରମ୍ଭ କରିଥିଲା। ପାକିସ୍ତାନ ଅଧିକୃତ କଶ୍ମୀର (ପିଓକେ) ଏବଂ ପାକିସ୍ତାନରେ ଥିବା ଆତଙ୍କବାଦୀ ଠିକଣାକୁ ଭାରତୀୟ ବାୟୁସେନା ଧ୍ୱଂସ କରିବାରେ ସମର୍ଥ ହୋଇଥିଲା। ମେ' ୧୦ରେ ଦୁଇ ଦେଶ ମଧ୍ୟରେ ଅସ୍ତ୍ରବିରତି ଘୋଷିତ ହୋଇଥିଲା। ପାକିସ୍ତାନ ଯୁଦ୍ଧବିରତି ପାଇଁ ଭିକ୍ଷା କରିଥିଲା ବୋଲି ଧିଲନ କହିଛନ୍ତି। ମେ ୧୦ରେ ପାକିସ୍ତାନ ଡିଜିଏମ୍‌ଓ ଅପରାହ୍ଣ ୩ଟା ୩୫ରେ ଭାରତର ଡିଜିଏମ୍‌ଓଙ୍କୁ ଫୋନ କରି ଅସ୍ତ୍ରବିରତି ପାଇଁ ଅନୁରୋଧ କରିଥିଲେ। ତେଣୁ ଏହି ଯୁଦ୍ଧରେ ଭାରତ ବିଜୟୀ ହୋଇଥିଲା ବୋଲି ସେ କହିଛନ୍ତି। ଯେତେବେଳେ ପାକିସ୍ତାନ ମଧ୍ୟସ୍ଥତା ଓ ଅସ୍ତ୍ରବିରତି ପାଇଁ ଆମେରିକା ଓ ସାଉଦି ଆରବ ଶରଣ ପଶେ ତାହାକୁ ଓ ଯଦି ଆମେ ନୀତିଗତ ଭାବେ ତୃତୀୟ ପକ୍ଷର ମଧ୍ୟସ୍ଥତାକୁ ପ୍ରତ୍ୟାଖାନ କରିଥାଉ ତାହାକୁ ଆମର ବିଜୟ କୁହାଯିବ ବୋଲି ସେ କହିଛନ୍ତି। ଅପରେସନ ସିନ୍ଦୂରରେ ଭାରତ ପାକିସ୍ତାନରେ ୯ଟି ଆତଙ୍କବାଦୀ ଠିକଣାକୁ ଧ୍ୱଂସ କରିବା ସହ ୧୦୦ରୁ ଉର୍ଦ୍ଧ୍ୱ ଆତଙ୍କବାଦୀଙ୍କୁ ନିପାତ କରିଥିଲା।

# ରୂପାଣୀଙ୍କ ଅନ୍ତିମ ସଂସ୍କାରର ଖର୍ଚ୍ଚ ଦେବାକୁ ମନାକଲା ବିଜେପି

ଅହମଦାବାଦ, ୧୪।୯ (ଏଜେନ୍ସି): ଜୁନ୍ ୧୨ରେ ଅହମଦବାଦ ବିମାନ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଗୁଜରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୂପାଣୀଙ୍କ ଅନ୍ତିମ ସଂସ୍କାର ଖର୍ଚ୍ଚ ଦେବାକୁ ବିଜେପି ମନା କରିଦେଇଛି। ଏଥିରେ ଖର୍ଚ୍ଚ ହୋଇଥିବା ୨୦-୨୫ ଲକ୍ଷ ଟଙ୍କା ରୂପାଣୀଙ୍କ ପରିବାର ଦେବ ବୋଲି ଦଳ ପକ୍ଷରୁ କୁହାଯାଇଛି। ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ସୂଚନା ଅନୁଯାୟୀ ଅନ୍ତିମ ଯାତ୍ରା ପାଇଁ ଫୁଲ, ଟେଣ୍ଟ ଏବଂ ଅନ୍ୟ ବ୍ୟବସ୍ଥା କରିଥିବା ବ୍ୟବସାୟୀମାନେ ଜୁଲାଇରେ ରୂପାଣୀଙ୍କ ଘରକୁ ଯାଇ ଟଙ୍କା ମାଗିଥିଲେ। ବିଜେପି ପକ୍ଷରୁ ଟଙ୍କା ଦିଆଯାଇ ନ ଥିବା ଜାଣିବା ପରେ ପରିବାର ସଦସ୍ୟଙ୍କୁ ବଡ଼ ଝଟ୍‌କା ଲାଗିଥିଲା। ରୂପାଣୀ ପରିବାରର ଜଣେ ବନ୍ଧୁ କହିଛନ୍ତି ଯେ ଟଙ୍କାକୁ ନେଇ ପ୍ରଶ୍ନ ଉଠାଯାଉ ନାହିଁ। ମାତ୍ର ବିଜେପିର ଏଭଳି ଆଭିମୁଖ୍ୟ ଯନ୍ତ୍ରଣାଦାୟକ। ଦଳ ଏ ନେଇ ପୂର୍ବରୁ କୌଣସି ସୂଚନା ଦେଇ ନ ଥିଲା। ଜଣେ ପରିବାର ସଦସ୍ୟଙ୍କ ଅନୁଯାୟୀ ଘର ଲୋକଙ୍କ ପାଖରେ ଟଙ୍କାର ଅଭାବ ନାହିଁ। କିନ୍ତୁ ବିଜେପିର ଏପରି ଆଭିମୁଖ୍ୟକୁ ମାନବିକତା ଏବଂ ସମ୍ମାନ ଦୃଷ୍ଟିରୁ ଉଚିତ ଧରାଯାଇପାରିବ ନାହିଁ।

'କୁକୁର ରାୟ' ବିରୋଧୀଙ୍କୁ ମୋଦୀଙ୍କ କଟାକ୍ଷ

# 'ଗାଈକୁ ପଶୁ ମାନନ୍ତିନି ପଶୁପ୍ରେମୀ'

ନୂଆଦିଲ୍ଲୀ, ୧୪।୯ (ଏଜେନ୍ସି): ସାରା ଦେଶରେ ସୁପ୍ରିମକୋର୍ଟଙ୍କ ବୁଲା କୁକୁର ରାୟକୁ ନେଇ ବିବାଦ ଜାରି ରହିଛି। ଏପରି ସମୟରେ ପଶୁପ୍ରେମୀଙ୍କୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କଟାକ୍ଷ କରିଛନ୍ତି। ଗତ ୧୨ ତାରିଖରେ ଦିଲ୍ଲୀର ବିଜ୍ଞାନ ଭବନରେ ଅନୁଷ୍ଠିତ କାର୍ଯ୍ୟକ୍ରମର ମୋଦୀ କହିଥିଲେ ଯେ କିଛି ଦିନ ତଳେ ସେ କେତେ ଜଣ ପଶୁପ୍ରେମୀଙ୍କୁ ଭେଟିଥିଲେ। ଆମ ଦେଶରେ ଏଭଳି ବହୁତ ପଶୁପ୍ରେମୀ ଅଛନ୍ତି। ତେବେ ବିଶେଷ କଥା ହେଉଛି ଯେ ସେମାନେ ଗାଈକୁ ପଶୁ ମାନନ୍ତି ନାହିଁ। ପ୍ରଧାନମନ୍ତ୍ରୀଙ୍କ ଏପରି ଟିପ୍ପଣୀ ଶୁଣି କାର୍ଯ୍ୟକ୍ରମରେ ଉପସ୍ଥିତ କେନ୍ଦ୍ରମନ୍ତ୍ରୀ ଗଜେନ୍ଦ୍ର ସିଂହ ଶେଖାୱତ ଏବଂ ହଲ୍‌ରେ ଥିବା ଅନ୍ୟମାନେ ଜୋର୍‌ସୋର୍‌ରେ ହସିବାରେ ଲାଗିଥିଲେ। ପରେ କାହିଁକି ଏତେ ହସ ଲାଗିଲା ବୋଲି ମୋଦୀ ପଚାରି ଥିଲେ। ଏବେ ଏହାର ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ଏହା ପୂର୍ବରୁ ଅଗଷ୍ଟ ୧୧ରେ ସୁପ୍ରିମକୋର୍ଟ ଦିଲ୍ଲୀ-ଏନ୍‌ସିଆରରୁ କୁକୁରଙ୍କୁ ହଟାଇବାକୁ ନିର୍ଦ୍ଦେଶ ଦେଇଥିଲେ। ଏହାକୁ ନେଇ ସାରା ଦେଶରେ ବିକ୍ଷୋଭ ହେବା ପରେ କୋର୍ଟ ନିଜ ରାୟ ସମୀକ୍ଷା କରିଥିଲେ।

# ଭାରତକୁ ପୁଣି ଟ୍ରମ୍ପ ମନ୍ତ୍ରୀଙ୍କ ଧମକ

ୱାଶିଂଟନ, ୧୪।୯ (ଏଜେନ୍ସି): ଶୁଳ୍କକୁ ନେଇ ଆମେରିକା ଏବଂ ଭାରତ ମଧ୍ୟରେ ବିବାଦ ଲାଗି ରହିଛି। ଆମେରିକା ରାଷ୍ଟ୍ରପତି ଭାରତ ସହ ସମ୍ପର୍କ ସୁଧାରିବାକୁ ଚାହୁଁଥିବାବେଳେ ତାଙ୍କ ବାଣିଜ୍ୟ ମନ୍ତ୍ରୀ ହାୱାର୍ଡ ଲୁଟନିକ ପୁଣି ଭାରତକୁ ଧମକ ଦେଇଛନ୍ତି। ସେ କହିଛନ୍ତି ଯେ ଭାରତକୁ ଶୁଳ୍କ ହ୍ରାସ କରିବାକୁ ପଡିବ। ଏପରି ନ କଲେ ଭାରତ ବ୍ୟବସାୟରେ କଡ଼ା ଆହ୍ୱାନର ସମ୍ମୁଖୀନ ହେବ। ସେ ଏକ ସାକ୍ଷାତକାରରେ ଏହି ଟିପ୍ପଣୀ ଦେଇଥିଲେ। ଏଠାରେ ତାଙ୍କୁ ଭାରତ, କାନାଡ଼ା ଏବଂ ବ୍ରାଜିଲ ଭଳି ସହଯୋଗୀ ଦେଶଙ୍କ ଉପରେ ଶୁଳ୍କ ଲଗାଇ ସମ୍ପର୍କକୁ ଆମେରିକା ଖରାପ କରୁଛି କି ନାହିଁ ବୋଲି ତାଙ୍କୁ ପଚରା ଯାଇଥିଲା। ଉତ୍ତରରେ ଲୁଟ୍‌ନିକ କହିଥିଲେ ଯେ ଭାରତରେ ୧.୪ ବିଲିୟନ ଲୋକ ଥିବା ଦାବି କରାଯାଉଛି। କିନ୍ତୁ ଏହି ଦେଶ ଆମେରିକାରୁ ୨୫ କିଲୋ ମକା ବି କିଣୁନାହିଁ। ମାତ୍ର ଆମେରିକା ଖୋଲାଖୋଲି ଭାବେ ଭାରତୀୟ ସାମଗ୍ରୀ କିଣୁଛି। ବିକ୍ରି କରିବା ବେଳକୁ ଭାରତ ବଡ଼ କାନ୍ଥ ଛିଡ଼ା କରିଦେଉଛି। ସବୁ ସାମଗ୍ରୀ ଉପରେ ଶୁଳ୍କ ଲଗାଉଛି। ଏହି ସମ୍ପର୍କ ଏକପାଖିଆ। ଭାରତ ଆମେରିକାର ଲାଭ ଉଠାଉଛି। କିନ୍ତୁ ଆମେରିକାକୁ ନିଜ ଅର୍ଥନୀତିଠାରୁ ଦୂରରେ ରଖୁଛି। ରାଷ୍ଟ୍ରପତି ଟ୍ରମ୍ପ ନିରପେକ୍ଷ ଏବଂ ପାରସ୍ପରିକ ବ୍ୟାପାର ଚାହୁଁଛନ୍ତି। ଦୀର୍ଘ ବର୍ଷ ହେଲା ଚାଲି ଆସିଥିବା ଭୁଲ୍‌କୁ ଦେଶ ସୁଧାରିବାକୁ ଚାହୁଁଛି।

# '୨୦ ନ ଦେଲେ ୧୦୦ରେ ଲଢ଼ିବୁ'

**ଏନ୍‌ଡିଏ ଉପରେ ମାନ୍‌ଝୀ ଚାପ**

ପାଟନା, ୧୪।୯ (ଏଜେନ୍ସି): ନିଜର ଏବଂ ପୁଅ-ବୋହୂଙ୍କ କ୍ୟାରିୟର ଗଢ଼ି ସାରିବା ପରେ କେନ୍ଦ୍ରମନ୍ତ୍ରୀ ତଥା ହାମ୍ ମୁଖ୍ୟ ଜିତନ ରାମ ମାନଝୀ ନିଜ ଦଳକୁ ଆଞ୍ଚଳିକରୁ ଜାତୀୟ କରିବାକୁ ଚାହୁଁଛନ୍ତି। ଏଥିପାଇଁ ସେ ବିହାର ବିଧାନସଭା ନିର୍ବାଚନ ପୂର୍ବରୁ ଏନ୍‌ଡିଏ ଉପରେ ଚାପ ପକାଇବା ଆରମ୍ଭ କରିଛନ୍ତି। ପ୍ରତିଦ୍ୱନ୍ଦ୍ୱିତା କରିବା ପାଇଁ ୧୫ରୁ ୨୦ ଆସନ ନ ମିଳିଲେ ୫୦ରୁ ୧୦୦ ଆସନରେ ଲଢ଼ିବୁ ବୋଲି କହିଛନ୍ତି। ସେ ଗୟାଜୀରେ ଏକ କାର୍ଯ୍ୟକ୍ରମକୁ ସମ୍ବୋଧନ କରି ଏହି ଟିପ୍ପଣୀ ଦେଇଥିଲେ। ମାନ୍‌ଝୀ କହିଥିଲେ ଯେ ହମ୍ ଛୋଟମୋଟ ଦଳ ନୁହେଁ। ଏହା ୧୦ ବର୍ଷ ପୁରୁଣା ଦଳ। ଏହା ଜାତୀୟ ସ୍ତରୀୟ ଦଳ ହେଉ ବୋଲି ସେ ଚାହୁଁଛନ୍ତି। ଏଥିପାଇଁ ଦୁଇଟି ମାନଦଣ୍ଡ ଅଛି। ଗୋଟିଏ ବିଧାନସଭାରେ ୬୦% ଆସନ ଜିତିବାକୁ ପଡିବ। ଯଦି ଆମେ ୧୫ ରୁ ୨୦ ଆସନ ପାଇବୁ, ତେବେ ଆମେ ୮-୯ ଆସନ ଜିତିବୁ। କିମ୍ବା ମୋଟ ୬% ଭୋଟ ପାଇବାକୁ ହେବ। ସେହି ଅନୁସାରେ ପ୍ରତ୍ୟେକ ବିଧାନସଭା କ୍ଷେତ୍ରରେ ଆମର ୧୦ ରୁ ୧୫ ହଜାର ଭୋଟ ଅଛି। ଯଦି ଏନ୍‌ଡିଏ ମେଣ୍ଟ ମୋତେ ୧୫ ରୁ ୨୦ ଆସନ ନ ଦିଏ, ତେବେ ଆମେ ୫୦ ରୁ ୧୦୦ ଆସନରେ ଏକା ଲଢ଼ିବୁ। ସେହି ଅନୁସାରେ ଦଳ ମୋଟ୍ ଭୋଟରୁ ୬% ପାଇପାରିବ। ଏହା ପରେ ହାମ୍‌କୁ ଜାତୀୟ ଦଳର ମାନ୍ୟତା ମିଳିବ।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।


**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୮୭୬- ବଙ୍ଗଳା ଔପନ୍ୟାସିକ ଶରତ ଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ ଜନ୍ମ।
- ୧୯୩୧- ଗାନ୍ଧୀ-ଇରୱିନ୍ ଚୁକ୍ତି ସ୍ୱାକ୍ଷରିତ।
- ୧୯୫୯- ଦୂରଦର୍ଶନର ପ୍ରସାରଣ ସେବା ଆରମ୍ଭ ହେଲା।
- ୧୯୯୮- ଗୁଗଲ୍ ଡଟ୍‌କମ୍ ଡୋମେନ୍ ନେମ୍ ଭାବେ ପଞ୍ଜୀକୃତ ହେଲା।
- ୨୦୦୧- ଆମେରିକୀୟ ସିନେଟ୍ ରାଷ୍ଟ୍ରପତିଙ୍କୁ ଆଫଗାନିସ୍ତାନରେ ସେନା କାର୍ଯ୍ୟକଳାପ ପାଇଁ ଅନୁମତି ଦେଲା।

## 'ଦୃଶ୍ୟମ୍ ୩'ର ରିଲିଜ୍ ଡେଟ୍ ଫାଇନାଲ

'ଦୃଶ୍ୟମ୍' ଭାରତୀୟ ସିନେମା ଇତିହାସରେ ଏପରି ଏକ ଫିଲ୍ମ ଯାହାକୁ ଦର୍ଶକେ ବାରମ୍ବାର ଦେଖିବାକୁ ଇଚ୍ଛା ପ୍ରକାଶ କରିଥାନ୍ତି। ମଲାୟାଲମ୍ ଭାଷାରେ ନିର୍ମିତ ଏହି ଫିଲ୍ମରେ ମୋହନଲାଲ ଜର୍ଜ କୁଟ୍ଟି ଭୂମିକାରେ ଅଭିନୟ କରିଥିଲେ। ଏହାର ହିନ୍ଦୀ ଭର୍ସନରେ ଅଜୟ ଦେବଗନ୍ ଲିଡ୍ ରୋଲରେ ନଜର ଆସିଥିଲେ। 'ଦୃଶ୍ୟମ୍' ସିରିଜ୍‌ର ଦୁଇଟି ଯାକ ଫିଲ୍ମ ବକ୍ସ ଅଫିସ୍‌ରେ ଭଲ ବିଜିନେସ୍ କରିଥିଲା। ଏବେ ଦର୍ଶକେ ଏହି ସିରିଜ୍‌ର ତୃତୀୟ ଫିଲ୍ମକୁ ଅପେକ୍ଷା କରିଛନ୍ତି। ଇତିମଧ୍ୟରେ 'ଦୃଶ୍ୟମ୍ ୩'ର ଲେଖକ ତଥା ନିର୍ଦ୍ଦେଶକ ଜିତୁ ଜୋସେଫ୍‌ଙ୍କର ଏକ ଭିଡିଓ ଭାଇରାଲ ହେଉଛି। ଏହି ଭିଡିଓରେ ସେ କହିଛନ୍ତି, 'ମୋତେ ବକ୍ସ ଅଫିସ୍ କଲେକ୍ସନ୍‌କୁ ନେଇ ଚିନ୍ତା ନାହିଁ। ଏହି ଫିଲ୍ମ ଦର୍ଶକଙ୍କୁ ଏକ ଭଲ ଅନୁଭବ ଦେଉ। ଏହାର କାହାଣୀ 'ଦୃଶ୍ୟମ୍'ର ଅଲଗା ଦୁଇଟି ଫିଲ୍ମଠାରୁ ପୂରାପୂରି ଭିନ୍ନ ହେବ। ଏଥିରେ 'ଦୃଶ୍ୟମ୍ ୨'ର ଚାରି ବର୍ଷ ପରର କାହାଣୀକୁ ଦେଖାଯିବ। ଏଥିରେ ଜର୍ଜକୁଟ୍ଟୀଙ୍କ ଜୀବନର ଏକ ନୂଆ ଦିଗ ଦର୍ଶକଙ୍କ ସାମ୍ନାକୁ ଆସିବ।' 'ଦୃଶ୍ୟମ୍ ୩'ର ସୁଟିଂ ଆସନ୍ତା ଅକ୍ଟୋବରରୁ ହିନ୍ଦୀ ଓ ମଲାୟାଲମ୍ ଦୁଇଟି ଭାଷାରେ ଆରମ୍ଭ ହେବ। ଏହା ପୂର୍ବ ନିର୍ଦ୍ଧାରିତ ଡେଟ୍ ଅନୁଯାୟୀ, ୨ ଅକ୍ଟୋବର, ୨୦୨୬ରେ ରିଲିଜ୍ ହେବ ବୋଲି ଜିତୁ କହିଛନ୍ତି। ଏହାର ହିନ୍ଦୀ ଭର୍ସନ୍‌ରେ ଅଜୟ ଦେବଗନ୍ ଓ ମଲାୟାଲମ୍‌ରେ ମୋହନଲାଲଙ୍କୁ ପୁଣି ଥରେ ଜର୍ଜ କୁଟ୍ଟି ଭୂମିକାରେ ଦେଖିବାକୁ ମିଳିବ।



## କାଫେରେ ନୀରବତା

ଜେନରେସନ ଜେଡ୍‌ଙ୍କ ମଧ୍ୟରେ ଆଜିକାଲି ବିଭିନ୍ନ ପ୍ରକାର ଟ୍ରେଣ୍ଡ ଭାଇରାଲ ହେଉଛି। ସେଥିରୁ ଅନ୍ୟତମ ସାଇଲେଣ୍ଟ କାଫେ। ଏହା ହେଉଛି ଏମିତି ଏକ କାଫେ, ଯେଉଁଠି କଥାବାର୍ତ୍ତା ନ ଥାଏ। ଏଠାରେ ଯୁବକଯୁବତୀମାନେ କାହାରି ସହିତ କଥାବାର୍ତ୍ତା ନ କରି ନିଜ କାମ କରନ୍ତି, ପଢ଼ନ୍ତି, ଲେଖାଲେଖି କରନ୍ତି ଏବଂ ନିଜ ଭାବନାରେ ମଗ୍ନ ରହିବାକୁ ଭଲପାଆନ୍ତି। ସେହିପରି ଏଭଳି କାଫେରେ ସଙ୍ଗୀତର ଧୂନ୍ ନ ଥାଏ କି ଲୋକଙ୍କ କଥାବାର୍ତ୍ତା। ତେବେ ଆଜିର ନୂଆପିଢ଼ି ନିଜ କାମ ଓ ବ୍ୟକ୍ତିଗତ ଜୀବନରେ ଅଧିକ ବ୍ୟସ୍ତ ରହିବା ଯୋଗୁଁ ନିଜ ପାଇଁ ସମୟ ବାହାର କରିପାରୁନାହାନ୍ତି। ଏଭଳି କ୍ଷେତ୍ରରେ ସାଇଲେଣ୍ଟ କାଫେ ସେମାନଙ୍କୁ ଶାନ୍ତିରେ ବସି କାମ କରିବାର ସୁଯୋଗ ପ୍ରଦାନ କରୁଛି। ସେହିପରି ସାଇଲେଣ୍ଟ କାଫେ ଲୋକଙ୍କୁ ସ୍କ୍ରିନ୍‌ଠାରୁ ଦୂରେଇ ରହିବାର ଅବସର ପ୍ରଦାନ କରୁଛି। ବିଶେଷକରି ଛାତ୍ରଛାତ୍ରୀ ତଥା କ୍ରିଏଟିଭ୍ ପ୍ରଫେସନାଲଙ୍କ ମଧ୍ୟରେ ଏହି ଟ୍ରେଣ୍ଡ ଖୁବ୍ ଲୋକପ୍ରିୟ ହେବାରେ ଲାଗିଛି। ଏଭଳି କାଫେରେ ବସି ସେମାନେ ପରୀକ୍ଷା ପାଇଁ ପ୍ରସ୍ତୁତି କରିବା, ନିଜର କ୍ରିଏଟିଭ୍ ପ୍ରୋଜେକ୍ଟ ଉପରେ କାମ କରିବାକୁ ପସନ୍ଦ କରୁଛନ୍ତି। ବିଶେଷକରି ଲେଖକ ଓ ଚିତ୍ରଶିଳ୍ପୀଙ୍କ ପାଇଁ ଏହା ଏକ ଉତ୍ତମ ସ୍ଥାନ ପାଲଟିଛି। ବହୁତ ଲୋକ ନିଜ ସାଙ୍ଗସାଥୀଙ୍କ ସହିତ ଏଠାକୁ ଆସି ବହିପଢ଼ିବା ସହ ନିଜର ଅନ୍ୟାନ୍ୟ କାମ କରି କଫିର ମଜା ନେଇଥାନ୍ତି। ଅନ୍ୟପଟେ ଦିଲ୍ଲୀ, ବେଙ୍ଗାଲୁରୁ, ମୁମ୍ବାଇ, ପୁନେର ଲୋକେ ସାଇଲେଣ୍ଟ କାଫେ କଲଚରକୁ ଖୁବ୍ ପସନ୍ଦ କରୁଛନ୍ତି।



# ଜାତୀୟ ଯନ୍ତ୍ରୀ ଦିବସ ଓ ସାର୍ ବିଶ୍ୱେଶ୍ୱରାୟା

**ଇଂ ପ୍ରଦୀପ୍ତ କୁମାର ଶତପଥି**



ଆଜି ଇଞ୍ଜିନିୟର ଦିବସ। ଦେଶର ଉନ୍ନତିରେ ଯନ୍ତ୍ରୀଙ୍କ ଭୂମିକାକୁ ମନେପକାଇବା ଲାଗି ମହାନ୍ ଇଞ୍ଜିନିୟର ମୋକ୍ଷଗୁଣ୍ଡମ୍ ବିଶ୍ୱେଶ୍ୱରାୟାଙ୍କ ଜନ୍ମଦିନରେ ଜାତୀୟ ଯନ୍ତ୍ରୀ ଦିବସ ପାଳିତ ହୁଏ। ସାର୍ ବିଶ୍ୱେଶ୍ୱରାୟଙ୍କ ସଫଳତାକୁ ସ୍ମରଣ କରିବା ଏବଂ ସେଥିରୁ ଅନୁପ୍ରାଣିତ ହୋଇ ଭବିଷ୍ୟତରେ ଇଞ୍ଜିନିୟରିଂ କ୍ଷେତ୍ରକୁ କିପରି ଆହୁରି ଉନ୍ନତ ଓ ପ୍ରଶସ୍ତ କରାଯିବ ସେସମ୍ବନ୍ଧରେ ଚିନ୍ତନ ମନ୍ଥନ କରିବା ଉଦ୍ଦେଶ୍ୟରେ ଏହି ଦିବସର ପରିକଳ୍ପନା କରାଯାଇଛି। ୧୯୬୮ ମସିହାରେ ପ୍ରଥମେ ଇଞ୍ଜିନିୟର ଦିବସ ପାଳନ କରାଯାଇଥିଲା। ଇଞ୍ଜିନିୟରମାନଙ୍କ ଅକ୍ଳାନ୍ତ ଉଦ୍ୟମ ଓ ଅସାଧାରଣ ବୁଦ୍ଧି ଯୋଗୁଁ ଆମେ ଆଜି ଏକ ଆଧୁନିକ ତଥା ଉନ୍ନତ ସମାଜରେ ବାସ କରିବା ସମ୍ଭବ ହୋଇପାରିଛି। ସମାଜ ପ୍ରତି ଯନ୍ତ୍ରୀମାନଙ୍କର ଉଲ୍ଲେଖନୀୟ ଉପଲବ୍ଧି ଓ ଅବଦାନକୁ ସମ୍ମାନ ଜଣାଇବା ସହ ସେମାନଙ୍କ ଅଭିନବ ବିଚାରକୁ ସ୍ୱୀକୃତି ଦେବା ଏବଂ ବିଶ୍ୱ ଗଠନରେ ସେମାନଙ୍କର ଅପରିହାର୍ଯ୍ୟ ଭୂମିକାକୁ ଉଲ୍ଲେଖ କରିବା ପାଇଁ ଏହି ଦିବସ ଉତ୍ସର୍ଗୀକୃତ। ସାର୍ ବିଶ୍ୱେଶ୍ୱରାୟା ଖାଲି ଯେ ଜଣେ ଇଞ୍ଜିନିୟର ଥିଲେ ତାହା ନୁହେଁ, ସେ ଜଣେ ଦୂରଦର୍ଶୀ ବିଦ୍ୱାନ ହେବା ସହ ଜଣେ ନିପୁଣ ରାଜନେତା ମଧ୍ୟ ଥିଲେ। ସରଳ ଜୀବନ ଯାପନ ଏବଂ ଉଚ୍ଚ ଚିନ୍ତାଧାରା ତାଙ୍କୁ ସଫଳତାର ଶୀର୍ଷରେ ପହଞ୍ଚାଇଥିଲା। ସାର୍ ବିଶ୍ୱେଶ୍ୱରାୟା ବାଙ୍ଗାଲୋର ନିକଟ ମୁଦ୍ଦେନାହାଲ୍ଲିଠାରେ ୧୮୬୧ ମସିହା ସେପ୍ଟେମ୍ବର ୧୫ ତାରିଖରେ ଏକ ତାମିଲ ବ୍ରାହ୍ମଣ ପରିବାରରେ ଜନ୍ମ ଗ୍ରହଣ କରିଥିଲେ। ତାଙ୍କୁ ୧୫ ବର୍ଷ ହୋଇଥିବାବେଳେ ତାଙ୍କ ପିତାଙ୍କର ଦେହାନ୍ତ ହୋଇଥିଲା। ତାଙ୍କ ପିତାଙ୍କ ଦେହାନ୍ତ ପରେ ସାର୍ ବିଶ୍ୱେଶ୍ୱରାୟା ବାଙ୍ଗାଲୋରରେ ତାଙ୍କ ମାମୁଁଘରେ ରହି ପାଠ ପଢିଥିଲେ। ମାଧ୍ୟମିକ ଶିକ୍ଷା ସମାପ୍ତ ପରେ ସେ ମାଡ୍ରାସ ବିଶ୍ୱବିଦ୍ୟାଳୟରୁ ୧୮୮୧ ମସିହାରେ ଡିଗ୍ରୀ ହାସଲ କରିଥିଲେ। ପରବର୍ତ୍ତୀ କାଳରେ ସେ ପୁନା ଇଞ୍ଜିନିୟରିଂ କଲେଜରୁ ସିଭିଲ ଇଂଜନିୟରିଂ ପାସ୍ କରିଥିଲେ। ମହାରାଷ୍ଟ୍ର ସରକାର ସାର୍ ବିଶ୍ୱେଶ୍ୱରାୟାଙ୍କୁ ୧୮୮୫ ମସିହାରେ ନାସିକଠାରେ ସହକାରୀ ଯନ୍ତ୍ରୀ ଭାବରେ ନିଯୁକ୍ତି ପ୍ରଦାନ କରିଥିଲେ ଏବଂ ଦୀର୍ଘ ୬୫ ବର୍ଷ ଧରି ସେ ସେଠାରେ ନିଷ୍ଠାର ସହ କାର୍ଯ୍ୟ କରିଥିଲେ। ସାର୍ ବିଶ୍ୱେଶ୍ୱରାୟା ଭାରତର ବିଭିନ୍ନ ସ୍ଥାନରେ କାର୍ଯ୍ୟକରି ଉଚ୍ଚକୋଟୀର ଇଞ୍ଜିନିୟରିଂ ପ୍ରକଳ୍ପମାନ ନିର୍ମାଣ କରିଥିଲେ। ଦାକ୍ଷିଣାତ୍ୟ ମାଳଭୂମିରେ ଅତ୍ୟାଧୁନିକ ଜଳସେଚନ ପ୍ରଣାଳୀର ଡିଭାଇନ୍ ଓ ନିର୍ମାଣ, ହାଇଦ୍ରାବାଦ ପାଇଁ ଏକ ବନ୍ୟା ନିରୋଧକ ପ୍ରକଳ୍ପର ଡିଜାଇନ୍ ଓ ନିର୍ମାଣ, ବିଶାଖାପାଟଣା ବନ୍ଦରକୁ ସମୁଦ୍ର ଜୁଆରରୁ ରକ୍ଷା କରିବା ପାଇଁ ପ୍ରତିରୋଧକ ପ୍ରକଳ୍ପ ନିର୍ମାଣ, ମହୀଶୁର ସାବୁନ କାରଖାନାର ଯୋଜନା ପ୍ରଣୟନ ଏବଂ ନିର୍ମାଣ, ମହୀଶୂରର ଭଦ୍ରାବତୀ ଲୌହ ଏବଂ ଇସ୍ପାତ ପ୍ରକଳ୍ପ ନିର୍ମାଣ, ନଦୀବନ୍ଧ ଯୋଜନା ଏବଂ ବ୍ୟାରେଜଗୁଡ଼ିକ ପାଇଁ ସ୍ୱୟଂଚାଳିତ ଫାଟକର ନିଜ ଡିଜାଇନ୍ ଏବଂ ନିର୍ମାଣ ତାଙ୍କ କାର୍ଯ୍ୟଦକ୍ଷତାର ପ୍ରମାଣ ଦିଏ। ବ୍ରିଟିଶ ଇଞ୍ଜିନିୟରମାନେ ସାର୍ ବିଶ୍ୱେଶ୍ୱରାୟାଙ୍କ କାର୍ଯ୍ୟକୁଶଳତା ପାଇଁ ତାଙ୍କୁ ଅନେକଥର ପ୍ରଶଂସା କରିଥିଲେ। ୧୯୦୯ ମସିହାରେ ସେ ମହୀଶୂର ରାଜ୍ୟର ମୁଖ୍ୟଯନ୍ତ୍ରୀ ଭାବେ ନିଯୁକ୍ତି ପାଇଥିଲେ। ୧୯୧୨ ମସିହାରେ ତତ୍‌କାଳୀନ ମହୀଶୂର ମହାରାଜା ତାଙ୍କୁ ମହୀଶୂର ରାଜ୍ୟର ଦେୱାନ ଭାବେ ମନୋନୀତ କରିଥିଲେ। ତାଙ୍କ କାର୍ଯ୍ୟକାଳରେ ସେ ମହୀଶୂର ରାଜ୍ୟର ଅର୍ଥନୈତିକ ଏବଂ ସାମାଜିକ ବ୍ୟବସ୍ଥାର ଉନ୍ନତି ପାଇଁ ବିଶେଷ ଧ୍ୟାନ ଦେଇଥିଲେ। ୧୯୩୦ ମସିହାରେ ସାର୍ ବିଶ୍ୱେଶ୍ୱରାୟା କ୍ରିଷ୍ଣାରାଜା ସାଗର ବନ୍ଧ ଉନ୍ନୟନ ଯୋଜନାର ମୁଖ୍ୟଯନ୍ତ୍ରୀ ଭାବରେ ଦାୟିତ୍ୱ ଗ୍ରହଣ କରିଥିଲେ। କାବେରୀ ନଦୀ ଉପରେ ନିର୍ମିତ ଏହି ବହୁମୁଖୀ ନଦୀବନ୍ଧ ଯୋଜନାର ଡିଜାଇନ୍ ଏବଂ ନିର୍ମାଣ କାର୍ଯ୍ୟର ସେ ବ୍ୟକ୍ତିଗତ ଭାବରେ ତଦାରଖ କରୁଥିଲେ। ଏହି ନଦୀବନ୍ଧ ଯୋଜନା ଏବଂ କେନାଲମାନ ନିର୍ମାଣ ହେବା ପରେ ସେହି ଅଞ୍ଚଳର ଜଳସେଚନ ଏବଂ କୃଷିଭିତ୍ତିକ ଯୋଜନାମାନଙ୍କରେ ବ୍ୟାପକ ଉନ୍ନତି ହୋଇଥିଲା। ଭାରତରେ ବ୍ରିଟିଶ ଶାସନ ସମୟରେ ରାଜା ପଞ୍ଚମ ଜର୍ଜ ତାଙ୍କର ବୁଦ୍ଧିମତା, କାର୍ଯ୍ୟକୁଶଳତା ଓ ସମାଜପ୍ରତି ତାଙ୍କର ଅବଦାନ ପାଇଁ ତାଙ୍କୁ "ନାଇଟ କମାଣ୍ଡର୍" ଉପାଧିରେ ଭୂଷିତ କରିଥିଲେ। ୧୯୫୫ ମସିହାରେ ଭାରତ ସରକାର ସାର୍ ବିଶ୍ୱେଶ୍ୱରାୟଙ୍କୁ "ଭାରତ ରତ୍ନ"ଉପାଧିରେ ଭୂଷିତ କରିଥିଲେ। ୧୯୬୨ ମସିହା ଏପ୍ରିଲ ୧୪ ତାରିଖରେ ସେ ଇହଲୀଳା ସମ୍ବରଣ କରିଥିଲେ।

ଅବସର ପ୍ରାପ୍ତ ସର୍ବୋଚ୍ଚ ଯନ୍ତ୍ରୀ ତଥା
ସ୍ୱତନ୍ତ୍ର ଶାସନ ସଚିବ ଜଳ ସମ୍ପଦ ବିଭାଗ
ଓଡ଼ିଶା

## ଦେବଶିଳ୍ପୀ ବିଶ୍ୱକର୍ମା



ପ୍ରତିବର୍ଷ କନ୍ୟା ସଂକ୍ରାନ୍ତି ଦିନ ବିଶ୍ୱକର୍ମା ପୂଜା ଅନୁଷ୍ଠିତ ହୋଇଥାଏ। ଧାର୍ମିକ ମାନ୍ୟତାନୁସାରେ, ଏହିଦିନ ଭଗବାନ ବିଶ୍ୱକର୍ମାଙ୍କ ଜନ୍ମ ହୋଇଥିଲା। ବିଶ୍ୱକର୍ମାଙ୍କୁ ବିଶ୍ୱର ପ୍ରଥମ ଯନ୍ତ୍ରୀ କୁହାଯାଏ। ସକଳ ଶିଳ୍ପକଳାର ସେ ଜନକ। ତାଙ୍କୁ ନିର୍ମାଣର ଅଧିଦେବତା ବୋଲି କୁହାଯାଏ। ବ୍ରହ୍ମାଙ୍କ ନିର୍ଦ୍ଦେଶନାରେ ଦେବଶିଳ୍ପୀ ବିଶ୍ୱକର୍ମା ସମଗ୍ର ସୃଷ୍ଟି ଅର୍ଥାତ ବିଶ୍ୱ ଭୁବନ ନିର୍ମାଣ କରିଥିଲେ। ଦେବତାମାନଙ୍କର ସମସ୍ତ ଶସ୍ତ୍ର, ବିମାନ ଆଦି ତାଙ୍କ ଦ୍ୱାରା ନିର୍ମିତ। ସ୍ୱର୍ଗର ଅମରାବତୀ ତାଙ୍କ ନିର୍ମାଣର ଶ୍ରେଷ୍ଠ ନିଦର୍ଶନ। ବିଶ୍ୱକର୍ମା ଇନ୍ଦ୍ରପୁରୀ, ଦ୍ୱାରିକା, ହସ୍ତିନାପୁର, ସ୍ୱର୍ଗଲୋକ, ସ୍ୱର୍ଣ୍ଣଲଙ୍କା ଆଦି ନିର୍ମାଣ କରିଛନ୍ତି। ସେଥିପାଇଁ ଏହି ଅବସରରେ ବିଭିନ୍ନ ଯନ୍ତ୍ର ତଥା ଯନ୍ତ୍ରପାତିର ପୂଜା କରାଯାଇଥାଏ।

ଏହିଦିନ କଳକାରଖାନା ଶିଳ୍ପ ପ୍ରତିଷ୍ଠାନରେ ବିଧିବିଧାନ ସହ ଭଗବାନ ବିଶ୍ୱକର୍ମାଙ୍କୁ ପୂଜା କରାଯାଇଥାଏ। ବିଭିନ୍ନ ଶିଳ୍ପକଳାରେ ଜଡ଼ିତ ଗୋଷ୍ଠୀ ବେଶ୍ ଜାକଜମକରେ ବିଶ୍ୱକର୍ମା ପୂଜା କରିଥାନ୍ତି। ବିଶ୍ୱକର୍ମାଙ୍କ ପୂଜା କରିବା ଦ୍ୱାରା ଭକ୍ତମାନଙ୍କର ସମସ୍ତ ମନୋକାମନା ପୂର୍ଣ୍ଣ ହୋଇଥାଏ। ଏହାସହ ବ୍ୟବସାୟରେ ମଧ୍ୟ ସୁଧାର ଆସିଥାଏ। କେବଳ ସେତିକି ନୁହେଁ, ବିଶ୍ୱକର୍ମାଙ୍କୁ ପୂଜା କରିବା ଦ୍ୱାରା ଘରେ ଧନ ସମ୍ପତ୍ତିର ଅଭାବ ରହି ନ ଥାଏ। ଚଳିତବର୍ଷ ଏହି ପୂଜା ସେପ୍ଟେମ୍ବର ୧୭ ତାରିଖରେ ପାଳନ କରାଯିବ।

## ସ୍ୱସ୍ତି



### ଆଶ୍ୱିନ ମାସର ନିୟମ

ଏବେ ଆଶ୍ୱିନ ମାସ ଚାଲିଛି। ହିନ୍ଦୁ ଧର୍ମରେ ଆଶ୍ୱିନ ମାସର ବିଶେଷ ମହତ୍ତ୍ୱ ଅଛି। ଏହି ମାସରେ ପୂଜା-ପାଠ କରିବା ଦ୍ୱାରା ବିଶେଷ ଫଳ ପ୍ରାପ୍ତି ହୁଏ। ଏହି ମାସରେ 'ପିତୃପକ୍ଷ', ଦେବୀ ପକ୍ଷ, 'ଶାରଦୀୟ ନବରାତ୍ରୀ', 'ବିଜୟଦଶମୀ', 'ନରକ ଚତୁର୍ଦ୍ଦଶୀ' ଭଳି ପର୍ବ ପାଳନ କରାଯାଏ।

- ଆଶ୍ୱିନ ମାସ ପିତୃପକ୍ଷ ଅବଧି ମଧ୍ୟରେ ପିତୃପୁରୁଷଙ୍କୁ ତର୍ପଣ ଓ ପିଣ୍ଡଦାନ କରିବା ଉଚିତ। ଏହା ଦ୍ୱାରା ବିଶେଷ ଫଳପ୍ରାପ୍ତି ହୁଏ।
- ସେହିପରି ପିତୃପକ୍ଷ ଶେଷ ସହ ଶାରଦୀୟ ନବରାତ୍ରୀ ଆରମ୍ଭ ହୁଏ। ଏହି ନଅଦିନ ଯାକ ମା' ଭଗବତୀଙ୍କ ଦିବ୍ୟରୂପକୁ ଉପାସନା କଲେ, ମନୋକାମନା ପୂରଣ ହୁଏ।
- ଆଶ୍ୱିନ ନବରାତ୍ର ସମୟରେ ପ୍ରତ୍ୟେକ ଦିନ ଦୁର୍ଗାସପ୍ତସତୀ ପାଠ କରିବା ଉଚିତ।
- ଏହି ମାସରେ ସ୍ନାନ-ଦାନ କରିବା ଦ୍ୱାରା ବିଶେଷ ଲାଭ ମିଳେ।
- ଏହି ମାସରେ ଗୁଡ଼ ଖାଇବା ଭଲ।
- ଆଶ୍ୱିନ ମାସରେ କ୍ଷୀର ଓ କଦଳୀ ଖାଇବା ମନା। ଏହାସହ ଆମିଷ, ବାଇଗଣ, ଚଣା, ସୋରିଷ ଶାଗ ନ ଖାଇବା ଭଲ।

### ପିତୃକର୍ମରେ ପଞ୍ଚବଳି ଶ୍ରାଦ୍ଧର ମହତ୍ତ୍ୱ

**ଚାଲିଛି ପିତୃପକ୍ଷ। ଏହି ୧୬ ଦିନ ସମ୍ପୂର୍ଣ୍ଣ ପିତୃପୁରୁଷଙ୍କୁ ସମର୍ପିତ। ଲୋକ ବିଶ୍ୱାସ ଅନୁଯାୟୀ, ଏହି ସମୟରେ ପୂର୍ବପୁରୁଷଗଣ ପିତୃଲୋକ ତ୍ୟାଗ କରି ନିଜ ନିଜର ଉତ୍ତର ପୁରୁଷଙ୍କ ଘରେ ଅବସ୍ଥାନ କରିଥାନ୍ତି। ଏହିପକ୍ଷରେ ପିତୃପୁରୁଷଙ୍କୁ ତର୍ପଣ ଓ ପିଣ୍ଡଦାନ କରାଯାଏ। ଏହି ପିତୃକର୍ମରେ ପଞ୍ଚବଳି ଶ୍ରାଦ୍ଧର ବିଶେଷ ମହତ୍ତ୍ୱ ଅଛି। ଏହା ବିନା ପିତୃକର୍ମ ଅନୁଷ୍ଠାନ ପୂରା ହୁଏ ନାହିଁ।**

ଧାର୍ମିକ ମାନ୍ୟତାନୁସାରେ, ପିତୃପକ୍ଷରେ ପୂର୍ବପୁରୁଷମାନେ ପଶୁପକ୍ଷୀଙ୍କ ରୂପରେ ଆସନ୍ତି। ଦିଆଯାଉଥିବା ଶ୍ରାଦ୍ଧକୁ ସେମାନେ ଏହି ରୂପରେ ସ୍ୱୀକାର କରନ୍ତି। ଏଥିରେ ତୃପ୍ତ ତଥା ପ୍ରସନ୍ନ ହୋଇ ସେମାନେ ପରିବାରକୁ ଆଶୀର୍ବାଦ ଦିଅନ୍ତି। ଶ୍ରାଦ୍ଧ ଭୋଜନ ପ୍ରସ୍ତୁତି ସମୟରେ କିଛି ଭାଗ ପିତୃପୁରୁଷଙ୍କ ପାଇଁ ଅଲଗା ରଖାଯାଏ। ଏହି ଭୋଜନକୁ ଅଲଗା ଅଲଗା ଭାଗରେ ବଣ୍ଟନ କରି ଗାଈ, କୁକୁର, କାଉ, ପିମ୍ପୁଡ଼ି, ଦେବତାଙ୍କୁ ଅର୍ପଣ କରାଯାଏ। ଏହି ପାଞ୍ଚ ଜଣଙ୍କ ପାଇଁ ଭୋଜନର ଯେଉଁ ଅଂଶ କାଢ଼ି ଅର୍ପଣ କରାଯାଏ, ଏହାକୁ ପଞ୍ଚବଳି କର୍ମ ବା ପଞ୍ଚବଳି ଶ୍ରାଦ୍ଧ କୁହାଯାଏ। ଏଠାରେ ବଳିର ଅର୍ଥ କୌଣସି ପ୍ରାଣୀ ବଳି କଥା କୁହାଯାଇ ନାହିଁ, ବରଂ ପିତୃପୁରୁଷଙ୍କ ନିମିତ୍ତ ୫ ଭାଗରେ ଆହର ଅର୍ପଣ କରିବାର ଏହା ହେଉଛି ପରମ୍ପରା। ଯାହା ମାଧ୍ୟମରେ ପିତୃପୁରୁଷ ତୃପ୍ତ ହୁଅନ୍ତି। ପଞ୍ଚବଳି କର୍ମ କରିବାର ବିଧି ମଧ୍ୟ ରହିଛି। ପଞ୍ଚବଳିରେ ୫ ଭାଗର ଅଲଗା ମହତ୍ତ୍ୱ ଅଛି। ଏଥିରେ କୁକୁର ଜଳ ତତ୍ତ୍ୱର ପ୍ରତୀକ ହୋଇଥିବା ବେଳେ ପିମ୍ପୁଡ଼ି ଅଗ୍ନି ତତ୍ତ୍ୱର, କାଉ ବାୟୁ ତତ୍ତ୍ୱର, ଗାଈ ପୃଥିବୀର ପ୍ରତିନିଧିତ୍ୱ କରୁଥିବା ବେଳେ ଦେବତା ଆକାଶର ପ୍ରତୀକ ହୋଇଥାନ୍ତି। ତେବେ ମାନବ ଶରୀର ଏହି ପଞ୍ଚ ତତ୍ତ୍ୱର ମିଶ୍ରଣରେ ତିଆରି ଏବଂ ମୃତ୍ୟୁ ପରେ ଶରୀର ଏହି ପଞ୍ଚ ତତ୍ତ୍ୱରେ ବିଲୀନ ହୋଇଥାଏ। ତେଣୁ ପଞ୍ଚବଳି ଶ୍ରାଦ୍ଧ ମାଧ୍ୟମରେ ଭୋଜନ ଏବଂ ଜଳ ଅର୍ପଣ କରାଯାଏ।



## ପିତୃପୁରୁଷଙ୍କୁ ପିଣ୍ଡଦାନ

**ଆଶ୍ୱିନ କୃଷ୍ଣ ପକ୍ଷ ପିତୃପକ୍ଷ ଭାବେ ପରିଚିତ। ଏହି ପକ୍ଷର ଶେଷଦିନ ଅର୍ଥାତ୍ ଅମାବାସ୍ୟା ତିଥିକୁ 'ମହାଳୟା' ଭାବେ ପାଳନ କରାଯାଏ। ପୂର୍ବପୁରୁଷଙ୍କ ଉଦ୍ଦେଶ୍ୟରେ ଏହିଦିନ ଅପରପକ୍ଷର ଶେଷ ଶ୍ରାଦ୍ଧ ଅର୍ପଣ କରାଯାଉଥିବାରୁ ଏହାକୁ ପିତୃପର୍ବ ବୋଲି କୁହାଯାଏ। ମହାଳୟା ଅମାବାସ୍ୟାରେ ପିତୃକୁଳ ଏବଂ ମାତୃକୁଳକୁ ପିଣ୍ଡଦାନ କରାଯାଏ। ପିଣ୍ଡଦାନ ଦ୍ୱାରା ପରଲୋକଗତ ଆତ୍ମାର ସଦ୍‌ଗତି ପ୍ରାପ୍ତି ହୋଇଥାଏ। ତେବେ ଧାର୍ମିକ ପରମ୍ପରା ଅନୁସାରେ, ପିତୃପୁରୁଷଙ୍କ ପାଇଁ ପାଳନ କରାଯାଉଥିବା ବିଭିନ୍ନ ଶ୍ରାଦ୍ଧକର୍ମ ମଧ୍ୟରେ ମହାଳୟା ସବୁଠୁ ଶ୍ରେଷ୍ଠ।**

ମହାଳୟାକୁ 'ସାମ୍ବତ୍ସରିକ ଶ୍ରାଦ୍ଧ', 'ପାର୍ବଣ ଶ୍ରାଦ୍ଧ' ଏବଂ 'ମଉଳା ଶ୍ରାଦ୍ଧ' ମଧ୍ୟ କୁହାଯାଏ। ଯଦି କୌଣସି ବ୍ୟକ୍ତି ନିଜ ପୂର୍ବପୁରୁଷଙ୍କ ଦେହାନ୍ତ ତିଥି ମନେ ରଖି ନାହାନ୍ତି, ସେମାନଙ୍କ ଶ୍ରାଦ୍ଧକର୍ମ ପିତୃପକ୍ଷର ଶେଷଦିନ ଅର୍ଥାତ୍ ମହାଳୟା ଅମାବାସ୍ୟାରେ କରାଯିବ ଉଚିତ। ମହାଳୟା ଶ୍ରାଦ୍ଧର ତର୍ପଣରେ ବ୍ରହ୍ମା, ବିଷ୍ଣୁ, ପ୍ରଜାପତି, ଆଚାର୍ଯ୍ୟ, ବେଦ, ଛନ୍ଦ, ଗନ୍ଧର୍ବଗଣ, ଦେବଗଣ, ପୁରୁଣାଚାର୍ଯ୍ୟ, ସମ୍ବତ୍ସର, ଶାବୟବ, ନାଗଗଣ, ଯକ୍ଷ, ଭକ୍ଷ, ପିଶାଚ, ବନସ୍ପତି, ଔଷଧ, ଭୂତଗ୍ରାମ, ଚତୁଃଷ୍ଟୟ ଏବଂ ପୃଥିବୀ ଇତ୍ୟାଦି କୋଡ଼ିଏ ଦେବଗଣଙ୍କୁ ଗୋଟିଏ ଥର ତର୍ପଣ, ସନତ, ସନ୍ଦନ, ସନାତନ, କପିଳ, ଆସୁରୀ, ଡୋବୁ ଏବଂ ପଞ୍ଚଶିଖ ଇତ୍ୟାଦି ସପ୍ତ ଋଷିଙ୍କୁ ଦୁଇଥର ତର୍ପଣ ଏବଂ ପିତୃପୁରୁଷଗଣଙ୍କୁ ତିନିଥର ତର୍ପଣରେ ଆପ୍ୟାୟିତ କରାଯାଏ। ପିତୃ ତର୍ପଣରେ ପିତାଙ୍କୁ ରୁଦ୍ର ରୂପେ, ପିତାମହଙ୍କୁ ବସୁ ରୂପେ ଏବଂ ପ୍ରପିତାମହଙ୍କୁ ଆଦିତ୍ୟ ରୂପେ କଳ୍ପିତ କରାଯାଏ। ପିଣ୍ଡଦାତାଙ୍କ ଆଳୟରେ ସର୍ବଦେବ, ଋଷି ଏବଂ ପିତୃପୁରୁଷଙ୍କ ଉପସ୍ଥିତି ହେତୁ ଏହାକୁ ମହାଳୟା ଶ୍ରାଦ୍ଧ କୁହାଯାଏ।

କିମ୍ବଦନ୍ତୀ ଅନୁସାରେ, ମହାଦାନୀ କର୍ଣ୍ଣଙ୍କର ଦାତାପଣିଆର ପୁରସ୍କାର ସ୍ୱରୂପ ଯମପୁରରେ ତାଙ୍କୁ ସୁନା, ରୁପା ମିଳିଥିଲା। କିନ୍ତୁ ଖାଦ୍ୟ ଦିଆଯାଇ ନ ଥିଲା। କାରଣ ସେ ଜୀବିତାବସ୍ଥାରେ କେବେ ଅନ୍ନଦାନ କରି ନ ଥିଲେ। ଯମରାଜଙ୍କୁ ପ୍ରାର୍ଥନା କରି ସେ ଚଉଦ ଦିନ ପାଇଁ ମର୍ତ୍ତ୍ୟମଣ୍ଡଳକୁ ଆସି ବ୍ରାହ୍ମଣ ତଥା ଗରିବମାନଙ୍କୁ ଅନ୍ନଦାନ କରିଥିଲେ। ଫଳରେ ଯମପୁର ଫେରିବା ପରେ ତାଙ୍କୁ ଆଉ ଅନ୍ନରୁ ବଞ୍ଚିତ କରାଯାଇ ନ ଥିଲା। ତେବେ ମର୍ତ୍ତ୍ୟଲୋକରେ କର୍ଣ୍ଣ କଟାଇଥିବା ସେହି ଚଉଦ ଦିନ ଥିଲା ପିତୃପକ୍ଷ। ଏହି ଶ୍ରାଦ୍ଧରେ ସନ୍ତୁଷ୍ଟ ହେଲେ ପିତୃଗଣ ସେମାନଙ୍କ ଦାୟାଦମାନଙ୍କୁ ଆଶୀର୍ବାଦ ଢ଼ାଳିଥାନ୍ତି ବୋଲି ମାର୍କଣ୍ଡ ପୁରାଣରେ ଉଲ୍ଲେଖ ରହିଛି। ପିତୃପକ୍ଷରେ ଗୟାରେ ପିଣ୍ଡଦାନର ବିଶେଷ ମହତ୍ତ୍ୱ ରହିଥାଏ। ସେହିପରି ଓଡ଼ିଶାର ବିଭିନ୍ନ ଘାଟରେ ପିଣ୍ଡଦାନ କରିବାର ପରମ୍ପରା ଅଛି। ଅନ୍ୟପଟେ ମହାଳୟା ପରଦିନରୁ ଆଶ୍ୱିନ ଶୁକ୍ଳ ପ୍ରତିପଦାରୁ ଆରମ୍ଭ ହୋଇଥାଏ ନବରାତ୍ରୀ।

## ଏସିଆ କପ୍: ୭ ୱିକେଟରେ ଭାରତର ଦମ୍‌ଦାର ବିଜୟ

# ଦୁବାଇରେ ଧୂଳି ଚାଟିଲା ପାକିସ୍ତାନ

ଦୁବାଇ,୧୪।୯ (ଏଜେନ୍ସି)

ବୋଲରଙ୍କ ଚମତ୍କାର ଓ ବ୍ୟାଟରଙ୍କ ବିସ୍ଫୋରକ ପ୍ରଦର୍ଶନ ବଳରେ ଏଠାରେ ରବିବାର ଅନୁଷ୍ଠିତ ଏସିଆ କପ୍ ଗ୍ରୁପ୍-ବି'ର ହାଇଭୋଲଟେଜ୍ ମ୍ୟାଚ୍‌ରେ ଭାରତ ତାହାର ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ପାକିସ୍ତାନକୁ ୭ ୱିକେଟରେ ପରାସ୍ତ କରିଛି। ଏହି ମ୍ୟାଚ୍‌ରେ ଭାରତୀୟ ସ୍ପିନର କୁଲଦୀପ ଯାଦବ ଓ ଅକ୍ଷର ପଟେଲ ମିଳିତଭାବେ ୫ଟି ଓ ଯଶପ୍ରୀତ୍ ବୁମ୍‌ରା ଆଉ ୨ଟି ୱିକେଟ ନେବା ଫଳରେ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ପାକିସ୍ତାନ ନିର୍ଦ୍ଧାରିତ ୨୦ ଓଭରରେ ୯ ୱିକେଟ ହରାଇ କରିଥିଲା ୧୨୭ ରନ୍। ଜବାବରେ ୧୨୮ ରନ୍‌ର ଲକ୍ଷ୍ୟକୁ ପିଛା କରି ଭାରତ ୧୫.୫ ଓଭରରେ ୩ ୱିକେଟ ହରାଇ ବିଜୟ ଲକ୍ଷ୍ୟରେ ପହଞ୍ଚିଲା। ଦଳ ପକ୍ଷରୁ ଅଭିଷେକ ଶର୍ମା ୩୧, ତିଳକ ବର୍ମା ୩୧ ଓ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଅପରାଜିତ ୪୭ ରନ୍ କରିଥିଲେ। ପ୍ରଥମ ମ୍ୟାଚ୍‌ରେ ୟୁଏଇକୁ ୯ ୱିକେଟରେ ହରାଇଥିବା ଭାରତ ଗ୍ରୁପ୍-ଏ'ରେ କ୍ରମାଗତ ଦ୍ୱିତୀୟ ବିଜୟ ସହ ପ୍ରଥମ ଦଳ ଭାବେ ସୁପର-୪'ରେ ପ୍ରବେଶ କରିଛି। ଆସନ୍ତା ୧୯ ତାରିଖରେ ଓମାନ ସହ ଭାରତ ତାହାର ଶେଷ ଗ୍ରୁପ୍ ଲିଗ୍ ମ୍ୟାଚ୍ ଖେଳିବ। ପାକିସ୍ତାନ ବିପକ୍ଷ ଆଜିର ମୁକାବିଲାରେ ୪ ଓଭର ବୋଲିଂ କରି ୧୮ ରନ୍‌ରେ ୩ଟି ୱିକେଟ ନେଇଥିବା ଭାରତର ବାମହାତୀ ସ୍ପିନର କୁଲଦୀପ ଯାଦବ ପୁଣିଥରେ ମ୍ୟାଚ୍ ବିଜେତା ସାବ୍ୟସ୍ତ ହୋଇଛନ୍ତି।

ଏଠାରେ ପାକିସ୍ତାନ ପ୍ରଦତ୍ତ ୧୨୮ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଭାରତୀୟ ବ୍ୟାଟର ଧୂଆଁଧାର ଆରମ୍ଭ କରିଥିଲେ। ବିଶେଷ କରି ଅଭିଷେକ ଶର୍ମା ତାଙ୍କ ଟ୍ରେଡମାର୍କ ଷ୍ଟାଇଲ୍‌ରେ ବ୍ୟାଟିଂ କରିଥିଲେ। ସେ ୧୩ ବଲ୍‌ରେ ୪ଚୌକା ଓ ୨ଛକା ସହ ୩୧ ଓ ତିଳକ ବର୍ମା ୩୧ ବଲ୍‌ରେ ୩୧ ରନ୍ କରି ଆଉଟ ହୋଇଥିଲେ। ଶୁବମନ ଗିଲ୍ (୧୦)ଙ୍କୁ ବୋକା ବନାଇ ଆଉଟ କରିଥିଲେ। ଏହି ୩ଜଣ ଖେଳାଳିଙ୍କୁ ଆଉଟ କରିଥିଲେ ଯୁବ ଅଫ୍ ସ୍ପିନର ସାଏମ ଆୟୁବ। ଅଧିନାୟକ ସୂର୍ଯ୍ୟକୁମାର ଯାଦବ (ଅପରାଜିତ ୪୧ରନ୍, ୩୭ ବଲ, ୫ ଚୌକା, ୧ଛକା) ଛକା ମାରି ଭାରତକୁ ଏହି ବିଜୟ ପ୍ରଦାନ କରିଥିଲେ।

ପୂର୍ବରୁ ପାକିସ୍ତାନ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବା ପରେ ଭାରତୀୟ ବୋଲରଙ୍କୁ ମୁକାବିଲା କରି ନପାରି ଜଣଙ୍କ ପରେ ଜଣେ ଆଉଟ ହୋଇଥିଲେ। ଦଳ ୯ ୱିକେଟରେ ୧୨୭ ରନ୍ କରିଥିଲା। ଯୁବ ଓପନର ସାହିବଜାଦା ଫରହିନ୍ ସର୍ବାଧିକ ୪୦ ଓ ଫକର ଜମାନ ୧୭ ରନ୍ କରିଥିଲେ। କିନ୍ତୁ ଶେଷ ଭାଗରେ ସାହିନ ଆଫ୍ରିଦି ୧୬ ବଲ୍‌ରେ ୪ଛକା ସହ ଅପରାଜିତ ୩୩ ରନ୍ କରିବା ଫଳରେ ପାକିସ୍ତାନ ୧୦୦ ରନ୍ ଅତିକ୍ରମ କରିଥିଲା। ଭାରତ ପକ୍ଷରୁ ସ୍ପିନରମାନେ ୬ଟି ଓ ପେସ୍ ବୋଲର ୩ଟି ୱିକେଟ ପାଇଥିଲେ।



### ସଂକ୍ଷିପ୍ତ ସ୍କୋର

ପାକିସ୍ତାନ: ୧୨୭/୯, ୨୦ ଓଭର (ଫରହାନ- ୪୦, ଆଫ୍ରିଦୀ- ୩୩, ଫାଖର- ୧୭, କୁଲଦୀପ୍- ୩/୧୮, ଅକ୍ଷର- ୨/୧୮, ବୁମରା- ୨/୨୮)
ଭାରତ: ୧୩୧/୩, ୧୫.୫ ଓଭର (ଅଭିଷେକ- ୩୧, ସୂର୍ଯ୍ୟକୁମାର-୪୭, ତିଳକ- ୩୧, ଗିଲ୍- ୧୦, ଆୟୁବ- ୨/୧୯)

### ଫାଙ୍କା ପଡ଼ିଲା ଷ୍ଟାଡିୟମ୍

ଦୁବାଇ: ଏଠାରେ ଆଜି ଖେଳାଯାଇଥିବା ଭାରତ ଓ ପାକିସ୍ତାନ କ୍ରିକେଟ ମୁକାବିଲାରେ ଷ୍ଟାଡିୟମ୍ ଫାଙ୍କା ପଡ଼ିବାର ଦେଖାଯାଇଥିଲା। ଯେଉଁ ମ୍ୟାଚ୍ ଦେଖିବା ଲାଗି ଦୁଇ ଦେଶର ସମର୍ଥକଙ୍କ ସମେତ ବାହାର ଦେଶର ଦର୍ଶକ ଅପେକ୍ଷା କରିଥାନ୍ତି, ସେହି ମ୍ୟାଚ୍‌ରେ ୨୫,୦୦୦ କ୍ଷମତା ବିଶିଷ୍ଟ ଷ୍ଟାଡିୟମ୍ ଫାଙ୍କା ପଡ଼ିବା ନିଶ୍ଚିତ ଭାବେ ଏହି ମୁକାବିଲା ପ୍ରତି ଆକର୍ଷଣ କମିଯାଇଛି। ବିଶେଷକରି ପହଲଗାମ୍‌ରେ ଭାରତୀୟ ପର୍ଯ୍ୟଟକଙ୍କୁ ପାକିସ୍ତାନୀ ସନ୍ତ୍ରାସବାଦୀଙ୍କ ହତ୍ୟା, ଏହା ବିରୋଧରେ ଭାରତୀୟଙ୍କ କ୍ରୋଧ ଏହି ମ୍ୟାଚ୍ ପ୍ରତି ଆକୃଷ୍ଟ ନ ହେବାକୁ ସ୍ୱତଃସ୍ଫୂର୍ତ୍ତ ପ୍ରବର୍ତ୍ତାଇଛି। ମ୍ୟାଚ୍‌କୁ ବୟକଟ କରିବାକୁ ମୃତ ପର୍ଯ୍ୟଟକଙ୍କ ପରିବାରର ନିବେଦନ, ଷ୍ଟାଡିୟମ୍‌ରେ ଅହେତୁକ ଟିକଟ ବୃଦ୍ଧି (ପ୍ୟାକେଜ ସିଷ୍ଟମ) ମଧ୍ୟ ଦର୍ଶକଙ୍କୁ ଷ୍ଟାଡିୟମ୍‌ରୁ ମୁହଁ ଫେରାଇନେବାକୁ ଖୋରାକ ଯୋଗାଇଛି। ଭାରତ ଏହି ଟୁର୍ଣ୍ଣାମେଣ୍ଟର ଆୟୋଜକ ହୋଇଥିବାରୁ ଆର୍ôଥକ ଦୃଷ୍ଟିରୁ କ୍ଷତିଗ୍ରସ୍ତ ହେବ। କେବଳ ଏହି ମ୍ୟାଚ୍ ନୁହେଁ ପ୍ୟାକେଜ ସିଷ୍ଟମ ଯୋଗୁଁ ଷ୍ଟାଡିୟମ୍‌ରେ ଦର୍ଶକଙ୍କ ଉପସ୍ଥିତି ଅତି ନଗଣ୍ୟ ହୋଇଛି। ଦର୍ଶକଙ୍କ ଅନୁପସ୍ଥିତି ସତ୍ତ୍ୱେ ଉଭୟ ଦେଶର ସମର୍ଥକ ଏହି ମ୍ୟାଚ୍‌କୁ ଟେଲିଭିଜନରେ ଉପଭୋଗ କରିଛନ୍ତି।

| ଆଜିର ମ୍ୟାଚ୍ | ୟୁଏଇ-ଓମାନ୍ |
|---|---|
| | ଭେନ୍ୟୁ : ଆବୁଧାବି |
| | ଖେଳ ଆରମ୍ଭ : ସନ୍ଧ୍ୟା ୫.୩୦ |
| | ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ |

■ ଓଡ଼ିଶା ପ୍ରୋ ଟି-୨୦ ଲିଗ୍

## ଟାଇଗର୍ସ-ପାନ୍ଥର୍ସ ଉଦ୍‌ଘାଟନୀ ମୁକାବିଲା

କଟକ,୧୪।୯ (ସମିସ): ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏବଂ ଆରିଭା ସ୍ପୋର୍ଟସର ମିଳିତ ଆନୁକୂଲ୍ୟରେ ଆସନ୍ତା ୧୭ରୁ କଟକ ବାରବାଟୀ ଷ୍ଟାଡିୟମରେ ଓଡ଼ିଶା ପ୍ରୋ ଟି-୨୦ ଲିଗ୍ ଖେଳାଯିବ। ସୂର୍ଯ୍ୟକାନ୍ତ ପ୍ରଧାନଙ୍କ ନେତୃତ୍ୱାଧୀନ ଭୁବନେଶ୍ୱର ଟାଇଟନ୍ସ ଏବଂ ସ୍ୱସ୍ତିକ ସାମଲଙ୍କ ନେତୃତ୍ୱାଧୀନ କଟକ ପାନ୍ଥର୍ସ ମଧ୍ୟରେ ଉଦ୍‌ଘାଟନୀ ମୁକାବିଲା ହେବ। ପ୍ରଥମ ଦିବସରେ ଗୋଟିଏ ମ୍ୟାଚ୍ ରହିଛି। ପରେ ୧୮ରୁ ୨୪ ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେକ ଦିନ ୨ଟି ଲେଖାଏ ଲିଗ୍ ମ୍ୟାଚ୍ ଖେଳାଯିବ। ୨୫ ତାରିଖରେ ଦୁଇଟି ଯାକ ସେମିଫାଇନାଲ ମ୍ୟାଚ୍ ଏବଂ ୨୬ ତାରିଖରେ ଫାଇନାଲ ମୁକାବିଲା ହେବ ବୋଲି ଆଜି ଓସିଏ ପକ୍ଷରୁ ପ୍ରେସ ବିବୃତ୍ତି ମାଧ୍ୟମରେ ସୂଚନା ଦିଆଯାଇଛି।


## ବିଜୟ ଦ୍ୱାରରେ କେନ୍ଦ୍ରାଞ୍ଚଳ

ବେଙ୍ଗାଲୁରୁ, ୧୪।୯ (ଏଜେନ୍ସି): କେନ୍ଦ୍ରାଞ୍ଚଳ ଓ ଦକ୍ଷିଣାଞ୍ଚଳ ମଧ୍ୟରେ ଏଠାରେ ଚାଲିଥିବା ଦୁଲୀପ୍ ଟ୍ରଫି ଫାଇନାଲ ମୁକାବିଲା ଏକତରଫା ଭାବେ ଶେଷ ହେବା ଦ୍ୱାରରେ ପହଞ୍ଚିଛି। ସୋମବାର ମ୍ୟାଚ୍‌ର ଅନ୍ତିମ ତଥା ୫ମ ଦିବସ ହୋଇଥିବାବେଳେ କେନ୍ଦ୍ରାଞ୍ଚଳ ସାମ୍ନାରେ ବିଜୟ ଲକ୍ଷ୍ୟ ମାତ୍ର ୬୫ ରନ ରହିଛି। ତେଣୁ ୧୧ ବର୍ଷ ପରେ ଏହି ସମ୍ମାନଜନକ ଟ୍ରଫି ଜିତିବା ଲାଗି କେନ୍ଦ୍ରାଞ୍ଚଳ ନିକଟରେ ସୁବର୍ଣ୍ଣ ସୁଯୋଗ ରହିଛି। ଶେଷଥର ଲାଗି କେନ୍ଦ୍ରାଞ୍ଚଳ ୨୦୧୪-୧୫ ସିଜନରେ ଦୁଲୀପ୍ ଟ୍ରଫି ବିଜୟୀ ହୋଇଥିଲା। ୩୬୨ ରନ ପଛରେ ଥାଇ ଦ୍ୱିତୀୟ ପାଳି ଆରମ୍ଭ କରିଥିବା ଦକ୍ଷିଣାଞ୍ଚଳ ଶନିବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ୨ ୱିକେଟ୍‌ରେ ୧୨୯ ରନ କରିଥିଲା। ରବିବାର ଚତୁର୍ଥ ଦିବସରେ ଦକ୍ଷିଣାଞ୍ଚଳର ବ୍ୟାଟର୍‌ମାନେ ମିଳିତ ଭାବେ ଲଢୁଆ ପ୍ରଦର୍ଶନ କରିବାରୁ ଦଳ ୪୨୬ ରନର ଏକ ସମ୍ମାନଜନକ ସ୍କୋର କରିପାରିଥିଲା। ଫଳରେ କେନ୍ଦ୍ରାଞ୍ଚଳ ଆଗରେ ୬୫ ରନର ଛୋଟିଆ ଲକ୍ଷ୍ୟ ଧାର୍ଯ୍ୟ ହୋଇଛି। ଦ୍ୱିତୀୟ ପାଳିରେ ଦକ୍ଷିଣାଞ୍ଚଳ ପକ୍ଷରୁ ଅଙ୍କିତ ଶର୍ମା ୯୯, ଆନ୍ଦ୍ରେ ସିଦ୍ଧାର୍ଥ ୮୪, ସ୍ମରଣ ରବିଚନ୍ଦ୍ରନ ୬୭ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ପୂର୍ବରୁ ଏହି ମ୍ୟାଚରେ ଦକ୍ଷିଣାଞ୍ଚଳ ପ୍ରଥମ ପାଳିରେ ୧୪୯ ଓ କେନ୍ଦ୍ରାଞ୍ଚଳ ୫୧୧ ରନ କରିଥିଲା।

## ଡେଭିସ୍ କପ୍ ମୁଖ୍ୟ ଡ୍ର'ରେ ଭାରତ

ନୂଆଦିଲ୍ଲୀ,୧୪।୯ (ଏଜେନ୍ସି): ସ୍ୱିଜରଲାଣ୍ଡକୁ ୩-୧ ରେ ପରାସ୍ତ କରି ଭାରତ ୱାର୍ଲ୍ଡ ଗ୍ରୁପ୍-୧ ଡେଭିସ୍ କପ୍ ମୁକାବିଲା ଲାଗି ଯୋଗ୍ୟତା ଅର୍ଜନ କରିଛି। ଏହା ଫଳରେ ଭାରତ ବିଦେଶ ମାଟିରେ ୧୯୯୩ ପରେ ପ୍ରଥମଥର କୌଣସି ୟୁରୋପୀୟ ଦେଶକୁ ପରାସ୍ତ କରିବାର ଗୌରବ ଲାଭ କରିଛି। ୧୯୯୩ କ୍ୱାର୍ଟର ଫାଇନାଲରେ ଫ୍ରାନ୍ସକୁ ଶେଷଥର ଲାଗି ବିଦେଶ ମାଟିରେ ପରାସ୍ତ କରିଥିଲା। ସେହିପରି କୌଣସି ୟୁରୋପୀୟ ଦଳକୁ ଯଥା ଡେନ୍‌ମାର୍କକୁ ୨୦୨୨ ଦିଲ୍ଲୀରେ ହରାଇଥିଲା।

## ସୁଟିଂ ବିଶ୍ୱକପ୍‌ରେ ଭାରତ ୫ମ



ନିନ୍‌ବୋ,୧୪।୯ (ଏଜେନ୍ସି): ଭାରତର ମେଘନା ସାଜନର ଚୀନର ନିନ୍‌ବୋରେ ଚାଲିଥିବା ବର୍ଷର ଶେଷ ଟୁର୍ଣ୍ଣାମେଣ୍ଟ ବା ଆଇଏସ୍‌ଏସ୍‌ଏଫ୍ ସୁଟିଂ ବିଶ୍ୱକପ୍‌ରେ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ଗତକାଲି ଇଶା ସିଂ ସ୍ୱର୍ଣ୍ଣପଦକ ଜିତିଥିଲାବେଳେ ଭାରତ ଏହି ପ୍ରତିଯୋଗିତାରେ ୫ମ ସ୍ଥାନ ଅଧିକାର କରିଛି। ୩ ସ୍ୱର୍ଣ୍ଣ ସହ ଚୀନ୍ ପ୍ରଥମ ଓ ୨ ସ୍ୱର୍ଣ୍ଣ ସହ ନରୱେ ଦ୍ୱିତୀୟ ସ୍ଥାନରେ ରହିଛି। ଏହି ପ୍ରତିଯୋଗିତାରେ ୧୦ଟି ଇଭେଣ୍ଟରେ ପ୍ରତିଯୋଗିତା ଆୟୋଜିତ ହୋଇଥିଲା।

## ସ୍କୁଲ ଚେସ୍‌ରେ ଶିବମ୍ ବିଜେତା



ଭୁବନେଶ୍ୱର,୧୪।୯ (ସମିସ): ଚନ୍ଦ୍ରଶେଖରପୁର ଡିଏଭି ପବ୍ଲିକ୍ ସ୍କୁଲ୍‌ର ଜେଭି ଶିବମ ସ୍ୱିଗ୍ମା ଏକାଡେମୀ ଆନୁକୂଲ୍ୟରେ ଅନୁଷ୍ଠିତ ପ୍ରଥମ ସ୍କୁଲ ଓପନ ଚେସ୍ ପ୍ରତିଯୋଗିତାରେ ବିଜେତା ହୋଇଛନ୍ତି। ସେ ଗୋଟିଏ ଦିନରେ ଖେଳାଯାଇଥିବା ୫ ରାଉଣ୍ଡ ବିଶିଷ୍ଟ ଖେଳରେ ୫ ପଏଣ୍ଟ ପାଇ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି। କଟକର ସତ୍ୟମ ସ୍ୱରୂପ ସାହୁ ରନର୍ସଅପ୍, ପଟିଆର ଦିବ୍ୟାଂଶୁ ପଶାୟତ ତୃତୀୟ, ଭୁବନେଶ୍ୱର କେଭି ନଂ-୧ର ସ୍ୱସ୍ତିକ ତ୍ରିପାଠୀ ଚତୁର୍ଥ ଓ ଆୟୋଜକ ଚନ୍ଦ୍ରଶେଖରପୁର ଡିଏଭିର ଆଶୁତୋଷ ଅରୁଣ ଦାସ ୫ମ ସ୍ଥାନ ଅଧିକାର କରିଥିଲେ। ଟୁର୍ଣ୍ଣାମେଣ୍ଟ ଆୟୋଜକ ସ୍ୱିଗ୍ମା ଏକାଡେମୀର ଏମ୍‌ଡି ବିଚିତ୍ରା ରଥ ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଆର୍ବିଟର ଦେବାଶିଷ ପାଣିଗ୍ରାହୀ ଓ ମନୋଜ କୁମାର ବେହେରା ସମ୍ମାନିତ ଅତିଥିଭାବେ ଉପସ୍ଥିତ ଥିଲେ। ଏକାଡେମୀ ପକ୍ଷରୁ କୃତୀ ପ୍ରତିଯୋଗୀଙ୍କୁ ଟ୍ରଫି ଓ ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା।

ୱାର୍ଲ୍ଡ ବକ୍ସିଂ ଚାମ୍ପିଅନସିପ୍

## ଭାରତର ଜୟସ୍ମିନ, ମିନାକ୍ଷୀଙ୍କୁ ସ୍ୱର୍ଣ୍ଣ





ନୂଆଦିଲ୍ଲୀ,୧୪।୯ (ଏଜେନ୍ସି): ଇଂଲଣ୍ଡର ଲିଭରପୁଲଠାରେ ଶେଷ ହୋଇଥିବା ୱାର୍ଲ୍ଡ ବକ୍ସିଂ ଚାମ୍ପିଅନସିପ୍‌ରେ ଭାରତର ଦୁଇ ମହିଳା ପ୍ରତିଯୋଗୀ ଜୟସ୍ମିନ୍ ଲାମ୍ବୋରିଆ ଓ ମିନାକ୍ଷୀ ହୁଡା ସ୍ୱର୍ଣ୍ଣପଦକ ଜିତି ଇତିହାସ ସୃଷ୍ଟି କରିଛନ୍ତି। ଏମାନେ ଭାରତର ପ୍ରଥମ ଦୁଇ ମହିଳା ଯିଏକି ଚଳିତ ୱାର୍ଲ୍ଡ ବକ୍ସିଂ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣପଦକ ବିଜୟୀ ହେବାରେ ଗୌରବ ଲାଭ କରିଛନ୍ତି। ଏହି ପ୍ରତିଯୋଗିତାରେ ଭାରତର ଆଉ ଦୁଇ ଜଣ ମହିଳା ପ୍ରତିଯୋଗୀ ନୁପୁର ରୌପ୍ୟ ଓ ପୂଜା ରାଣୀ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଏହା ଫଳରେ ଭାରତ ଏହି ପ୍ରତିଯୋଗିତାରେ ୨ଟି ସ୍ୱର୍ଣ୍ଣ, ଗୋଟିଏ ରୌପ୍ୟ ଓ ଗୋଟିଏ କାଂସ୍ୟ ସହ ମୋଟ ୪ଟି ପଦକ ଜିତି ସମ୍ମାନର ସହ ସ୍ୱଦେଶ ଫେରିଛି। କିନ୍ତୁ ପ୍ରଥମଥର ଲାଗି ପୁରୁଷ ବକ୍ସରମାନେ ଗୋଟିଏ ହେଲେ ପଦକ ଜିତିବାକୁ ସମର୍ଥ ହୋଇନାହାନ୍ତି।

ଶନିବାର ରାତି ଥିଲା ଭାରତୀୟ ମହିଳା ବକ୍ସିଂ ଲାଗି ଇତିହାସର ଦିନ। ଏହି ଦିନ ମହିଳା ୫୭ କିଲୋଗ୍ରାମ ଲଢ଼େଇରେ ଜୟସ୍ମିନ୍ ଅଲିମ୍ପିକ ରୌପ୍ୟ ପଦକ ବିଜେତା ପୋଲାଣ୍ଡର ଯୁଲିଆ ଜେରେମେଟାଙ୍କୁ ପରାସ୍ତ କରି ପ୍ରଥମଥର ଲାଗି ସ୍ୱର୍ଣ୍ଣପଦକ ଜିତିବା ସହ ଇତିହାସ ସୃଷ୍ଟି କରିଥିଲେ। ଏହା ପରେ ମହିଳା ୮୦ କେଜିରୁ ଉଦ୍ଧ୍ୱ ବିଭାଗ ଫାଇନାଲରେ ନୁପୁର ହାରିଯିବାରୁ ରୌପ୍ୟ ପଦକରେ ସନ୍ତୁଷ୍ଟ ହୋଇଥିଲେ। ରବିବାର ପ୍ରତିଯୋଗିତାର ଶେଷ ଦିନରେ ମିନାକ୍ଷୀ ୪୮ କିଲୋଗ୍ରାମ୍ ଶ୍ରେଣୀରେ ସ୍ୱର୍ଣ୍ଣପଦକ ଜିତି ଭାରତର ଗୌରବକୁ ଆହୁରି ବଢ଼ାଇଦେଇଥିଲେ। ଫାଇନାଲରେ ସେ କାଜାକସ୍ତାନର ନାଜିମ କିଜେବେଙ୍କୁ ୪-୧ରେ ପରାସ୍ତ କରିଥିଲେ। ଜୟସ୍ମିନ୍ ମଧ୍ୟ ୪-୧ ବ୍ୟବଧାନରେ ଜିତିଥିଲେ। ୨୦୨୨ ଏସିଆନ୍ ଚାମ୍ପିଅନସିପ୍‌ରେ ମିନାକ୍ଷୀ ରୌପ୍ୟ ପଦକ ଜିତିଥିଲେ। ଉଭୟ ଜୟସ୍ମିନ୍ ଓ ମିନାକ୍ଷୀ ହରିଆଣାର ବାସିନ୍ଦା। ଜୟସ୍ମିନ୍ ଜଣେ ବକ୍ସିଂ ପରିବାରୁ ଆସିଥିଲାବେଳେ ମିନାକ୍ଷୀ ଜଣେ ଅଟୋ ଡ୍ରାଇଭରଙ୍କ ଝିଅ। ଏମାନଙ୍କ ସଫଳତା ଭାରତର ମହିଳା ବକ୍ସିଂକୁ ଆଉ ପାଦେ ଆଗେଇ ନେବାରେ ସହାୟତା କରିବ। ଏମାନଙ୍କ ପୂର୍ବରୁ ଭାରତର ମେରୀ କମ୍ ୬ଥର, ନିଖତ ଜରିନ୍ ୨ଥର, ସରିତା ଦେବୀ, ଜେନ୍ନି ଆର୍‌ଏଲ୍, ନୀତୁ ଘାଙ୍ଗାସ, ଲଭଲିନା ବୋରୋଗୋହାଇଁ ଓ ସ୍ୱିଟି ବୋରା ଥରେ ଲେଖାଏଁ ସ୍ୱର୍ଣ୍ଣପଦକ ବିଜୟୀ ହୋଇଛନ୍ତି।

ମହିଳା ଦିନିକିଆ ସିରିଜ୍

## ପ୍ରଥମ ମ୍ୟାଚ୍‌ରେ ଅଷ୍ଟ୍ରେଲିଆଠୁ ହାରିଲା ଭାରତ

ଚଣ୍ଡିଗଡ଼, ୧୪।୯ (ଏଜେନ୍ସି): ଭ୍ରମଣକାରୀ ଅଷ୍ଟ୍ରେଲିଆ ମହିଳା କ୍ରିକେଟ୍ ଦଳ ବିପକ୍ଷରେ ରବିବାରଠାରୁ ଏଠାରେ ଆରମ୍ଭ ହୋଇଥିବା ଦିନିକିଆ ସିରିଜର ପ୍ରଥମ ମ୍ୟାଚରେ ଭାରତ ପରାସ୍ତ ହୋଇଛି। ଭାରତୀୟ ମହିଳା କ୍ରିକେଟ୍ ଦଳ ଏହି ମ୍ୟାଚକୁ ୮ ୱିକେଟ୍‌ରେ ହାରିଯାଇଥିଲା। ଭାରତ ପକ୍ଷରୁ ଧାର୍ଯ୍ୟ ୨୮୧ ରନର ବଡ଼ ଲକ୍ଷ୍ୟକୁ ଅଷ୍ଟ୍ରେଲିଆ ୪୪.୧ ଓଭରରେ ୨ ୱିକେଟ୍ ହରାଇ ହାସଲ କରିନେଇଥିଲା। ବିଜୟୀ ଅଷ୍ଟ୍ରେଲିଆ ମହିଳା ଦଳ ପକ୍ଷରୁ ଓପନର୍ ଫୋଏବ ଲିଚଫିଲ୍ଡ (୮୮ ରନ), ବେଥ୍ ମୁନୀ (୭୭) ଓ ଆନାବେଲ୍ ସଦରଲାଣ୍ଡ (୫୪) ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଭାରତୀୟ ଖେଳାଳିମାନେ ଦୁର୍ବଳ ଫିଲ୍ଡିଂ କରି ଏକାଧିକ କ୍ୟାଚ୍ ହାତଛଡ଼ା କରିବା ମହଙ୍ଗା ପଡ଼ିଥିଲା। ପୂର୍ବରୁ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ଭାରତୀୟ ମହିଳା ଦଳ ସମସ୍ତ ବ୍ୟାଟର୍‌ଙ୍କ ଉପଯୋଗୀ ପାଳି ଯୋଗୁ ୫୦ ଓଭରରେ ୭ ୱିକେଟ୍ ହରାଇ ୨୮୧ ରନ କରିଥିଲା। ବ୍ୟାଟିଂକ୍ରମର ପ୍ରଥମ ୩ଜଣ ବ୍ୟାଟର୍ ପ୍ରତୀକା ରାୱଲ ୬୪, ସ୍ମୃତି ମନ୍ଧାନା ୫୮ ଓ ହର୍ଲିନ ଦେଓଲ ୫୪ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ପରାଜୟ ସହ ଭାରତ ୩ ମ୍ୟାଚ୍‌ବିଶିଷ୍ଟ ସିରିଜରେ ୧-୦ରେ ପଛୁଆ ରହିଛି। ଦ୍ୱିତୀୟ ମ୍ୟାଚ୍ ବୁଧବାର ଖେଳାଯିବ।



### ମନ୍ଧାନାଙ୍କ ୧୫୦ତମ ମ୍ୟାଚ୍

୧- ମନ୍ଧାନାଙ୍କ ଏହା ୧୫୦ତମ ମ୍ୟାଚ୍ ଥିଲା। ମିତାଲି ରାଜ (୨୩୨ଟି) ଓ ଝୁଲଣ ଗୋସ୍ୱାମୀ (୨୦୪)ଙ୍କ ପରେ ୩ୟ ଭାରତୀୟ ଭାବେ ସେ ୧୫୦ ଦିନିକିଆ ମ୍ୟାଚ୍ ଖେଳିବା କ୍ଲବରେ ସାମିଲ ହୋଇଛନ୍ତି।

୨- ମନ୍ଧାନା ଓ ପ୍ରତିକା ଓପନିଂ ୱିକେଟ୍‌ରେ ୧୧୪ ରନ ସଂଗ୍ରହ କରିଥିଲେ। ଦିନିକିଆରେ ଏହି ଯୋଡ଼ି ୫ମଥର ଲାଗି ଶତକୀୟ ଭାଗୀଦାରି ଗଢ଼ିଛନ୍ତି। ଅଷ୍ଟ୍ରେଲିଆ ବିପକ୍ଷରେ ପ୍ରଥମ ୱିକେଟ୍‌ରେ ମଧ୍ୟ ଏହା ଭାରତର ସର୍ବାଧିକ ଭାଗୀଦାରି।

୩- ଦିନିକିଆ କ୍ରିକେଟ୍‌ରେ ୬ଷ୍ଠଥର ଲାଗି ଭାରତର ପ୍ରଥମ ୩ଜଣ ଖେଳାଳି ଅର୍ଦ୍ଧଶତକ ହାସଲ କରିଛନ୍ତି।

## ହଂକଂ ଓପନ୍‌ରେ ଭାରତକୁ ୨ ରୌପ୍ୟ

### ଫାଇନାଲ୍‌ରେ ନିରାଶ କଲେ ଲକ୍ଷ୍ୟ, ସାତ୍ତ୍ୱିକ-ଚିରାଗ





ନୂଆଦିଲ୍ଲୀ, ୧୪।୯ (ଏଜେନ୍ସି): ପାଞ୍ଚଲକ୍ଷ ଡଲାର ପୁରସ୍କାର ରାଶିବିଶିଷ୍ଟ ହଂକଂ ଓପନ୍ ବ୍ୟାଡ୍‌ମିଣ୍ଟନରେ ଭାରତ ଦୁଇଟି ରୌପ୍ୟ ପଦକ ବିଜୟୀ ହୋଇଛି। ପୁରୁଷ ସିଙ୍ଗଲ୍ସରେ ଲକ୍ଷ୍ୟ ସେନ୍ ଏବଂ ଡବଲ୍ସରେ ସାତ୍ତ୍ୱିକସାଇରାଜନ ରାନକିରେଡ୍ଡୀ ଓ ଚିରାଗ ସେଟ୍ଟୀ ଯୋଡ଼ି ଫାଇନାଲରେ ପରାସ୍ତ ହୋଇ ସ୍ୱର୍ଣ୍ଣିମ ସଫଳତା ପାଇବାରୁ ବଞ୍ଚିତ ହୋଇଛନ୍ତି। ଫାଇନାଲରେ ଲକ୍ଷ୍ୟ ୧୫-୨୧, ୧୨-୨୧ ସିଧାସଳଖ ଗେମରେ ଚୀନର ଲି ଶି ଫେଙ୍ଗଙ୍କ ନିକଟରୁ ହାରି ରନର୍ସଅପ୍ ହୋଇଥିଲେ। ଚଳିତ ବର୍ଷ ଲକ୍ଷ୍ୟଙ୍କ ଏହା ପ୍ରଥମ ଫାଇନାଲ ଥିଲା। ସେହିଭଳି ପୁରୁଷ ଡବଲ୍ସ ଫାଇନାଲରେ ସାତ୍ତ୍ୱିକ-ଚିରାଗ ଯୋଡ଼ି ୨୧-୧୯, ୧୪-୨୧, ୧୭-୨୧ରେ ଚୀନର ଲିଆଙ୍ଗ୍ ୱି କେଙ୍ଗ୍ ଓ ୱାଙ୍ଗ୍ ଚାଙ୍ଗ୍ ଯୋଡ଼ିଙ୍କଠାରୁ ହାରିଯାଇଥିଲେ। ଏଥିପୂର୍ବରୁ ସାତ୍ତ୍ୱିକ-ଚିରାଗ ଯୋଡ଼ି ନିକଟରେ ବିଶ୍ୱ ଚାମ୍ପିଅନସିପ୍‌ରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ।

## ଏସିଆ କପ୍ ମହିଳା ହକିରେ ଭାରତ ରନର୍ସଅପ୍

ହାଙ୍ଗଝୋଉ, ୧୪।୯ (ଏଜେନ୍ସି)



ମହିଳା ଏସିଆ କପ୍ ହକିର ଏକାଦଶ ସଂସ୍କରଣରେ ଆୟୋଜକ ଚୀନ ଚାମ୍ପିଅନ ହୋଇଛି। ରବିବାର ଖେଳାଯାଇଥିବା ଏକତରଫା ଫାଇନାଲରେ ଭାରତୀୟ ମହିଳା ଦଳ ୧-୪ ଗୋଲ୍‌ରେ ଚୀନ ନିକଟରୁ ହାରି ରୌପ୍ୟ ପଦକରେ ସନ୍ତୁଷ୍ଟ ରହିଛି। ଚାମ୍ପିଅନ ସହ ଚୀନ ଆସନ୍ତାବର୍ଷ ବେଲ୍‌ଜିୟମ ଓ ନେଦରଲାଣ୍ଡ୍‌ସରେ ମିଳିତ ଭାବେ ଖେଳାଯିବାକୁ ଥିବା ଏଫ୍‌ଆଇଏଚ୍ ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିଛି। ସପ୍ତମ ଦେଶ ଭାବେ ଚୀନ ଆଗାମୀ ମହିଳା ହକି ବିଶ୍ୱକପ୍ ଟିକଟ୍ ହାସଲ କରିଛି।

ରବିବାର ଖେଳାଯାଇଥିବା ଫାଇନାଲ ମ୍ୟାଚର ପ୍ରଥମ ମିନିଟ୍‌ରେ ହିଁ ଭାରତ ଗୋଲ୍ ଦେବାରେ ସଫଳ ହୋଇଥିଲା। ପେନାଲ୍ଟି କର୍ଣ୍ଣରକୁ ଗୋଲ୍‌ରେ ରୂପାନ୍ତରିତ କରି ନବନୀତ୍ କୌର ଭାରତକୁ ପ୍ରଥମ କ୍ୱାର୍ଟରରେ ୧-୦ରେ ଆଗୁଆ କରାଇଥିଲେ। ନିଜର ୨୦୦ତମ ମ୍ୟାଚରେ ଗୋଲ୍ ଦେଇ ନବନୀତ୍ ଏହାକୁ ଆହୁରି ସ୍ମରଣୀୟ କରିଥିଲେ। ଏହାପରେ କିନ୍ତୁ ଘରୋଇ ଚୀନ ଖେଳାଳିମାନେ ଦମ୍‌ଦାର ପ୍ରତ୍ୟାବର୍ତ୍ତନ କରିଥିଲେ। ଦ୍ୱିତୀୟ ଓ ତୃତୀୟ କ୍ୱାର୍ଟରରେ ଗୋଟିଏ ଲେଖାଏ ଏବଂ ନିର୍ଣ୍ଣାୟକ ୪ର୍ଥ କ୍ୱାର୍ଟରରେ ଦୁଇଟି ଗୋଲ୍ ଦେଇ ଚୀନ ମ୍ୟାଚକୁ ୪-୧ ଗୋଲ୍‌ରେ ଜିତି ଏସିଆ କପ୍ ଟ୍ରଫି ହାତେଇନେଇଥିଲା। ଉଲ୍ଲେଖଯୋଗ୍ୟ, ନିକଟରେ ବିହାରରେ ଶେଷ ହୋଇଥିବା ପୁରୁଷ ଏସିଆ କପ୍ ହକିରେ ଭାରତ ୪-୧ ଗୋଲ୍‌ରେ ଦକ୍ଷିଣ କୋରିଆକୁ ହରାଇ ଚାମ୍ପିଅନ ହୋଇଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS